


◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-140 ♦SUNDAY ♦16 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୪୦ ♦ରବିବାର ♦୧୬ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦ (ସିନ୍ଦୂରା ସହ)


ବିସ୍ଫୋରକ ଯାଞ୍ଚ ବେଳେ ବିସ୍ଫୋରଣ

# ଉଡ଼ିଗଲା ଥାନା; ୯ ମୃତ, ୩୨ ଆହତ

■ **ଶ୍ରୀନଗର, ୧୫।୧୧ (ଏଜେନ୍ସି):** ଜମ୍ମୁ-କଶ୍ମୀର ରାଜଧାନୀ ଶ୍ରୀନଗରର ଏକ ପୁଲିସ ଥାନାରେ ଭୟଙ୍କର ବିସ୍ଫୋରଣ ଯୋଗୁଁ ୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ଏବଂ ଅନ୍ୟ ୩୨ ଜଣ ଆହତ ହୋଇଛନ୍ତି। ଗତକାଲି ରାତିରେ ହୋଇଥିବା ଏହି ବିସ୍ଫୋରଣ ଏତେ ଶକ୍ତିଶାଳୀ ଥିଲା ଯେ ସଂପୃକ୍ତ ଥାନା ସଂପୂର୍ଣ୍ଣ ରୂପେ ଧ୍ୱଂସ ହୋଇଯାଇଥିବା ବେଳେ ଏହାର ଆଖପାଖ ଅଞ୍ଚଳରେ ଥିବା ଗାଡ଼ିଗୁଡ଼ିକରେ ନିଆଁ ଲାଗିଯାଇଛି। ଏହି ବିସ୍ଫୋରଣର ଶବ୍ଦ ୧୫ କିଲୋମିଟର ଦୂରରେ ମଧ୍ୟ ଶୁଣାଯାଇଥିଲା। ଫରିଦାବାଦରେ ସନ୍ଦିଗ୍ଧ ଆତଙ୍କବାଦୀଙ୍କ ଠାରୁ ଜବତ ହୋଇଥିବା ବିସ୍ଫୋରକ ସାମଗ୍ରୀର ଥାନା ଭିତରେ ଯାଞ୍ଚ ଚାଲିଥିବା ବେଳେ ଏହି ବିସ୍ଫୋରଣ ହୋଇଛି। ଏହାକୁ ଦୁର୍ଘଟଣା ବୋଲି କହିଛନ୍ତି ପୁଲିସ ଡିଜି। ଏହପଛରେ ଅନ୍ୟ କୌଣସି କାରଣ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି।

ମିଳିଥିବା ସୂଚନା ଅନୁଯାୟୀ ଦିଲ୍ଲୀ ସମେତ ବିଭିନ୍ନ ଅଞ୍ଚଳରେ ଆତଙ୍କବାଦୀ ଆକ୍ରମଣ ପାଇଁ

### ଫରିଦାବାଦ୍‌ରୁ ଜବତ ବିସ୍ଫୋରକର ନମୁନା ସଂଗ୍ରହ ବେଳେ ଅଘଟଣ

ଯୋଜନା କରୁଥିବା ବେଳେ ୪ ଜଣ ଡାକ୍ତର ଧରାପଡ଼ିଥିଲେ। ସେମାନଙ୍କ ମଧ୍ୟରୁ ହରିଆଣାର ଫରିଦାବାଦରେ ଜଣେ ଡାକ୍ତରଙ୍କ ଭଡ଼ା ଘରୁ ବିପୁଳ ପରିମାଣର ବିସ୍ଫୋରକ ଜବତ ହୋଇଥିଲା। ଏହାକୁ ଶ୍ରୀନଗରର ନାଓଗାମ୍ ଥାନାକୁ ଆଣି ଗୋଦାମ ଘରେ



ରଖାଯାଇଥିଲା। ପୁଲିସ ସହିତ ଫରେନସିକ୍ ଟିମ୍ ଗତକାଲି ରାତିରେ ଥାନାରେ ପହଞ୍ଚି ବିସ୍ଫୋରକର ଯାଞ୍ଚ କରିବା ସହିତ ନମୁନା ସଂଗ୍ରହ କରୁଥିଲେ। ଏହି ସମୟରେ ଭୀଷଣ ବିସ୍ଫୋରଣ ହୋଇଥିଲା। ଏଥିରେ ଯେଉଁ ୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ସେମାନଙ୍କ ମଧ୍ୟରେ ଅଛନ୍ତି ଜଣେ ପୁଲିସ ଇନିସପେକ୍ଟର, ୩ ଜଣ ଫରେନସିକ୍ ଟିମ୍ ସଦସ୍ୟ, ୨ କ୍ରାଇମ୍ ବ୍ରାଞ୍ଚ୍ ଫଟୋଗ୍ରାଫର, ଜଣେ ତହସିଲଦାର ଓ ଦୁଇଜଣ ରାଜସ୍ୱ ଅଧିକାରୀ। ଆହତଙ୍କ ମଧ୍ୟରେ ଅଧିକାଂଶ ପୁଲିସ କର୍ମଚାରୀ ରହିଛନ୍ତି। ଆହତଙ୍କୁ ୯୨-ଆର୍ମି ବେସ୍ ଓ ଏସ୍‌କେଆଇଏମ୍ଏସ୍ ହସ୍ପିଟାଲରେ ଚିକିତ୍ସା ପାଇଁ ଭର୍ତ୍ତି କରାଯାଇଛି। ତେବେ ଏହି ବିସ୍ଫୋରଣରେ ଆଉ ଜଣେ ବ୍ୟକ୍ତିର ମଧ୍ୟ ମୃତ୍ୟୁ ▶ପୃଷ୍ଠା-୭

କିଏ ହେବ ବିହାର ମୁଖ୍ୟମନ୍ତ୍ରୀ

# ନୀତୀଶଙ୍କୁ ନେଇ ସସ୍‌ପେନ୍ସ ଜାରି

■ **ପାଟନା, ୧୫।୧୧ (ଏଜେନ୍ସି):** ବିହାର ବିଧାନସଭା ନିର୍ବାଚନରେ ଏନ୍‌ଡିଏର ଐତିହାସିକ ସଫଳତା ପରେ ବିଚିତ୍ର ପରିସ୍ଥିତି ସୃଷ୍ଟି ହୋଇଛି। ଫଳାଫଳ ଘୋଷଣାକୁ ୩୬ ଘଣ୍ଟା ବିତିଯାଇଥିଲେ ମଧ୍ୟ କିଏ ହେବ ମୁଖ୍ୟମନ୍ତ୍ରୀ, ତାହା ଏପର୍ଯ୍ୟନ୍ତ ସ୍ପଷ୍ଟ ହୋଇପାରି ନାହିଁ। ନୀତୀଶ କୁମାରଙ୍କ ନେତୃତ୍ୱରେ ଏନଡିଏ ନିର୍ବାଚନ ଲଢ଼ିଥିବାରୁ ସେ ହିଁ ମୁଖ୍ୟମନ୍ତ୍ରୀ ହେବା ଉଚିତ ବୋଲି ତାଙ୍କର ଜେଡିୟୁ ଯୁକ୍ତି କରିଥିବା ବେଳେ ସହଯୋଗୀ ବିଜେପିର ଅସମ୍ଭବ ନିରବତା ରାଜ୍ୟ ରାଜନୀତିରେ ଅନିଶ୍ଚିତତା ସୃଷ୍ଟି କରିଛି। ଜେଡିୟୁ ଅପେକ୍ଷା ବିଜେପି ଅଧିକ ଆସନ ପାଇଥିବାରୁ ଏହାର ନେତା ମୁଖ୍ୟମନ୍ତ୍ରୀ ହୁଅନ୍ତୁ ବୋଲି ଦଳ ଭିତରେ ଦାବି ଉଠୁଥିବାରୁ ବିଜେପି ହାଇକମାଣ୍ଡ ତୁରନ୍ତ କିଛି ଘୋଷଣା କରିବାକୁ ଉଚିତ ମନେ କରୁ ନାହାନ୍ତି।

**ବିଜେପି ନିରବ, ଜେଡିୟୁରେ ହଲ୍‌ଚଲ୍**

ଏନ୍‌ଡିଏର ଅନ୍ୟତମ ଅଂଶୀଦାର ଏଲ୍‌ଜେପି ନେତା ତଥା କେନ୍ଦ୍ର ମନ୍ତ୍ରୀ ଚିରାଗ ପାଶ୍ୱାନ ଆଜି ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କୁ ଭେଟିବା ପରେ କହିଛନ୍ତି ଯେ ନୀତୀଶ ହିଁ ମୁଖ୍ୟମନ୍ତ୍ରୀ ହୁଅନ୍ତୁ। ନୀତୀଶଙ୍କ ସହିତ ତାଙ୍କର କୌଣସି ମତଭେଦ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି। ଅନ୍ୟପଟେ ନୀତୀଶଙ୍କ ଜେଡିୟୁର ନେତାମାନେ ଗତକାଲି ଫଳାଫଳ ଘୋଷଣା ▶ପୃଷ୍ଠା-୭

# ଆଳୁ କେଜି ଲକ୍ଷେ



■ **ପ୍ୟାରିସ, ୧୫।୧୧ (ଏଜେନ୍ସି):** ଭାରତରେ ଆଳୁକୁ ପରିବା ମଧ୍ୟରେ ରାଜା କୁହାଯାଇଥାଏ। ପ୍ରାୟତଃ ସବୁ ବ୍ୟଞ୍ଜନରେ ଆଳୁ ବ୍ୟବହାର ହୋଇଥାଏ। ଆଉ ଏହି ପରିବା ଶସ୍ତାରେ ମଧ୍ୟ ଉପଲବ୍ଧ ହୋଇଥାଏ। କିନ୍ତୁ ବିଶ୍ୱରେ ଏଭଳି ଅନେକ ଦେଶ ରହିଛି, ଯେଉଁଠି ଆଳୁ ମୂଲ୍ୟ ଆକାଶଛୁଆଁ ରହିଛି। କୋରିଆରେ ଆଳୁ କେଜି ୪.୨୮ ଡଲାର ଅର୍ଥାତ ୩୮୦ ଟଙ୍କା ଥିବାବେଳେ ଫ୍ରାନ୍ସରେ ଏହାର ମୂଲ୍ୟ କଳନାଠାରୁ ବାହାରେ ରହିଛି। ଏହା ବିଶ୍ୱର ସବୁଠୁ ମହଙ୍ଗା ଆଳୁ ଭାବେ ମଧ୍ୟ ପ୍ରସିଦ୍ଧି ଅର୍ଜନ କରିଛି। 'ଲେ ବୋନୋଟେ' କିସମର ଏହି ଆଳୁର ମୂଲ୍ୟ କେଜି ପିଛା ଲକ୍ଷେ ଟଙ୍କା ରହିଛି। ଏତେ ମହଙ୍ଗା ହେବା ସତ୍ତ୍ୱେ ଲୋକେ ଧାଡ଼ିରେ ଆସି ଏହି ଆଳୁ କିଣି ନେଉଛନ୍ତି। ତେବେ ଏହି ଆଳୁର ଉତ୍ପାଦନ ବହୁତ କମ୍ ରହିଛି। ସେଥିପାଇଁ ଏହା ମହଙ୍ଗା ହେବାରେ ଲାଗିଛି। ▶ପୃଷ୍ଠା-୭

# ଜାଡ଼ରେ ଥରୁଛି ସାରା ଓଡ଼ିଶା

### ୧୨ ଡିଗ୍ରୀ ତଳେ ରାଜ୍ୟର ୧୦ ସହର

■ **ଭୁବନେଶ୍ୱର, ୧୫।୧୧ (ସମିସ):** ସାରା ରାଜ୍ୟରେ ଜାରି ରହିଛି ଶୀତର ଲହରୀ। ଶୁକ୍ରବାର ରାଜ୍ୟର ୧୦ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରେକର୍ଡ ହୋଇଛି। ସେମିଳିଗୁଡ଼ାରେ



ରାଜ୍ୟର ସର୍ବନିମ୍ନ ତାପମାତ୍ରା ୬.୫ଡିଗ୍ରୀ ରେକର୍ଡ ହୋଇଥିବା ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି।

ପାଣିପାଗ କେନ୍ଦ୍ର ଅନୁଯାୟୀ, ଶୁକ୍ରବାର ରାତିରେ ଦାରିଙ୍ଗିବାଡ଼ି ଓ ଜି. ଉଦୟଗିରିରେ ତାପମାତ୍ରା ୮ ଡିଗ୍ରୀ ରେକର୍ଡ କରାଯାଇଥିବା ବେଳେ ଫୁଲବାଣୀରେ ତାପମାତ୍ରା ୯.୫ ଡିଗ୍ରୀ ରହିଥିଲା। ସେହିପରି ରାଉରକେଲାରେ ୧୦.୨ ଡିଗ୍ରୀ, ଝାରସୁଗୁଡ଼ାରେ ୧୦.୩ ଡିଗ୍ରୀ, ଅନୁଗୋଳରେ ୧୦.୬ ଡିଗ୍ରୀ, ଚିପିଲିମାରେ ୧୦.୮ ଡିଗ୍ରୀ, କିରେଇ ଓ କୋରାପୁଟରେ ୧୧.୩ ଡିଗ୍ରୀ, ଭବାନୀପାଟଣାରେ ୧୧.୫ ଡିଗ୍ରୀ ଏବଂ କେନ୍ଦୁଝରରେ

### ଶିମିଳିପାଳ କୋର୍ ଅଞ୍ଚଳରେ ୩ ଡିଗ୍ରୀ ତଳେ ପାରଦ

୧୧.୬ ଡିଗ୍ରୀ ତାପମାତ୍ରା ରେକର୍ଡ କରାଯାଇଛି। ଉପକୂଳ ଓଡ଼ିଶାର ଅନେକ ସ୍ଥାନରେ ରାତି ତାପମାତ୍ରା ସ୍ୱାଭାବିକଠାରୁ ୩ରୁ ୪ ଡିଗ୍ରୀ ଯାଏଁ କମ୍ ଥିବା ବେଳେ ଆଭ୍ୟନ୍ତରୀଣ ଓଡ଼ିଶାରେ କିଛି ସ୍ଥାନରେ ତାପମାତ୍ରା ସ୍ୱାଭାବିକଠାରୁ ୩ରୁ ୬ ଡିଗ୍ରୀ ଯାଏଁ କମ ରହିଥିବା ଜଣାପଡ଼ିଛି। ସେହିପରି ଭୁବନେଶ୍ୱରର ତାପମାତ୍ରା ୧୪.୮ ଡିଗ୍ରୀ ଥିବାବେଳେ କଟକର ରାତି ତାପମାତ୍ରା ୧୪.୪ ▶ପୃଷ୍ଠା-୭


ଘାତକ ସାଜିଲା ଇଡେନ୍ ପିଚ୍

# ଦୁଇ ଦିନରେ ୨୬ ୱିକେଟ୍

■ **କୋଲକାତା, ୧୫।୧୧ (ଏଜେନ୍ସି):** ପ୍ରାୟ ୯୦ ବର୍ଷର ଟେଷ୍ଟ କ୍ରିକେଟ ଇତିହାସରେ କୋଲକାତାର ଇଡେନ୍ ଗାର୍ଡେନ୍ସ ପିଚ୍ ବ୍ୟାଟ୍‌ସମ୍ୟାନ୍‌ଙ୍କ ପାଇଁ ଘାତକ ସାବ୍ୟସ୍ତ ହୋଇଛି। ଭାରତୀୟ କ୍ରିକେଟର ମକ୍କା କୁହାଯାଉଥିବା ଇଡେନ୍ କୌଣସି ଏକ ଟେଷ୍ଟରେ ଦୁଇ ଦିନରେ ୨୬ ଉଇକେଟ୍ ହରାଇ ନୂଆ ଇତିହାସ ଲେଖିଛି।



ପ୍ରାୟତଃ ବ୍ୟାଟ୍‌ସମ୍ୟାନ୍‌ଙ୍କୁ ସୁହାଉଥିବା ଏହି ପିଚ୍‌ରେ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ଓ ଭାରତ ମଧ୍ୟରେ ଖେଳାଯାଉଥିବା ପ୍ରଥମ ଟେଷ୍ଟରେ ବୋଲର୍‌ଙ୍କ ରାଜୁତି ଜାରି ରହିଛି। ଗତକାଲି ମ୍ୟାଚ୍‌ର ପ୍ରଥମ ଦିନରେ ଭାରତୀୟ ଦଳର ଯଶପ୍ରୀତ୍ ବୁମ୍‌ରାଙ୍କ ସମେତ ପେସ୍ ବୋଲର୍‌ମାନେ ଘାତକ ସାଜିଥିଲେ। ପ୍ରଥମ ଦିନରେ ଦୁଇ ଦଳର ୧୧ଟି ଉଇକେଟ୍ ଯାଇଥିବା ବେଳେ ଆଜି ଦ୍ୱିତୀୟ ଦିନରେ ଇଡେନ୍ ପିଚ୍‌ର ଆଶ୍ଚର୍ଯ୍ୟଜନକ ସ୍ୱଭାବ ପରିବର୍ତ୍ତନ ଦେଖିବାକୁ ମିଳିଥିଲା। ଆଜିର ପିଚ୍ ଅଚାନକ ସ୍ପିନର୍‌ମାନଙ୍କୁ ସୁହାଇଥିଲା। ଦ୍ୱିତୀୟ ଦିନରେ ଆଉଟ୍ ହୋଇଥିବା ୧୫ଜଣ ବ୍ୟାଟର୍‌ଙ୍କ ▶ପୃଷ୍ଠା-୭



# ଲାଲୁଙ୍କ ପରିବାରକୁ ନିର୍ବାଚନ ଝଟ୍‌କା

## ଝିଅ ରୋହିଣୀ ଛାଡ଼ିଲେ ରାଜନୀତି, ପରିବାର ସହ ସମ୍ପର୍କ ବି ତୁଟାଇଲେ

ପାଟନା, ୧୫ ।୧୧(ଏଜେନ୍ସି): ବିହାର ନିର୍ବାଚନରେ ଆରଜେଡିର ଶୋଚନୀୟ ପରାଜୟ ପରେ ସୁପ୍ରିମୋ ଲାଲୁ ପ୍ରସାଦ ଯାଦବଙ୍କ ପରିବାରକୁ ଲାଗିଛି ବଡ଼ ଧରଣର ଝଟକା । ପରାଜୟକୁ ନେଇ ଲାଲୁ ପରିବାର ଚିନ୍ତାରେ ବୁଡ଼ି ରହିଥିବା ବେଳେ ଝିଅ ରୋହିଣୀ ଆଚାର୍ଯ୍ୟ ଆଜି ହଠାତ୍ ଆଉ ଏକ ଝଟକା ଦେଇଛନ୍ତି । ପିତା ଲାଲୁଙ୍କୁ କିଡନୀ ଦାନ କରି ଚର୍ଚ୍ଚାରେ ଥିବା ରୋହିଣୀ ଆଜି ରାଜନୀତିରୁ ସନ୍ୟାସ ଘୋଷଣା କରିବା ସହିତ ପରିବାର ସହିତ ସଂପର୍କ ତୁଟାଇବାକୁ ମଧ୍ୟ ଘୋଷଣା କରିଛନ୍ତି । ତାଙ୍କର ଏଭଳି ନିଷ୍ପତ୍ତି କେବଳ ଲାଲୁ ପରିବାର ନୁହେଁ, ରାଷ୍ଟ୍ରୀୟ ଜନତା ଦଳ ବା ଆରଜେଡିରେ ମଧ୍ୟ କମ୍ପନ ସୃଷ୍ଟି କରିଛି । ସେ ଅଚାନକ ଏଭଳି ନିଷ୍ପତ୍ତି କାହିଁକି ନେଲେ, ତାହା ଜଣାପଡ଼ି ନାହିଁ । ତେବେ ସଂଜୟ ଯାଦବ ଏବଂ ରମିଜଙ୍କ ପରାମର୍ଶ କ୍ରମେ ସେ ଏହି ନିଷ୍ପତ୍ତି ନେଇଥିବା ସୂଚାଇଛନ୍ତି । ସୋସିଆଲ ମିଡିଆ 'ଏକ୍ସ'ରେ ଏହି ଘୋଷଣା କରିଛନ୍ତି ରୋହିଣୀ । ସଞ୍ଜୟ ଯାଦବ ଓ ରମିଜଙ୍କ ପରାମର୍ଶ କ୍ରମେ ଏହି ନିଷ୍ପତ୍ତି ନେଇଛି ବୋଲି ସେ କହିଛନ୍ତି । ସବୁ ଦୋଷ ନିଜ ମୁଣ୍ଡ ଉପରକୁ ନେଉଛି ବୋଲି ମଧ୍ୟ ସେ ଉଲ୍ଲେଖ କରିଛନ୍ତି । ତେବେ ସେ କେଉଁ ଦୋଷ କଥା କହିଛନ୍ତି, ତାହା ସ୍ପଷ୍ଟ କରି ନାହାନ୍ତି । ପରିବାରରେ ଚାଲିଥିବା ଅଶାନ୍ତି ନା ନିର୍ବାଚନରେ ଦଳର ପରାଜୟ? ନିର୍ବାଚନ ପୂର୍ବରୁ ଲାଲୁ ତାଙ୍କ ବଡ଼ ପୁଅ ତେଜ ପ୍ରତାପଙ୍କୁ ପରବିାରରୁ ବାହାର କରିଦେଇଥିଲେ । ପରିବାରର ଏହି ନିଷ୍ପତ୍ତିକୁ ନେଇ ରୋହିଣୀ ଅସନ୍ତୁଷ୍ଟ ଥିଲେ । ତେଜ ପ୍ରତାପ ଗତ ନିର୍ବାଚନରେ ପିତାଙ୍କ ପ୍ରାର୍ଥୀ ବିରୋଧରେ ପ୍ରାର୍ଥୀ ଦେଇଥିଲେ ।

ତେବେ ରୋହିଣୀ ତାଙ୍କର ନୋଟ୍‌ରେ ଯେଉଁ ସଞ୍ଜୟ ଓ ରମିଜଙ୍କ କଥା କହିଛନ୍ତି, ସେମାନେ କିଏ? ଏହାକୁ ନେଇ ଆଲୋଚନା ଆରମ୍ଭ ହୋଇଯାଇଛି । ସଞ୍ଜୟ ଆରଜେଡିର ରାଜ୍ୟସଭା ସାଂସଦ ଅଛନ୍ତି । ସେ ହେଉଛନ୍ତି ତେଜସ୍ୱୀଙ୍କ ରାଜନୈତିକ ପରାମର୍ଶଦାତା । ସେହିପରି ଉତ୍ତର ପ୍ରଦେଶର ବଳରାମପୁରରେ ରହୁଥିବା ରମିଜ ମଧ୍ୟ ତେଜସ୍ୱୀଙ୍କ ପୁରୁଣା ଓ ଘନିଷ୍ଠ ବନ୍ଧୁ ବୋଲି କହାଯାଉଛି । ସେ ହେଉଛନ୍ତି ଜେଲ୍‌ରେ ଥିବା ପୂର୍ବ ସାଂସଦ ରିଜୱାନ ଜାହିରଙ୍କ ଜ୍ୱାଇଁ । ସେ ଆରଜେଡିର ସୋସିଆଲ ମିଡିଆ ଓ ନିର୍ବାଚନ କାର୍ଯ୍ୟକ୍ରମ ଦାୟିତ୍ୱରେ ରହିଛନ୍ତି । ରମିଜଙ୍କ ପତ୍ନୀ ମଧ୍ୟ ନିର୍ବାଚନ ଲଢ଼ିଛନ୍ତି । ଉଲ୍ଲେଖଥାଉ କି ଗତ ମେ ୨୫ରେ ଲାଲୁ ତାଙ୍କର ବଡ଼ ପୁଅ ତେଜପ୍ରତାପ ଯାଦବଙ୍କୁ ପାର୍ଟି ଓ ପରିବାରରୁ ବହିଷ୍କାର କରିଥିଲେ । ଏଥିପାଇଁ ତେଜପ୍ରତାପ ସଞ୍ଜୟଙ୍କୁ ଦାୟୀ କରିଥିଲେ । ନିର୍ବାଚନରେ ତେଜପ୍ରତାପ ପରାସ୍ତ ହୋଇଥିବା ବେଳେ ତେଜସ୍ୱୀ ଯାଦବ ବିଜୟୀ ହୋଇଛନ୍ତି ।

## ନିଲମ୍ବନ ପରେ ବିଜେପି ଛାଡ଼ିଲେ ଆରକେ ସିଂହ

ପାଟଣା, ୧୫ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପରେ ବିଜେପି ପୂର୍ବତନ କେନ୍ଦ୍ରମନ୍ତ୍ରୀ ରାଜକୁମାର (ଆରକେ) ସିଂଙ୍କୁ ୬ ବର୍ଷ ପାଇଁ ଦଳରୁ ନିଲମ୍ବିତ କରିଛି । ଦଳ ବିରୋଧୀ କାର୍ଯ୍ୟକଳାପ ପାଇଁ ତାଙ୍କୁ ସସପେଣ୍ଡ କରାଯାଇଥିବା ଦଳ ପକ୍ଷରୁ କୁହାଯାଇଛି । ଏ ସଂପର୍କରେ ତାଙ୍କୁ ନୋଟିସ ଦିଆଯାଇଛି ଏବଂ



୭ ଦିନ ମଧ୍ୟରେ ଜବାବ ଦେବାକୁ ନିର୍ଦ୍ଦେଶ ଦିଆଯାଇଛି । ଏହି ନୋଟିସ ପାଇବା ପରେ ଶ୍ରୀ ସିଂହ ବିଜେପିରୁ ଇସ୍ତଫା ଦେଇଛନ୍ତି । ନିର୍ବାଚନ ପୂର୍ବରୁ ସେ ଏନ୍‌ଡିଏ ପ୍ରାର୍ଥୀଙ୍କୁ ନେଇ ବିଭିନ୍ନ ପ୍ରଶ୍ନ ଉଠାଇଥିଲେ । ବିହାରରେ ୬୦ ହଜାର କୋଟି ଟଙ୍କାର ବିଜୁଳୀ ଦୁର୍ନୀତିରେ ନୀତୀଶ କୁମାର ସରକାର ବିରୋଧରେ ସେ ଗୁରୁତର ଅଭିଯୋଗ ଆଣିଥିଲେ । ସେ ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ, ଜେଡିୟୁ ପ୍ରାର୍ଥୀ ଆନନ୍ଦ ସିଂ, ଆରଜେଡିର ସୂରଜଭାନ ସିଂଙ୍କୁ ହତ୍ୟା ଅଭିଯୁକ୍ତ ବୋଲି କହିଥିଲେ । ଆରକେ ସିଂ ୧୯୭୫ ବ୍ୟାଚ୍‌ର ବିହାର କ୍ୟାଡରର ଆଇପିଏସ୍ ଅଧିକାରୀ ଥିଲେ ।

## ଅର୍ଦ୍ଧାଧିକଙ୍କ ବିରୋଧରେ ଆପରାଧିକ ମାମଲା

ପାଟନା, ୧୫ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନର ଫଳାଫଳ ବାହାରିବା ପରେ ନୂଆ ତଥ୍ୟ ସାମ୍ନାକୁ ଆସିଛି । ଅର୍ଦ୍ଧାଧିକ ଅର୍ଥାତ ୫୩ ପ୍ରତିଶତ ନବ- ନିର୍ବାଚିତ ବିଧାୟକଙ୍କ ବିରୋଧରେ ଆପରାଧିକ ମାମଲା ରହିଛି ବୋଲି ଆସୋସିଏସନ ଫର ଡେମୋକ୍ରାଟିକ ରିଫର୍ମ୍ସ (ଏଡିଆର) ଦ୍ୱାରା ପ୍ରକାଶିତ ନୂଆ ରିପୋର୍ଟରେ ଉଲ୍ଲେଖ କରାଯାଇଛି । ନିର୍ବାଚିତ ୨୪୩ ବିଧାୟକଙ୍କ ମଧ୍ୟରୁ ୧୩୦ ଜଣଙ୍କ ଆପରାଧିକ ମାମଲା ଥିବା କଥା ନିଜ ସତ୍ୟପାଠରେ ଉଲ୍ଲେଖ କରିଛନ୍ତି । ତେବେ ଏହି ସଂଖ୍ୟ ଗତ ନିର୍ବାଚନ ତୁଳନାରେ ଅପେକ୍ଷାକୃତ କମ୍ ବୋଲି କୁହାଯାଇଛି । ଗତ ୨୦୨୦ ନିର୍ବାଚନରେ ୨୪୧ ଜଣ ବିଧାୟକଙ୍କ ମଧ୍ୟରୁ ୧୬୩ ଜଣ ଅର୍ଥାତ ୬୮ ପ୍ରତିଶତ ସଦସ୍ୟଙ୍କ ବିରୋଧରେ ଆପରାଧିକ ମାମଲା ଥିଲା । ଏଥର ୧୦୨ ଅର୍ଥାତ ୪୨ ପ୍ରତିଶତ ବିଧାୟକଙ୍କ ବିରୋଧରେ ଗୁରୁତରମାମଲା ରହିଛି ।୨୦୨୦ରେ ଏହା ୫୧ ପ୍ରତିଶତ ଥିଲା ।ଏଥର ବିଜେପିର ୮୯ ବିଧାୟକଙ୍କ ମଧ୍ୟରୁ ୪୩ ଜଣ (୪୮%), ଜେଡିୟୁର ୮୫ରୁ ୨୩ ଜଣ (୨୭%), ଆରଜେଡିର ୨୫ରୁ ୧୪ ଜଣ (୫୬%), ଏଲ୍‌ଜେପିର ୧୯ରୁ ୧୦ ଜଣ (୫୩%), କଂଗ୍ରେସର ୬ରୁ ୩ ଜଣ (୫୦%), ଏଆଇଏମ୍‌ଆଇଏମ୍‌ର ୫ରୁ ୪ ଜଣ (୮୦%)ଙ୍କ ବିରୋଧରେ ଆପରାଧିକ ମାମଲା ରହିଛି ।

## ବିହାର ନିର୍ବାଚନ

# କାରଣ ଖୋଜୁଛନ୍ତି ବିରୋଧୀ ଦଳ

ନୂଆଦିଲ୍ଲୀ, ୧୫ ।୧୧(ଏଜେନ୍ସି): ବିହାର ନିର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏର ବିପୁଳ ବିଜୟ ନେଇ ରାଷ୍ଟ୍ରବାଦୀ କଂଗ୍ରେସ ପାର୍ଟି (ଏନ୍‌ସିପି) ସୁପ୍ରିମୋ ଶରଦ ପାୱାର ପ୍ରଶ୍ନ ଉଠାଇଛନ୍ତି । ନିର୍ବାଚନର କିଛିଦିନ ପୂର୍ବରୁ ବିହାରରେ ମହିଳାମାନଙ୍କ ବ୍ୟାଙ୍କ ଖାତାକୁ ୧୦-୧୦ ହଜାର ଲେଖାଏ ପଠାଯାଇଥିଲା । ଏହିକାରଣରୁ ଏନ୍‌ଡିଏ ବିପୁଳ ବିଜୟ ହାସଲ କରିଛି ବୋଲି ସେ କହିଛନ୍ତି । ନିର୍ବାଚନ ପୂର୍ବରୁ ଏହି ଟଙ୍କା ଖାତାକୁ ପଠାଯିବା ପ୍ରକ୍ରିୟା ଏକ ପ୍ରକାର ଦୁର୍ନୀତି । ରାଜ୍ୟ ସରକାର ଖୋଲାଖୋଲି ଭାବେ ଏହି କାର୍ଯ୍ୟ କରିବା ନିନ୍ଦନୀୟ ଓ ଚିନ୍ତାଜନକ ବୋଲି ସେ କହିଛନ୍ତି । ମହାରାଷ୍ଟ୍ର ନିର୍ବାଚନ ପୂର୍ବରୁ ମଧ୍ୟ ବିଜେପି ନେତୃତ୍ୱାଧୀନ ସରକାର ଏପରି କରିଥିଲା । 'ଲଡକି ବହନ ଯୋଜନା' ମାଧ୍ୟମରେ ମହିଳା ଓ ବାଳିକାମାନଙ୍କୁ ଟଙ୍କା ପ୍ରଦାନ କରାଯାଇଥିଲା । ସେହିପରି ନିର୍ବାଚନରେ ଅନିୟମିତତା ତଥା ଅସଙ୍ଗତି ହୋଇଥିବା କଥା କଂଗ୍ରେସ ନେତା ଅଜୟ ମାକେନ କହିଛନ୍ତି । ମହାମେଣ୍ଟର ନେତା ମାନେ ନିର୍ବାଚନ ଫଳକୁ ଅପ୍ରତ୍ୟାଶିତ ଓ ଏହାର ଯାଞ୍ଚ ହେବା ଉଚିତ ବୋଲି ମାକେନ କହିଛନ୍ତି । ଅନ୍ୟପଟେ ପ୍ରଶାନ୍ତ କିଶୋରଙ୍କ ଜନ ସୂରାଜ ପାର୍ଟି ମଧ୍ୟ ନିର୍ବାଚନ ଫଳାଫଳ ନେଇ ପ୍ରତିକ୍ରିୟା ଦେଇଛି । ପାର୍ଟିର ରାଜ୍ୟମୁଖ୍ୟ ମନୋଜ ଭାରତୀ କହିଛନ୍ତି ଯେ, ନିର୍ବାଚନରେ ବ୍ୟାପକ ଅନିୟମିତତା ହୋଇଛି । ଫଳାଫଳ ଆମ କଳ୍ପନା ବାହାରେ ଥିଲା । ମହିଳାଙ୍କ ଏକାଉଣ୍ଟକୁ ୧୦-୧୦ ହଜାର ଟଙ୍କା ପଠାଯିବା ଫଳାଫଳକୁ ପ୍ରଭାବିତ କରିଥିଲା ବୋଲି ସେ କହିଛନ୍ତି । ତେବେ ଏହି ସବୁ ଅଭିଯୋଗକୁ ବିଜେପି ପ୍ରତ୍ୟାଖାନ କରିଛି । ପରାଜୟ ପରେ



■ ଖାତାକୁ ୧୦-୧୦ ହଜାର ଟଙ୍କା ଟ୍ରାନ୍ସଫର ଜିତାଇଲା: ଶରଦ

■ ଜାଲିଆତି ହୋଇଛି; ୨ ସପ୍ତାହରେ ପ୍ରମାଣ ଦେବୁ: କଂଗ୍ରେସ

ଏହାକୁ ସ୍ୱୀକାର କରିବା ଆବଶ୍ୟକ । ନିଜ ତ୍ରୁଟି ଓ ଦୋଷ ସ୍ୱୀକାର କରାଯିବା ଉଚିତ । କିନ୍ତୁ ବିରୋଧୀ ଏପରି ନ କରି ଅଯଥା ଆକ୍ଷେପ କରୁଛନ୍ତି ବୋଲି ମହାରାଷ୍ଟ୍ର ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭିସ ପାୱାରଙ୍କୁ ଜବାବ୍ ଦେଇ କହିଛନ୍ତି ।

ବିହାର ନିର୍ବାଚନରେ ପରାଜୟକୁ କଂଗ୍ରେସ ସହଜରେ ଗ୍ରହଣ କରିପାରୁନାହିଁ । ଏବେ ଦଳ ପରାଜୟର କାରଣ ଜାଣିବା ପାଇଁ ମାନସମନ୍ଥନ ଆରମ୍ଭ କରିଦେଇଛି । ଏହି କ୍ରମରେ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ଼୍‌ଗେଙ୍କ ଦିଲ୍ଲୀ ସ୍ଥିତ ବାସଭବନରେ ଦଳର ପ୍ରଥମ ସମୀକ୍ଷା ବୈଠକ ବସିଛି । ଏଥିରେ ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ, କେସି ବେଣୁଗୋପାଳ ଏବଂ ଅଜୟ ମାକନ ପ୍ରମୁଖ ଉପସ୍ଥିତ ରହିଥିଲେ । ।କଂଗ୍ରେସ ନେତା ବେଣୁଗୋପାଳ କହିଲେ ଯେ ଦଳ ଏହି ଜାଲିଆତିର ପ୍ରମାଣ ସଂଗ୍ରହ କରୁଛି । ୨ ସପ୍ତାହ ମଧ୍ୟରେ ଦେଶ ସାମ୍ନାରେ ଏହାର ରଖାଯିବ । ବିହାର ନିର୍ବାଚନ ଫଳାଫଳ କେବଳ କଂଗ୍ରେସ ନୁହେଁ, ବରଂ ଜନତା ଏବଂ ମେଣ୍ଟ ସହଯୋଗୀଙ୍କୁ ମଧ୍ୟ ତାଜୁବ କରିଦେଇଛି । ଲୋକେ ଏହା ଉପରେ ଭରସା କରିପାରୁନାହାନ୍ତି । ଆମେ ସବୁ ତଥ୍ୟ ସଂଗ୍ରହ କରୁଛୁ । ଗମ୍ଭୀରତାର ସହ ଏହାକ ବିଶ୍ଳେଷଣ କରାଯିବ । ସପ୍ତାହେରୁ ଦୁଇ ସପ୍ତାହେ ଭିତରେ ଠୋସ୍ ପ୍ରମାଣ ସଂଗ୍ରହ କରି ସର୍ବସମ୍ମୁଖକୁ ଅଣାଯିବ । ସେହିପରି କଂଗ୍ରେସ ଅଧ୍ୟକ୍ଷଙ୍କୁ ଭେଟିବା ପରେ ଦଳର ବରିଷ୍ଠ ନେତାମାନେ ବିହାର ନିର୍ବାଚନ ଫଳାଫଳ ଉପରେ ଗମ୍ଭୀର ପ୍ରଶ୍ନ ଉଠାଇଛନ୍ତି । ଅଜୟ ମାକନ କହିଛନ୍ତି ଯେ ପ୍ରାରମ୍ଭରୁ ନିର୍ବାଚନ ପ୍ରକ୍ରିୟା ଉପରେ ପ୍ରଶ୍ନ ଉଠୁଛି । ଏଭଳି ଫଳାଫଳ ଚକିତ କରିଦେଇଛି । ୧୯୮୪ରେ ବି କଂଗ୍ରେସକୁ ଏଭଳି ଷ୍ଟ୍ରାଇକ ରେଟ୍ ମିଳି ନ ଥିଲା । ବିଜେପିକୁ ଯେଉଁ ଭଳି ଆସନ ମିଳିଛି ତାହା ସନ୍ଦେହ ସୃଷ୍ଟି କରୁଛି । କିଛି ତ ଜାଲିଆତି ହୋଇଛି । ଅନେକ ସ୍ଥାନରେ ଜାଲିଆତି ହୋଇଥିବା କଂଗ୍ରେସ କର୍ମୀ କହିଛନ୍ତି । ମହାମେଣ୍ଟର ସବୁ ଦଳ ଫଳାଫଳକୁ ଅପ୍ରତ୍ୟାଶିତ କହିଛନ୍ତି ।

# ଖେଳ ବିଗାଡ଼ିଲା କିଏ? ବିହାର ରାଜନୀତିରେ ତନାଘନା

ପାଟନା, ୧୫।୧୧ (ଏଜେନ୍ସି): ବିହାର ନିର୍ବାଚନ ଫଳାଫଳ ମହାମେଣ୍ଟ ପାଇଁ ବଡ଼ ଝଟ୍‌କା ହୋଇଥିବାବେଳେ କ୍ଷମତାସୀନ ଏନ୍‌ଡିଏ ପାଇଁ ଡବଲ୍ ଖୁସି ଆଣି ଦେଇଛି । ଉଭୟ ମେଣ୍ଟ ପାଇଁ ଏହି ଫଳାଫଳ ଅପ୍ରତ୍ୟାଶିତ ରହିଛି । ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ୨୦୨ ଆସନ ପାଇଥିବାବେଳେ ମହାମେଣ୍ଟ ୩୫ ଆସନରେ ସୀମିତ ରହିଛି । ତେବେ ଏହି ନିର୍ବାଚନରେ କ୍ଷୁଦ୍ର ଦଳଗୁଡ଼ିକ ଚର୍ଚ୍ଚାରେ ଅଛନ୍ତି । କ୍ଷୁଦ୍ର ହୋଇଥିଲେ ମଧ୍ୟ ନିର୍ବାଚନରେ ବଡ଼ ପ୍ରଭାବ ପକାଇଛନ୍ତି । ଏହି ଦଳଗୁଡ଼ିକ ପାଇଁ ଏନ୍‌ଡିଏ ବିଜୟୀ ହୋଇଥିବାବେଳେ ମହାମେଣ୍ଟ ଇଣ୍ଡିଆ ପରାଜୟର ସମ୍ମୁଖୀନ ହେଲା ବୋଲି କୁହାଯାଉଛି । ଏହି ଦଳ ମଧ୍ୟରେ ପ୍ରଶାନ୍ତ କିଶୋରଙ୍କ ଜନସୁରାଜ ପାର୍ଟି, ଅସଦୁଦ୍ଦିନ ଓୱେସୀଙ୍କ ଏଆଇଏମଆଇଏମ ଏବଂ ମାୟାବତୀଙ୍କ ବିଏସପି ରହିଛି । ଗତ ନିର୍ବାଚନରେ ଚିରାଗ ପାଶ୍ୱାନଙ୍କ ଏଲଜେପିଆର ପାଇଁ ନୀତୀଶଙ୍କ ଦଳ ଜେଡିୟୁର କ୍ଷତି ହୋଇଥିଲା । ମାତ୍ର ଚଳିତ ଥର ଜନସୁରାଜ, ଏଆଇଏମଆଇଏମ ଏବଂ ବିଏସପି ଲାଗି ମହାମେଣ୍ଟର ଅପୂରଣୀୟ କ୍ଷତି ହୋଇଛି ।

ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟିଥିବା ପ୍ରଶାନ୍ତଙ୍କ ଦଳ ପ୍ରଥମ ଥର ପାଇଁ ବିହାରର ୨୩୮ ଆସନରେ ନିର୍ବାଚନ ଲଢ଼ି ଗୋଟିଏ ହେଲେ ବି ଆସନରେ ଜିତିପାରି ନାହିଁ । ତେବେ ଏହି ଦଳ ୩.୪ ପ୍ରତିଶତ ଭୋଟ ହାତେଇଛି । ଏହା ବଡ଼ ବିଭାଜନକାରୀ ଭାବେ ଉଭା ହୋଇଛି । ଖାତା ଖୋଲି ନ ଥିବା ଏହି ଦଳ ଉଭୟ ମେଣ୍ଟର ଭୋଟ ହ୍ରାସ କରିଛି । ଜନସୁରାଜ ଗୋଟିଏ ଆସନରେ ଦ୍ୱିତୀୟ, ୧୨୯ଟିରେ ତୃତୀୟ, ୭୩ଟିରେ ଚତୁର୍ଥ, ୨୪ଟିରେ ୫ମ ଏବଂ ୧୨ଟିରେ ୬ରୁ ୯ତମ ସ୍ଥାନରେ ରହିଥିଲା । ୩୩ ବିଧାନସଭା କ୍ଷେତ୍ରରେ ଜନସୁରାଜ ପାଇଥିବା ଭୋଟ ବିଜୟ ବ୍ୟବଧାନଠାରୁ ଅଧିକ ଥିଲା । ଏଥିରୁ ୧୮ ଟିରେ ଏନ୍‌ଡିଏ ଏବଂ ୧୩ଟିରେ ମହାମେଣ୍ଟ ଜିତିଥିଲା । ନିର୍ବାଚନ ପ୍ରଚାର ସମୟରେ ଦଳ ଉଭୟ ମେଣ୍ଟର

## ଛୋଟ ଦଳ, ପ୍ରଭାବ ବଡ଼



ଭୋଟ ନେବ ବୋଲି ପ୍ରଶାନ୍ତ କହିଥିଲେ । ଏହାର ଝଲକ ଫଳାଫଳରେ ଦେଖିବାକୁ ମିଳିଛି ।

୧୮୧ ସିଟ୍‌ରେ ପ୍ରତିଦ୍ୱନ୍ଦ୍ୱିତା କରିଥିବା ମାୟାବତୀଙ୍କ ବିଏସ୍‌ପି ଗୋଟିଏ ଆସନରେ ଜିତିଥିବାବେଳେ ଆଉ ଗୋଟିଏର ଦ୍ୱିତୀୟ ସ୍ଥାନରେ ରହିଥିଲା । ଦୀର୍ଘ ବର୍ଷ ହେଲା ବିରୋଧୀ ଦଳଗୁଡ଼ିକ ବିଏସ୍‌ପିକୁ ବିଜେପିର ବି-ଟିମ୍ କହି ଆସୁଥିଲେ । ଉତ୍ତର ପ୍ରଦେଶ ଲୋକସଭା ଏବଂ ବିଧାନସଭା ନିର୍ବାଚନ ପରେ ଏହି ଅଭିଯୋଗ ଲାଗିଥିଲା । ଏହି ନିର୍ବାଚନରେ ବିଏସ୍‌ପି ମହାମେଣ୍ଟର ଅଶେଷ କ୍ଷତି କରିଛି । ୨୦ ଆସନରେ ବିଏସ୍‌ପି ପାଇଥିବା ଭୋଟ ବିଜୟ ବ୍ୟବଧାନଠୁ ଅଧିକ ରହିଛି । ଏଥିରୁ ଏନ୍‌ଡିଏ ୧୮ଟି ଏବଂ ମହାମେଣ୍ଟ ୨ଟି ଆସନ ଜିତିଥିଲା । ୯୦ ପ୍ରତିଶତ ଲାଭ ଏନ୍‌ଡିଏକୁ ମିଳିଥିଲା । ସେହିପରି ଏଆଇଏମଆଇଏମ ୫ଟି ଆସନରେ ଜିତିଥିଲେ ମଧ୍ୟ ୯ଟିରେ ବିଜୟ ବ୍ୟବଧାନଠୁ ଅଧିକ ଭୋଟ ପାଇଥିଲା । ଏଥିରୁ ୬୭ ପ୍ରତିଶତ ଆସନ ଏନ୍‌ଡିଏ ଜିତିଥିବାବେଳେ ୩୩ ପ୍ରତିଶତ ମହାମେଣ୍ଟ ଖାତାକୁ ଯାଇଥିଲା ।

ସାମଗ୍ରିକ ଭାବେ ଦେଖିଲେ ଏହି ତିନି ପାଖିଆ ଲଢ଼େଇ ଏନ୍‌ଡିଏକୁ ଲାଭ ଦେଇଥିଲା । ୨୩.୪ ପ୍ରତିଶତ ଭୋଟ ପାଇଥିଲେ ବି ଆରଜେଡି ୨୫ଟିରେ ସୀମିତ ରହିଥିଲା । କିନ୍ତୁ ୨୦.୪ ପ୍ରତିଶତ ଭୋଟ ପାଇଁ ବିଜେପି ଏବଂ ୧୯.୬ ପ୍ରତିଶତର ସହ ଜେଡିୟୁ ତିନି ଗୁଣ ଅଧିକ ଆସନ ହାତେଇ ଥିଲା । ଏନ୍‌ଡିଏ ନିଜ ଭୋଟକୁ ମଜଭୁତ କରି ରଖିଥିବାବେଳେ ମହାମେଣ୍ଟର ଭାଗ ଭାଗ ହୋଇ ଯାଇଥିଲା ।୨୪୩ରୁ ୬୩ଟିରେ ଜନସୁରାଜ, ବିଏସପି ଏବଂ ଏଆଇଏମଆଇଏମର ପ୍ରତ୍ୟକ୍ଷ ପ୍ରଭାବ ପଡ଼ିଥିଲା । ଏଥିରୁ ୪୪ଟି (୭୦%) ଏନ୍‌ଡିଏ ଏବଂ ମହାମେଣ୍ଟ ୧୯ଟି ଜିତିଥିଲା । ମୁଖ୍ୟତଃ ଏନ୍‌ଡିଏ ବିରୋଧୀ ଭୋଟ ଉପରେ ମହାମେଣ୍ଟ ନିର୍ଭରଶୀଳ । କିନ୍ତୁ ଚଳିତ ଥର ନିର୍ବାଚନ ତିନିପାଖିଆ ହୋଇଥିଲା । ବିଏସ୍‌ପି ଦଳିତ ଭୋଟ, ଏଆଇଏମଆଇଏମ ମୁସଲିମ ଭୋଟ ଏବଂ ଜନସୁରାଜ ଯୁବଗୋଷ୍ଠୀ ଓ ବିକାଶ ଚାହୁଁଥିବା ଲୋକଙ୍କ ଭୋଟ ହାତେଇ ନେଇଥିଲା । ଏହା ଫଳରେ କଡ଼ା ପ୍ରତିଦ୍ୱନ୍ଦ୍ୱିତା ବଦଳରେ ଏନ୍‌ଡିଏ ବୃହତ ବିଜୟ ହାସଲ କରିଥିଲା ।

# ଦିଲ୍ଲୀ ବିସ୍ଫୋରଣ: ଆଉ ୫ ଡାକ୍ତର ଗିରଫ, ୨୨ ଡାକ୍ତର ଫେରାର

ନୂଆଦିଲ୍ଲୀ, ୧୫।୧୧ (ଏଜେନ୍ସି): ଦିଲ୍ଲୀର ଲାଲକିଲ୍ଲା ନିକଟରେ ହୋଇଥିବା ବିସ୍ଫୋରଣକୁ ନେଇ ନୂଆ ନୂଆ ତଥ୍ୟ ସାମ୍ନାକୁ ଆସିବାରେ ଲାଗିଛି । ଆତଙ୍କବାଦୀଙ୍କ କାରଖାନା ପାଲଟିଥିବା ଫରିଦାବାଦର ଧୌଜ ଗ୍ରାମ ସ୍ଥିତ ଅଲ-ଫଲାହ ବିଶ୍ୱବିଦ୍ୟାଳୟ ଚର୍ଚ୍ଚାର କେନ୍ଦ୍ରରେ ରହିଛି । ଜୀବନ ବଞ୍ଚାଇବାକୁ ଡାକ୍ତର ଗଢୁଥିବା ଏହି ବିଶ୍ୱବିଦ୍ୟାଳୟରେ ନିରୀହଙ୍କ ଜୀବନ ନେବା ପାଇଁ କେମିତି ଆତଙ୍କୀ ଗଢ଼ା ଯାଉଥିଲା ତାହାର ଗୁମର ଫିଟିବାରେ ଲାଗିଛି । ଏହି ବିଶ୍ୱବିଦ୍ୟାଳୟର ୪ ଡାକ୍ତରଙ୍କୁ ପୂର୍ବରୁ ଗିରଫ କରାଯାଇଛି । ଆଜି ଦିଲ୍ଲୀ ପୁଲିସର କ୍ରାଇମବ୍ରାଞ୍ଚ ଏହି ଅଲ-ଫଲାହ ବିଶ୍ୱବିଦ୍ୟାଳୟ ବିରୋଧରେ ଦୁଇଟି ଏତଲା ରୁଜୁ କରିଛି । ଜାଲିଆତି ଏବଂ ଠକେଇ ମାମଲାକୁ ନେଇ ଏହି ପଦକ୍ଷେପ ଗ୍ରହଣ କରାଯାଇଛି । ଅନିୟମିତତାକୁ ନେଇ ୟୁଜିସି ଏବଂ ନାକ୍‌ର ଅଭିଯୋଗ କ୍ରମେ ଦିଲ୍ଲୀ ପୁଲିସ ନୋଟିସ ଜାରି କରିଛି ଓ ନିର୍ଦ୍ଦିଷ୍ଟ ପ୍ରମାଣପତ୍ର ମାଗି ତଦନ୍ତ ଆରମ୍ଭ କରିଛି । ଏହା ମଧ୍ୟରେ ଆତଙ୍କବାଦୀ ଲିଙ୍କ୍‌କୁ ନେଇ ଆଜି ୫ ଡାକ୍ତରଙ୍କୁ ଗିରଫ କରାଯାଇଛି । ସେମାନଙ୍କ ମଧ୍ୟରେ ହରିୟାଣା ନୁହର ୩ ଜଣ, ପଶ୍ଚିମବଙ୍ଗ ଏବଂ ପଞ୍ଜାବରୁ ଜଣେ ଲେଖାଏଁ ଡାକ୍ତର ସାମିଲ ଅଛନ୍ତି ।

ଅନ୍ୟପଟେ ଏନ୍‌ଆଇଏ, ଦିଲ୍ଲୀ, ଜମ୍ମୁ-କଶ୍ମୀର, ହରିୟାଣା, ୟୁପି ପୁଲିସ ଅଲ-ଫଲାହରେ ଶନିବାର ପହଞ୍ଚି ଯାଞ୍ଚ କରିଛି । ଅନେକ ଘଣ୍ଟା ପର୍ଯ୍ୟନ୍ତ ଏହି ଯାଞ୍ଚ ଜାରି ରହିଥିଲା । ଇମାମଙ୍କୁ ପଚରାଉଚୁରା ମଧ୍ୟ କରାଯାଇଥିଲା । ଏଠାରେ

■ ୟୁଜିସି ଓ ନାକ ପକ୍ଷରୁ ଅନିୟମିତତା ଅଭିଯୋଗ

■ ଅଲ-ଫଲାହରେ ଚଢ଼ଉ, ଦିଲ୍ଲୀ ପୁଲିସର ଏତଲା ରୁଜୁ

■ 'ଡେଡ୍ ଡ୍ରପ' ଇମେଲରେ କଥା ହେଉଥିଲେ ଆତଙ୍କବାଦୀ

ରହୁଥିବା କଶ୍ମୀର ନାଗରିକଙ୍କ ତାଲିକା ପ୍ରସ୍ତୁତ କରି ଘର ଯାଞ୍ଚ କରାଯାଇଥିଲା । ଆତଙ୍କବାଦୀ ଲିଙ୍କ୍ ସାମ୍ନାକୁ ଆସିବା ପରେ ଏହି ବିଶ୍ୱବିଦ୍ୟାଳୟର ୨୨ ଡାକ୍ତର ଫେରାର ଅଛନ୍ତି । ସେମାନଙ୍କ ମୋବାଇଲ ଫୋନ୍ ସ୍ୱିଚଅଫ୍ ରହିଛି । ବିସ୍ଫୋରଣ ମାମଲାରେ ଗିରଫ ଡ. ମୁଜାମିଲ ସହ ଏହି ଡାକ୍ତରଙ୍କ ସମ୍ପର୍କ ଥିଲା । ସେହିପରି ଏହି ବିଶ୍ୱବିଦ୍ୟାଳୟରେ ପଢୁଥିବା ୪୦ ପ୍ରତିଶତ ଡାକ୍ତର କଶ୍ମୀର ବାସିନ୍ଦା ବୋଲି ଜଣାପଡ଼ିଛି । ୨୦୨୧ ମହିଳା ଆତଙ୍କବାଦୀ ଡ. ସାହିନ ପ୍ରାଧାପିକା ଭାବେ ଏଠାରେ ଯୋଗ ଦେଇଥିଲେ । ତାଙ୍କୁ କଲେଜର ୬ ସଦସ୍ୟ ବିଶିଷ୍ଟ ଫାର୍ମାକୋ ଭିଜିଲାନ୍ସ କମିଟିରେ ଗୁରୁତ୍ୱପୂର୍ଣ୍ଣ ପଦ ଦିଆଯାଇଥିଲା । ସେ ହିଁ ୨୦୨୨ରେ ପୁଲୱାମା ଡ. ମଜାମିଲ ଗନି, ଡ. ଉମର ନବି, ଡ.ସଜାଦ ଅହମ୍ମଦକୁ ଚାକିରି ଦେଇଥିଲା । ଅଲ-ଫଲାହରେ ସାହିନ ଏବଂ ସଜ୍ଜାଦର ବହୁତ ପ୍ରଭାବ ଥିଲା । ସେହିପରି ଅଭିଯୁକ୍ତ ମୁଜାମିଲ ଏବଂ ଉମର ସହ ସମ୍ପର୍କ ରଖିଥିବା ଡ. ମୁସ୍ତକିମକୁ ଧରିବା ପାଇଁ ତଲାସୀ ଅଭିଯାନ ଜାରି ରହିଛି ।

ଦିଲ୍ଲୀ ବିସ୍ଫୋରଣରେ ସାମିଲ ଏହି ଆତଙ୍କବାଦୀ ପରସ୍ପର ମଧ୍ୟରେ କଥା ହେବାକୁ ଏବଂ ଷଡ଼ଯନ୍ତ୍ର ପାଇଁ 'ଡେଡ୍ ଡ୍ରପ୍' ଇ-ମେଲ ବ୍ୟବହାର କରୁଥିଲେ । ଏଥିରେ ଇମେଲର ଡ୍ରାଫ୍ଟ ଫୋଲ୍ଡରକୁ ସେଭ କରିଦିଆଯାଇଥାଏ । ପରେ ଏହାକୁ ପଢିବା ପାଇଁ ଅନ୍ୟ ଜଣେ ଲଗ୍ ଇନ କରିଥାଏ । ଏହାର ଡିଜିଟାଲ ଫୁଟପ୍ରିଣ୍ଟର ସନ୍ଧାନ କରିବା ଅତ୍ୟନ୍ତ କଷ୍ଟସାଧ୍ୟ । ତଦନ୍ତରୁ ଜଣାପଡ଼ିଛି ଯେ ଟେରର ମଡ୍ୟୁଲୋରେ ସାମିଲ ଡାକ୍ତରେ ପରସ୍ପରକୁ ଇ-ମେଲ ପଠାଉ ନ ଥିଲେ । ଅନ୍ୟପକ୍ଷରେ ମହିଳା ଆତଙ୍କବାଦୀ ଡ. ସାହିନ ବିସ୍ଫୋରଣ ପରେ ଦେଶ ଛାଡ଼ି ପଳାଇବାକୁ ଯୋଜନା କରିଥିଲା । ସେ ଦିଲ୍ଲୀ ବିସ୍ଫୋରଣର ସାତ ଦିନ ପୂର୍ବରୁ ପାସ୍‌ପୋର୍ଟ ଯାଞ୍ଚ କରାଇ ଥିଲା ।ସାହିନର କୋଡନେମ 'ମ୍ୟାଡାମ ସର୍ଜନ' ଥିଲା ।

# ଗାଜା ଦୁଇ ଭାଗ କରିବାକୁ ଆମେରିକାର ଯୋଜନା

ୱାସିଂଟନ, ୧୫ ।୧୧(ଏଜେନ୍ସି): ଆମେରିକା ଗାଜାକୁ ଦୁଇ ଭାଗରେ ବିଭକ୍ତ କରିବାକୁ ପ୍ରସ୍ତୁତି କରୁଛି । ଏଥିପାଇଁ ଏକ ଦୀର୍ଘକାଳୀନ ଯୋଜନା ପ୍ରସ୍ତୁତ କରାଯାଉଛି । ଗୋଟିଏ ଭାଗ ଇଣ୍ଟରନ୍ୟାସନାଲ ଫୋର୍ସ (ଆଇଏସ୍‌ଏଫ୍) ଓ ଇସ୍ରାଏଲ ସେନାର ନିୟନ୍ତ୍ରଣରେ ରହିବ ଓ ଏହାକୁ ଗ୍ରୀନ୍ ଜୋନ କୁହାଯିବ । ଅନ୍ୟପଟେ ପାଲେଷ୍ଟାଇନ ନାଗରିକ ରହୁଥିବା ଅଞ୍ଚଳକୁ ଭଗ୍ନାବଶେଷ ସ୍ଥଳି ଭାବେ ରହିବାକୁ ଦିଆଯିବ ଓ ଏହାକୁ ରେଡ୍ ଜୋନ ବୋଲି କୁହାଯିବ । ପାଖାପାଖି ସବୁ ପାଲେଷ୍ଟାଇନ ନାଗରିକ ରେଡ୍ ଜୋନକୁ ବିସ୍ଥାପିତ ହୋଇଛନ୍ତି । ବ୍ରିଟେନ ଜଣାଶୁଣା ଖବର କାଗଜ 'ଦି ଗାର୍ଡିଆନ୍' ଦ୍ୱାରା ପ୍ରକାଶିତ ଏକ ରିପୋର୍ଟରେ ଏହା ଉଲ୍ଲେଖ କରାଯାଇଛି । ଆମେରିକୀୟ ସେନାର ଗୁଇନ୍ଦା କାଗଜପତ୍ର ଓ ଅଧିକାରୀମାନଙ୍କ ବ୍ୟକ୍ତିଗତ ମନ୍ତବ୍ୟକୁ ଆଧାର କରି ଏହି ରିପୋର୍ଟ ପ୍ରସ୍ତୁତ କରାଯାଇଛି । ରିପୋର୍ଟ ଅନୁସାରେ ଏହି ଯୋଜନାକୁ ଲାଗୁ କରିବାର ପ୍ରକ୍ରିୟା ଆରମ୍ଭ ହୋଇସାରିଛି ବୋଲି କୁହାଯାଇଛି ।



■ ଗ୍ରୀନ ଜୋନ୍‌ରେ ଇସ୍ରାଏଲ୍‌ର ନିୟନ୍ତ୍ରଣ

■ ପାଲେଷ୍ଟାଇନ୍ ନାଗରିକଙ୍କୁ ରେଡ୍ ଜୋନ୍

ଗାଜାର ପୂର୍ବ ଅଂଶକୁ ଗ୍ରୀନ୍ ଓ ପଶ୍ଚିମ ପଟକୁ ରେଡ୍ ଜୋନ୍‌ରେ ବିଭକ୍ତ କରାଯିବ । ଗ୍ରୀନ୍ ଜୋନରେ ଇସ୍ରାଏଲ ସମେତ ବିଦେଶୀ ସୈନିକ ମଧ୍ୟ ନିୟୋଜିତ ହେବେ । ପ୍ରଥମେ କେତେଶହ ସୈନିକଙ୍କୁ ଓ ପରେ ଏହି ସଂଖ୍ୟାକୁ ୨୦ ହଜାରକୁ ବୃଦ୍ଧି କରାଯିବ । କୌଣସି ବିଦେଶୀ ସୈନିକଙ୍କୁ ଗ୍ରୀନ୍ ଜୋନ ବାହରକୁ ଯିବା ପାଇଁ ଅନୁମତି ଦିଆଯିବ ନାହିଁ । ଅନ୍ୟପଟେ ରେଡ୍ ଜୋନ୍ ଯୁଦ୍ଧ ଯୋଗୁଁ ବହୁତ କ୍ଷତିଗ୍ରସ୍ତ ହୋଇ ଧ୍ୱଂସସ୍ତୁପରେ ପରିଣତ ହୋଇଛି । ଏଠାରେ କୌଣସି ପୁନଃନିର୍ମାଣ କାର୍ଯ୍ୟ କରାଯିବ ନାହିଁ । ଏହି ଜୋନରେ ୨୦ ଲକ୍ଷ ପାଲେଷ୍ଟାଇନ୍ ନାଗରିକ ଫସି ରହିଛନ୍ତି । ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱାରା ହୋଇଥିବା ଅସ୍ତବିରତି ଚୁକ୍ତିକୁ ନେଇ ଏହି ଯୋଜନା ପ୍ରଶ୍ନବାଚୀ ସୃଷ୍ଟି କରିଛି । ତେବେ ଗାଜାକୁ ଏକାଠି କରି ପାଲେଷ୍ଟାଇନ୍ ଶାସନ ଲାଗୁ କରାଯିବ ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଛି ।

## ଶିଶୁକୁ ହତ୍ୟା କଲେ ୪ ଜଣ ମାଉସୀ

ଯୋଧପୁର, ୧୫ ।୧୧(ଏଜେନ୍ସି): ରାଜସ୍ଥାନର ଯୋଧପୁରରେ ଏକ ୧୭ ଦିନର ନୀରିହ ଶିଶୁକୁ ନିର୍ମମ ଭାବେ ହତ୍ୟା କରାଯାଇଛି । ଶିଶୁର ୪ ଜଣ ମାଉସୀ ହତ୍ୟା କରିଛନ୍ତି ବୋଲି ଅଭିଯୋଗ ହୋଇଛି । ୪ ଜଣଙ୍କୁ ଗିରଫ କରାଯାଇ ପଚରା ଉଚରା କରାଯାଉଛି । ପ୍ରଥମେ ହାତଗୋଡ ଭାଙ୍ଗିବା ପରେ ଶିଶୁର ତଣ୍ଟି ଚିପି ହତ୍ୟା କରାଯାଉଛି ବୋଲି ତା'ର ପିତା ଅଭିଯୋଗ କରିଛନ୍ତି । ଶିଶୁଟିର ତୁଟି ମଧ୍ୟ ଟଣା ଯାଇଥିଲା । ଗୁଣିଗାରେଡ଼ି କାରଣରୁ ଶିଶୁକୁ ହତ୍ୟା କରାଯାଇଛି ବୋଲି ପୁଲିସ ସନ୍ଦେହ କରୁଛି । ନେହରୁ ନଗର କଲୋନୀରେ ଏହି ଘଟଣା ଘଟିଛି । ପତି ପୁନାରାମ ଓ ପତ୍ନୀ ସୁମନ ୧୭ ଦିନ ତଳେ ପିତାମାତା ହେବାର ସୌଭାଗ୍ୟ ଲାଭ କରିଥିଲେ । ଶୁକ୍ରବାର ରାତିରେ ସୁମନ ଗାଧୁଆଘର ଯାଇଥିବା ବେଳେ ତାଙ୍କର ୪ ଭଉଣୀ ପୁଅ ପ୍ରତ୍ୟୁଷକୁ ହତ୍ୟା କରିଥିଲେ । ମୋର ଶ୍ୱଶୁର ଘର ଲୋକେ ଅନ୍ଧବିଶ୍ୱାସି ରହିଆସିଛନ୍ତି । ଏହି କାରଣରୁ ୪ ଜଣ ମାଉସୀ ସାଥି ହୋଇ ପୁଅକୁ ହତ୍ୟା କରିଛନ୍ତି ବୋଲି ପୁନାରାମ ଅଭିଯୋଗ କରିଛନ୍ତି । ପୁନାରାମଙ୍କ ଶ୍ୱଶୁର ତଥା ସୁମନଙ୍କ ପିତା ଦିଲ୍ଲୀରେ ବାୟୁସେନାରେ କାର୍ଯ୍ୟକରନ୍ତି । ତାଙ୍କ ୭ ଝିଅ ଓ ଗୋଟିଏ ପୁଅ ରହିଛନ୍ତି । ସୁମନ ତାଙ୍କର ଦ୍ୱିତୀୟ ଝିଅ । ଶିଶୁର ୪ ମାଉସୀଙ୍କ ବିରୋଧରେ ପୁଲିସ ମାମଲା ରୁଜୁ କରିଛି । ନ୍ୟାସନାଲ ଫ୍ୟାମିଲ ହେଲଥ ସର୍ଭେ ଅନୁସାରେ ୨୦୨୨ରେ ଶିଶୁ ମୃତ୍ୟୁହାର ୩୯ ପ୍ରତିଶତ ରହିଛି । କିନ୍ତୁ ୨୦୨୩ରେ ଏଥିରେ ସୁଧାର ହୋଇଛି ଓ ହାର ୨୯ ପ୍ରତିଶତ ରହିଛି ।

## ଜିଅନ୍ତା ଜଳିଗଲେ ପରିବାରର ୫ ସଭ୍ୟ

ମୁଜାଫରପୁର, ୧୫ ।୧୧(ଏଜେନ୍ସି): ବିହାରର ମୁଜାଫରପୁରରେ ଗୋଟିଏ ପରିବାରର ୫ ସଦସ୍ୟ ଜିଅନ୍ତା ଜଳିଯିବା ସହ ମୃତ୍ୟୁବରଣ କରିଛନ୍ତି । ମୃତକଙ୍କ ମଧ୍ୟରେ ସ୍ୱାମୀ-ସ୍ତ୍ରୀ, ସେମାନଙ୍କ ଦୁଇ ପିଲା ଓ ମା ସାମିଲ ରହିଛନ୍ତି । ଏହି ଘଟଣାରେ ଅନ୍ୟ ୫ ଜଣ ମଧ୍ୟ ଜଳିଯାଇଛନ୍ତି । ଏମାନଙ୍କ ମଧ୍ୟରୁ ୪ ଜଣଙ୍କ ଅବସ୍ଥା ଗୁରୁତର ରହିଛି ଓ ଏମାନଙ୍କୁ ଚିକିତ୍ସା ପାଇଁ ଶ୍ରୀ କ୍ରିଷ୍ଣା ମେଡିକାଲ କଲେଜ (ଏସ୍‌କେଏମ୍‌ସି)ରେ ଭର୍ତ୍ତି କରାଯାଇଛି । ଆହତଙ୍କ ଶରୀରର ୯୮ ପ୍ରତିଶତ ଜଳିଯାଇଛି । ସେହିପରି ଜଣେ ଯୁବକ ମାମୁଲି ଭାବେ ଆହତ ହୋଇଛନ୍ତି ଓ ମୋତିପୁର ପିଏଚ୍‌ସିରେ ତାଙ୍କୁ ଚିକିତ୍ସା କରାଯାଉଛି । ମୋତିପୁରର ୧୩ ନଂ ୱାର୍ଡରେ ଶୁକ୍ରବାର ବିଳମ୍ବିତ ରାତିରେ ଏକ ଘରେ ନିଆଁ ଲାଗିଥିଲା । ସେତେବେଳେ ପରିବାର ଲୋକେ ଶୋଇ ରହିଥିଲେ । ଫଳରେ ସେମାନେ ନିଜକୁ ରକ୍ଷା କରିବାର ସୁଯୋଗ ପାଇ ନଥିଲେ । ତୃତୀୟ ମହଲାରେ ନିଆଁ ଲାଗିଥିଲା । ଏଥିରେ ୫ ଜଣ ମୃତ୍ୟୁବରଣ କରିଥିବା ବେଳେ ୫ ଜଣ ଆହତ ହୋଇଛନ୍ତି ବୋଲି ସ୍ଥାନୀୟ ଡିଏସ୍‌ପି ସୁଚିତ୍ରା କୁମାରୀ କହିଛନ୍ତି । ଏହି ଘଟଣା ଯାଞ୍ଚ୍ କରାଯାଉଛି । ସର୍ଟ ସର୍କିଟ କାରଣରୁ ଏହି ନିଆଁ ଲାଗିଥିଲା ବୋଲି ଆଶଙ୍କା କରାଯାଉଛି ।

## ରାଜ୍ୟରେ ଚିନ୍ତାଜନକ ସ୍ଥିତିରେ ଦୁର୍ଘଟଣା

# ଦିନକୁ ଗଡୁଛି ୧୬ ମୁଣ୍ଡ

ଭୁବନେଶ୍ୱର,୧୫ ।୧୧(ସମିସ): ରାଜ୍ୟରେ ସଡ଼କ ଦୁର୍ଘଟଣା ଏବେ ସମସ୍ତଙ୍କ ପାଇଁ ମୁଣ୍ଡବିନ୍ଧାର କାରଣ ପାଲଟିଛି । ପରିବହନ ବିଭାଗଠାରୁ ଆରମ୍ଭ କରି ଟ୍ରାଫିକ୍ ପୁଲିସ ପର୍ଯ୍ୟନ୍ତ, ସବୁ ସ୍ତରରେ କଡ଼ାକଡ଼ି ଯାଞ୍ଚ ହେଉଥିଲେ ବି ଦୁର୍ଘଟଣା ଓ ଦୁର୍ଘଟଣାଜନିତ ମୃତ୍ୟୁ ହାରରେ ରୋକ୍

- ଗତବର୍ଷ ତୁଳନାରେ ବଢ଼ିଛି ୬.୭୫ ପ୍ରତିଶତ
- ୧୦ ବର୍ଷରେ ମଲେଣି ୪୮ ହଜାର
- ଫାଶ ବସାଇଛି ପର୍ଯ୍ୟଟନ ଋତୁ
- ରାଜ୍ୟରେ ୧୯୫ ବ୍ଲାକସ୍ପଟ୍ ଚିହ୍ନଟ

ଲାଗିପାରୁନି । ଯେତିକି ମରୁଛନ୍ତି, ତା'ଠାରୁ ଢେର୍ ଅଧିକ ସବୁଦିନ ପାଇଁ ପଙ୍ଗୁ ହୋଇଯାଉଛନ୍ତି । ସରକାରୀ ତଥ୍ୟ ମୁତାବକ, ପ୍ରତିବର୍ଷ ଦେଶରେ ଦେଢ଼ଲକ୍ଷ ଲକ୍ଷ ଦୁର୍ଘଟଣାରେ ପ୍ରାଣ ହରାଉଛନ୍ତି । ଏ ଅଲୋଡ଼ା ରେକର୍ଡରେ ଓଡ଼ିଶାର ଭାଗ ଅଧିକ । ଦୁର୍ଘଟଣା ରାଜ୍ୟରେ ପ୍ରତିବର୍ଷ ୫ ହଜାର ଜୀବନ ନେଉଛି । ଗତ ୧୦ ବର୍ଷର ତଥ୍ୟ ଉପରେ ଆଖି ପକାଇଲେ, ରାଜ୍ୟରେ ଏହା(ଦୁର୍ଘଟଣା) ମହାମାରୀଠାରୁ ବି ଭୟଙ୍କର ବୋଲି ଜଣାଯାଇଛି । ଏହି ଅବଧି ମଧ୍ୟରେ ଓଡ଼ିଶାରେ ୪୮ ହଜାରରୁ ଅଧିକ ଲୋକଙ୍କ ଜୀବନ ନେଇଛି ଦୁର୍ଘଟଣା । ଖାଲି ସେତିକି ନୁହେଁ, ଏକ ଲକ୍ଷରୁ ଅଧିକ ଲୋକେ ଗୁରୁତର ଆହତ ହୋଇଛନ୍ତି । ଏହି ଆଧାରରେ ଦେଖିବାକୁ ଗଲେ, ଦୁର୍ଘଟଣାରେ ରାଜ୍ୟରେ ଦିନକୁ ହାରାହାରି ୧୬ ଜଣଙ୍କ ମୁଣ୍ଡ ଗଡୁଛି ।




୨୦୨୩ ମସିହାରେ ରାଜ୍ୟରେ ମୋଟ ୧୧ହଜାର ୯୯୨ଟି ସଡ଼କ ଦୁର୍ଘଟଣା ଘଟିଥିବା ବେଳେ ଏଥିରେ ୫ହଜାର ୭୩୯ଟି ଅମୂଲ୍ୟ ଜୀବନ ଯାଇଛି । ସେହିପରି ଗତବର୍ଷ ରାଜ୍ୟରେ ୧୨ ହଜାର ୩୭୫ଟି ସଡ଼କ ଦୁର୍ଘଟଣା ଘଟିଥିବା ବେଳେ ୬ ହଜାର ୧୪୨ଜଣ ପ୍ରାଣ ହରାଇଛନ୍ତି । ଚଳିତବର୍ଷ ଅର୍ଥାତ୍ ୨୦୨୫ ଜୁଲାଇ ମଧ୍ୟରେ ୭୫୩୬ଟି ସଡ଼କ ଦୁର୍ଘଟଣାରେ ୩ ହଜାର ୮୯୧ ଲୋକ ମୃତ୍ୟୁବରଣ କରିଛନ୍ତି । ୨୦୨୪ ଓ ୨୦୨୫ର ଜାନୁୟାରୀରୁ ଜୁଲାଇ ମାସ ମଧ୍ୟରେ ହୋଇଥିବା ଦୁର୍ଘଟଣା ତଥ୍ୟ ତୁଳନା କରିବା ପରେ ସାଙ୍ଘାତିକ କଥା ପଦାକୁ ଆସିଛି । ଗତବର୍ଷ ତୁଳନାରେ ଚଳିତବର୍ଷ ରାଜ୍ୟରେ ଦୁର୍ଘଟଣା ହାର ୬.୭୫ ପ୍ରତିଶତ ବୃଦ୍ଧି ପାଇଛି । ଦୁର୍ଘଟଣା ହାର ବୃଦ୍ଧି ପାଇବା ରାଜ୍ୟରେ ସଡ଼କ ଦୁର୍ଘଟଣାର ଚିନ୍ତାଜନକ ସ୍ଥିତି ସାମ୍ନାକୁ ଆସିଛି ।

ସେପଟେ ୨୦୨୩ ମସିହା ତଥ୍ୟକୁ ଦେଖିଲେ, ସମୁଦାୟ ଦୁର୍ଘଟଣାର ୩୭ ପ୍ରତିଶତ ଦୁର୍ଘଟଣା ଜାତୀୟ ରାଜପଥରେ ଘଟିଛି । ଆଉ ୩୭ ପ୍ରତିଶତ ବା ପ୍ରାୟ ୨୧୦୦ ଜଣ ଜାତୀୟ ରାଜପଥରେ ହିଁ ପ୍ରାଣ ହରାଇଛନ୍ତି । ସେହିବର୍ଷ ଅକ୍ଟୋବରରୁ ଫେବୃୟାରୀ ମଧ୍ୟରେ ସର୍ବାଧିକ ଦୁର୍ଘଟଣା ଓ ତଦ୍‌ଜନିତ ମୃତ୍ୟୁ ହୋଇଥିବା ତଥ୍ୟରୁ ଜଣାପଡ଼ିଛି । ଏଭଳି ହେବାର କାରଣ ମଧ୍ୟ ଆଶ୍ଚର୍ଯ୍ୟଜନକ । ଅକ୍ଟୋବରରୁ ଫେବୃୟାରୀ ମଧ୍ୟରେ ପର୍ଯ୍ୟଟନ ଋତୁ ହୋଇଥିବାରୁ ଜାତୀୟ ରାଜପଥରେ ଅଧିକ ଗାଡ଼ି ଚଳାଚଳ କରୁଛି । ଲୋକମାନେ ବଣଭୋଜି ଓ ତୀର୍ଥସ୍ଥଳୀ ସ୍ଥଳକୁ ଯାଉଥିବା ବେଳେ କୁହୁଡ଼ି ଯୋଗୁଁ ରାସ୍ତା ଠିକ୍‌ରେ ଦୃଶ୍ୟମାନ ହେଉନାହିଁ । ଫଳରେ ଦୁର୍ଘଟଣା ଘଟି ଧନଜୀବନ ହାନି ହେଉଛି । ସେହିପରି ରାଜପଥରେ ବେଆଇନ ପାର୍କିଂ ଓ ମଦ୍ୟପାନ ଜନିତ ଗାଡ଼ି ଚାଳନା ଏହାର ଅନ୍ୟତମ କାରଣ । ରାଜ୍ୟରେ ୧୯୫ଟି ବ୍ଲାକସ୍ପଟ୍ ଚିହ୍ନଟ ହୋଇଥିବା ବେଳେ ସେଠାରେ ଯେପରି ଭାବେ ସତର୍କତା ଅବଲମ୍ବନ କରିବା କଥା, ତାହା କରାନଯିବା ମଧ୍ୟ ଆଉ ଏକ କାରଣ ବୋଲି କୁହାଯାଉଛି ।

### ଆଜିଠୁ ଶୂନ୍ୟ ମୃତାହତ ପକ୍ଷ

ଭୁବନେଶ୍ୱର, ୧୫ ।୧୧(ସମିସ): ଆସନ୍ତା ୧୬ରୁ ୩୦ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ଶୂନ୍ୟ ମୃତାହତ ପକ୍ଷ ପାଳନ ହେବ । ବାଣିଜ୍ୟ ଓ ପରିବହନ ବିଭାଗ ପକ୍ଷରୁ ଏନେଇ ସାରା ରାଜ୍ୟରେ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଏହି ସମୟରେ, ୪ଟି 'ଇ' ଯଥା- ଏନଫୋର୍ସମେଣ୍ଟ, ଇଂଜିନିୟରିଂ, ଏଜୁକେସନ୍ ଓ ଏମର୍ଜେନ୍ସି କେୟାର୍‌କୁ ପ୍ରାଧାନ୍ୟ ଦିଆଯିବ । ବିଭାଗୀୟ ମନ୍ତ୍ରୀ ବିଭୂତି ଭୂଷଣ ଜେନା ଆଜି ଏହି ସୂଚନା ଦେଇଛନ୍ତି । ଆଜି ଏ ସମ୍ପର୍କରେ ଅନୁଷ୍ଠିତ ଏକ ବୈଠକରେ ମନ୍ତ୍ରୀ ଶ୍ରୀ ଜେନା ବିଭାଗୀୟ ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ ଏବଂ ପରିବହନ କମିଶନର ଅମିତାଭ ଠାକୁରଙ୍କ ସହ ଆଲୋଚନା କରିଛନ୍ତି । ଶୂନ୍ୟ ମୃତାହତ ପକ୍ଷ ପାଳନକୁ ସଫଳ କରିବା ନେଇ ମନ୍ତ୍ରୀ ଶ୍ରୀ ଜେନା ବିଭିନ୍ନ ପରାମର୍ଶ ଦେଇଛନ୍ତି । ସୂଚନାନୁଯାୟୀ, ଏହି ଅବଧି ମଧ୍ୟରେ ସଡ଼କ ନିୟମ ଉଲ୍ଲଙ୍ଘନକାରୀଙ୍କ ବିରୋଧରେ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରାଯିବ । ସାରା ରାଜ୍ୟରେ ଯାଞ୍ଚ ପ୍ରକ୍ରିୟାକୁ କଡ଼ାକଡ଼ି କରାଯିବ । ଏଥିପାଇଁ ସମସ୍ତ ଜିଲ୍ଲା ପ୍ରଶାସନକୁ ବିଭାଗ ପକ୍ଷରୁ ଏକ ମାର୍ଗଦର୍ଶିକା ପ୍ରଦାନ କରାଯାଇଛି ।

## ବାଇକ୍‌କୁ ଧକ୍କା ଦେଲା ଟ୍ରକ୍; ୩ ମୃତ

ପରଜଙ୍ଗ,୧୫ ।୧୧(ସମିସ): ୫୯ ନମ୍ବର ଜାତୀୟ ରାଜପଥର ପରଜଙ୍ଗ ଥାନା ଦଦରାଘାଟି ଫାଣ୍ଡି ଅନ୍ତର୍ଗତ ଜିଏମ୍ ଆଇରନ କାରଖାନା ସମ୍ମୁଖରେ ଅଜଣା ଟ୍ରକ୍ ଧକ୍କାରେ ୩ ଯୁବକଙ୍କ ଶୋଚନୀୟ ମୃତ୍ୟୁ ଘଟିଛି । ୩ ଜଣଯାକ ଏକ ବାଇକ୍ ଯୋଗେ ଯାଉଥିବା ବେଳେ ଏକ ଟ୍ରକ୍ ଦ୍ରୁତଗତିରେ ଆସି ସେମାନଙ୍କୁ ଧକ୍କା ଦେଇଥିଲା । ଫଳରେ ଘଟଣାସ୍ଥଳରେ ସମସ୍ତଙ୍କ ମୃତ୍ୟୁ ହୋଇଯାଇଥିଲା । ମୃତକମାନଙ୍କ ପରିଚୟ ମିଳିନାହିଁ । ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି ।

## ଯୁବକଙ୍କ ଯୌନାଙ୍ଗ କାଟି ମାରିଦେଲେ

ବୀରମହାରାଜପୁର, ୧୫।୧୧ (ସମିସ): ଯୁବକଙ୍କ ଯୌନାଙ୍ଗ କାଟି ହତ୍ୟା । ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଥାନା ଅଞ୍ଚଳରେ ଆଜି ଏପରି ଏକ ଘଟଣା ଘଟିଛି । ମୃତକ ହେଲେ, ଉଜବଲପୁର ଗାଁର ରାକେଶ ବରିହା (୨୫) । ରଥପୁର ଛକ ନିକଟସ୍ଥ ରୁଗୁଡ଼ିମୁଣ୍ଡା ବନ୍ଧହିଡ଼ରୁ ତାଙ୍କ ମୃତଦେହ ଉଦ୍ଧାର ହୋଇଛି । ସୂଚନାନୁଯାୟୀ, ସକାଳୁ ବନ୍ଧହିଡରେ ରାକେଶଙ୍କ ମୃତଦେହ ପଡ଼ିଥିବା ରାସ୍ତାରେ ଯାଉଥିବା କିଛି ଲୋକ ଦେଖି ପୁଲିସକୁ ଖବର ଦେଇଥିଲେ । ବୀରମହାରାଜପୁର ପୁଲିସ ଘଟଣାସ୍ଥଳରେ ପହଞ୍ଚି ତନାଘନା କରିଥିଲା । ରାକେଶଙ୍କ ମୁଣ୍ଡ ଓ ବାମ ଆଖିରେ ଆଘାତ ଲାଗିଥିବା ବେଳେ ତାଙ୍କ ଯୌନାଙ୍ଗକୁ କାଟି ଦିଆଯାଇଥିଲା । ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି । ବ୍ୟବଚ୍ଛେଦ ପରେ ଅପରାହ୍ଣରେ ରାକେଶଙ୍କ ଶବକୁ ତାଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି । ପୁଲିସ ଏହି ହତ୍ୟାକାଣ୍ଡର ସବୁ ଦିଗକୁ ନେଇ ତଦନ୍ତ ଚଳାଇଛି । କିଛି ସ୍ଥାନୀୟ ଲୋକଙ୍କ କହିବାନୁଯାୟୀ, ସକାଳ ସାଢ଼େ ୪ଟାରେ ମର୍ଣ୍ଣିଂୱାକ୍‌ରେ ଗଲା ବେଳେ ସେମାନେ ବନ୍ଧ ପାଖରେ ଏକ ବଲୋରୋ ଗାଡ଼ି ଛିଡ଼ା ହୋଇଥିବା ଦେଖିବାକୁ ପାଇଥିଲେ । ଦୁର୍ବୃତ୍ତମାନେ ରାକେଶଙ୍କୁ ଅନ୍ୟତ୍ର ହତ୍ୟା କରିବା ପରେ ଉକ୍ତ ଗାଡ଼ିରେ ଏଠାରେ ଫିଙ୍ଗି ଦେଇଥିବା ପୁଲିସ ସନ୍ଦେହ କରୁଛି । ତେଣୁ ପୁଲିସ ଉକ୍ତ ଗାଡ଼ିକୁ ଠାବ କରିବା ପାଇଁ ଚେଷ୍ଟା ଚଳାଇଛି । ସେହିପରି ରାକେଶଙ୍କ ସହ କାହାର ଶତ୍ରୁତା ଥିଲା, ସେନେଇ ତାଙ୍କ ପରିବାରଲୋକଙ୍କୁ ମଧ୍ୟ ପୁଲିସ ପଚରାଉଚରା କରିଛି । ଘଟଣାର ଅଧିକ ତଦନ୍ତ ଜାରି ରହିଛି ଏବଂ ଖୁବ୍‌ଶୀଘ୍ର ଅଭିଯୁକ୍ତମାନେ ଧରାପଡ଼ିବେ ବୋଲି ବୀରମହାରାଜପୁର ଥାନା ଅଧିକାରୀ କହିଛନ୍ତି ।

### ରାଜ୍ୟସ୍ତରୀୟ ଜନଜାତୀୟ ଗୌରବ ଦିବସ

## ସ୍ୱାଧୀନତା ସଂଗ୍ରାମରେ ବିର୍ସା ମୁଣ୍ଡା ଏକ ସ୍ୱତନ୍ତ୍ର ଫର୍ଦ୍ଦ ଯୋଡ଼ିଥିଲେ: ମୁଖ୍ୟମନ୍ତ୍ରୀ

ରାଉରକେଲା, ୧୫ ।୧୧ (ସମିସ): ଜଣେ ଦେଶପ୍ରେମୀ ସଂଗ୍ରାମୀ ଭାବେ ବିର୍ସା ମୁଣ୍ଡା ଭାରତ ଇତିହାସରେ ସବୁଦିନ ପାଇଁ ଅମର ହୋଇ ରହିଛନ୍ତି । ବ୍ରିଟିଶ୍ ସରକାରର ଅନ୍ୟାୟ, ଅତ୍ୟାଚାରକୁ ସେ ଦୃଢ଼ ବିରୋଧ କରୁଥିଲେ । ବିହାର, ଝାଡ଼ଖଣ୍ଡ ଅଞ୍ଚଳର ସଂଗ୍ରାମୀମାନଙ୍କୁ ନେଇ ଏକ ବଡ଼ଧରଣର ବିପ୍ଳବ କରି ସେ ଦେଶର ସ୍ୱାଧୀନତା ସଂଗ୍ରାମ ଇତିହାସରେ ଏକ ସ୍ୱତନ୍ତ୍ର ଫର୍ଦ୍ଦ ଯୋଡ଼ିଥିଲେ । ସହିଦ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜୟନ୍ତୀ ଅବସରରେ ରାଉରକେଲାଠାରେ ଆୟୋଜିତ ରାଜ୍ୟସ୍ତରୀୟ 'ଜନଜାତୀୟ ଗୌରବ ଦିବସ'ରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଏହା କହିଛନ୍ତି ।



- ୧୩୪୫ କୋଟିର ପ୍ରକଳ୍ପ ଉଦ୍‌ଘାଟନ
- ହନୁମାନ ବାଟିକା-ପାୱାର ହାଉସ୍ ରାସ୍ତା ଭଗବାନ ବିର୍ସା ମୁଣ୍ଡାଙ୍କ ନାମରେ ନାମିତ

ଭଗବାନ ବିର୍ସା ମୁଣ୍ଡାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜଣାଇ ମୁଖ୍ୟମନ୍ତ୍ରୀ ଆହୁରି କହିଥିଲେ ଯେ କିଶୋର ବୟସରୁ ବିର୍ସା ଉପନିବେଶବାଦୀ ଶୋଷଣ ବିରୋଧୀ ଜନପ୍ରତିରୋଧର ନେତୃତ୍ୱ ନେଇଥିଲେ । ବ୍ରିଟିଶ୍ ଶାସନ ଓ ସ୍ଥାନୀୟ ଜମିଦାରଙ୍କ ଶୋଷଣ ଓ ଅତ୍ୟାଚାରରେ ନିଷ୍ପେଷିତମାନଙ୍କ ସାମାଜିକ ଓ ଆର୍ଥିକ ଅଧିକାର ପାଇଁ ଲଢ଼େଇ ଜାରି ରଖିଥିଲେ । ବିର୍ସାଙ୍କ ବିଦ୍ରୋହ ଝାଡ଼ଖଣ୍ଡ, ଓଡ଼ିଶା, ବିହାର, ପଶ୍ଚିମବଙ୍ଗ ଏବଂ ମଧ୍ୟପ୍ରଦେଶ ପର୍ଯ୍ୟନ୍ତ ବ୍ୟାପ୍ତ ଥିଲା । ଇଂରେଜ ସରକାର ବିରୋଧରେ ତାହା ଏକ ବିରାଟ ଆଦିବାସୀ ଆନ୍ଦୋଳନର ରୂପ ନେଇଥିଲା ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ସୁନ୍ଦରଗଡ଼ ଜିଲ୍ଲା ପାଇଁ ୧୩୪୫ କୋଟି ଟଙ୍କା ମୂଲ୍ୟର ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଉଦ୍‌ଘାଟନ କରିବା ସହ ୬୦୯ କୋଟି ଟଙ୍କା ମୂଲ୍ୟର ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହାସହ ରାଉରକେଲା ସହରର ହନୁମାନ ବାଟିକା ଛକରୁ ପାୱାର ହାଉସ୍ ଛକ ପର୍ଯ୍ୟନ୍ତ ରାସ୍ତାକୁ ଭଗବାନ ବିର୍ସା ମୁଣ୍ଡା ରାସ୍ତା ଭାବେ ନାମିତ କରିଛନ୍ତି ।

କାର୍ଯ୍ୟକ୍ରମରେ ଓଡ଼ିଶା ବିଧାନସଭାର ଉପବାଚସ୍ପତି ଭବାନୀ ଶଙ୍କର ଭୋଇ, ରାଉରକେଲା ବିଧାୟକ ସାରଦା ପ୍ରସାଦ ନାୟକ, ରଘୁନାଥପାଲି ବିଧାୟକ ଦୁର୍ଗାଚରଣ ତନ୍ତୀ ପ୍ରମୁଖ ଉପସ୍ଥିତ ଥିଲେ । ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗର କମିଶନର ତଥା ଶାସନ ସଚିବ ବି. ପରମେଶ୍ୱରନ୍ ସ୍ୱାଗତ ଭାଷଣ ଦେଇଥିଲେ । ସୁନ୍ଦରଗଡ଼ ଜିଲ୍ଲାପାଳ ଡ. ଶୁଭଙ୍କର ମହାପାତ୍ର ଉପସ୍ଥିତ ଥିଲେ ।

ସୂଚନାଯୋଗ୍ୟ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗୁଜରାଟରୁ ସହିଦ ବିର୍ସା ମୁଣ୍ଡାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରି ଦେଶବାସୀଙ୍କୁ ଉଦ୍‌ବୋଧନ ଦେଇଛନ୍ତି ।

### ଏସ୍‌ଆଇ ଚାକିରି ବିକ୍ରି ଘଟଣା

## ତୁରନ୍ତ ପରୀକ୍ଷା ଦାବିରେ ଆଶାୟୀଙ୍କ ଆନ୍ଦୋଳନ

ଭୁବନେଶ୍ୱର,୧୫ ।୧୧(ସମିସ): ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ରାକେଟ୍ ଧରା ପଡ଼ିଲା; କ୍ରାଇମ୍‌ବ୍ରାଞ୍ଚ ଠାରୁ ତଦନ୍ତ ଭାର ସିବିଆଇ ନେଲା । ହେଲେ ପରୀକ୍ଷା କେବେ ହେବ ଏବଂ କିଏ ପରୀକ୍ଷା ପରିଚାଳନା କରିବ ସେ ସମ୍ପର୍କରେ କେହି ପଦୁଟିଏ କହୁନାହାନ୍ତି । ବାରମ୍ବାର ଦାବି ସତ୍ତ୍ୱେ ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ (ଓପିଆର୍‌ବି) ପକ୍ଷରୁ କୌଣସି ଉତ୍ତର ନ ପାଇବା ପରେ ଆଶାୟୀମାନେ ଆନ୍ଦୋଳନକୁ ଓହ୍ଲାଇଛନ୍ତି । ଭୁବନେଶ୍ୱରରେ ଥିବା ଓପିଆର୍‌ବି କାର୍ଯ୍ୟାଳୟ ସମ୍ମୁଖରେ ବିଳମ୍ବିତ ରାତି ପର୍ଯ୍ୟନ୍ତ ଆନ୍ଦୋଳନ କରୁଥିବା ଆଶାୟୀମାନେ ପରୀକ୍ଷା କେବେ ହେବ, ସେନେଇ ସ୍ପଷ୍ଟୀକରଣ ଦେବାକୁ ଦାବି କରିଛନ୍ତି ।

ଆଶାୟୀଙ୍କ କହିବା କଥା, ଚାକିରି ବିକ୍ରି ଘଟଣାରେ ସିବିଆଇ ତଦନ୍ତ ଆରମ୍ଭ କରିଛି । ରାକେଟ୍‌ର ମୂଳ ପର୍ଯ୍ୟନ୍ତ ତଦନ୍ତକାରୀ ସଂସ୍ଥା କେବେ ପହଞ୍ଚିବ ଓ କେବେ ତଦନ୍ତ ସରିବ, ସେନେଇ କୌଣସି ସ୍ପଷ୍ଟତା ନାହିଁ । ୨୦୨୪ ଡିସେମ୍ବରରେ ୯୩୩ଟି ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇବାକୁ ପ୍ରାୟ ବର୍ଷେ ପୂରିବ । ଏହାରି ମଧ୍ୟରେ ଦୁଇ ଥର ପରୀକ୍ଷା ବାତିଲ୍ ହେଲାଣି । ଅନିଶ୍ଚିତତା ମଧ୍ୟରେ ଥିବା ଏହି ପରୀକ୍ଷା ପାଇଁ ପଢ଼ିବା ସହ ଶାରିରୀକ ପ୍ରସ୍ତୁତି ଜାରି ରଖିବା ପିଲାଙ୍କ ମାନସିକ ସ୍ଥିତିକୁ ଦୁର୍ବଳ କରୁଛି । ଗୋଟିଏ ପଟେ ତଦନ୍ତ ଚାଲୁଥିବାବେଳେ ସମାନ୍ତରାଳ ଭାବେ ପୁନଃ ପରୀକ୍ଷା ପାଇଁ କୌଣସି ପଦକ୍ଷେପ ନିଆଯାଉନି । ଏଣୁ ତ୍ୱରିତ ପରୀକ୍ଷା ପାଇଁ ପଦକ୍ଷେପ ନେବା ସହ ପରୀକ୍ଷା କେବେ ହେବ ସେନେଇ ଲିଖିତ ଭାବେ ଜଣାଇବାକୁ ଆଶାୟୀମାନେ ଦାବି କରିଛନ୍ତି । ସକାଳୁ ଆନ୍ଦୋଳନରେ ବସିଥିବା ଆଶାୟୀଙ୍କ ସହ ବିଳମ୍ବିତ ରାତି ଅର୍ଥାତ୍ ଖବର ଲେଖା ହେବା ପର୍ଯ୍ୟନ୍ତ ଓପିଆର୍‌ବି ଅଧ୍ୟକ୍ଷ ଆଲୋଚନା ନ କରିବାକୁ ନେଇ ଆଶାୟୀମାନେ ଅସନ୍ତୋଷ ଝାଡ଼ିଛନ୍ତି । ବ୍ୟାପକ କେଲେଙ୍କାରୀରେ ସମ୍ପୃକ୍ତ ଓପିଆର୍‌ବି ଅଧ୍ୟକ୍ଷଙ୍କୁ ପଦଚ୍ୟୁତ କରି ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ସେମାନେ ଦାବି କରିଛନ୍ତି ।



- ଆଶାୟୀଙ୍କ ସହ ଆଲୋଚନା କଲେନି ଓପିଆର୍‌ବି ଅଧ୍ୟକ୍ଷ
- ଅଧ୍ୟକ୍ଷଙ୍କୁ ପଦଚ୍ୟୁତ କରି ପ୍ରକ୍ରିୟା ତ୍ୱରାନ୍ୱିତ କରିବାକୁ ଦାବି

ସରକାର ଗଠନ ଠାରୁ ଦୁଇ ବର୍ଷ ମଧ୍ୟରେ ୬୫ ହଜାର ନିଯୁକ୍ତି ଦେବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ । ହେଲେ ଦୀର୍ଘ ବର୍ଷେ ହେବ କୌଣସି ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇନାହିଁ । ରାଜ୍ୟର ମେଧାବୀ ଛାତ୍ରଛାତ୍ରୀଙ୍କ ଜୀବନ ସହ ଖେଳିବାର ଅଧିକାର କାହାର ନାହିଁ; ସରକାର ମଧ୍ୟ ସେମାନଙ୍କ ଜୀବନ ସହ ଖେଳିବାକୁ ପ୍ରୟାସ ନ କରନ୍ତୁ ବୋଲି ଆଶାୟୀମାନେ ଚେତାବନୀ ଦେଇଛନ୍ତି ।

## ସ୍ୱତନ୍ତ୍ର ଓଟିଇଟି ପାସ୍ କଲେ ୪୮୧୫୩

କଟକ,୧୫ ।୧୧(ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ) ଦ୍ୱାରା ପରିଚାଳିତ ସ୍ୱତନ୍ତ୍ର ଓଡ଼ିଶା ଟିଚର୍ ଏଲିଜିବିଲିଟି ଟେଷ୍ଟ(ଓଟିଇଟି)-୨୦୨୫ର ଫଳ ଆଜି ପ୍ରକାଶ ପାଇଛି । ବୋର୍ଡ ୱେବ୍‌ସାଇଟ୍‌ରେ ଏହି ଫଳ ଉପଲବ୍ଧ କରାଯାଇଛି । ଏହି ପରୀକ୍ଷାର ଦୁଇଟି ପେପର୍‌ରେ ମୋଟ୍ ପାସ୍ ହାର ୬୬.୫୦ ପ୍ରତିଶତ ହୋଇଛି ଓ ମୋଟ ୪୮ ହଜାର୧୫୩ଜଣ ପରୀକ୍ଷାର୍ଥୀ କୃତକାର୍ଯ୍ୟ ହୋଇଛନ୍ତି । ଯୋଗ୍ୟ ପ୍ରାର୍ଥୀମାନେ ସେମାନଙ୍କ ଡିଜିଟାଲ ପ୍ରମାଣପତ୍ରକୁ ବୋର୍ଡ ୱେବ୍‌ସାଇଟ୍‌ରୁ ଆଜିଠାରୁ ୨୦୨୬ ଜାନୁଆରୀ୧୫ ପର୍ଯ୍ୟନ୍ତ ଡାଉନ୍‌ଲୋଡ୍ କରିପାରିବେ । ଅକୃତକାର୍ଯ୍ୟ ହୋଇଥିବା ପ୍ରାର୍ଥୀମାନେ ବୋର୍ଡ ୱେବସାଇଟ୍‌ରୁ ୨୨ ତାରିଖ ପର୍ଯ୍ୟନ୍ତ ସେମାନଙ୍କର ଓଏମ୍‌ଆର୍ ଉତ୍ତରଖାତାକୁ ଡାଉନଲୋଡ୍ କରିପାରିବେ ବୋଲି ବୋର୍ଡ ପକ୍ଷରୁ କୁହାଯାଇଛି ।

### ନୂଆପଡ଼ା ପରାଜୟ ପରେ କଂଗ୍ରେସରେ ଚାପା ଗୁଞ୍ଜରଣ

## ପ୍ରଶ୍ନ ଘେରରେ ଭକ୍ତଙ୍କ ରଣନୀତି

ଭୁବନେଶ୍ୱର, ୧୫।୧୧ (ସମିସ): ୨୦୨୪ ସାଧାରଣ ନିର୍ବାଚନରେ ଓଡ଼ିଶାରେ କଂଗ୍ରେସର ବିପର୍ଯ୍ୟୟ ପରେ ରାଜ୍ୟରେ କଂଗ୍ରେସର ମଙ୍ଗ ଧରିଥିଲେ ବରିଷ୍ଠ ନେତା ଭକ୍ତଚରଣ ଦାସ । ଭକ୍ତଙ୍କ ଆଗମନ ପରେ କଂଗ୍ରେସ ଶିବିର ଚଳଚଞ୍ଚଳ ହୋଇ ଉଠିଥିବା ବେଳେ ଦଳ ତାଙ୍କ ନେତୃତ୍ୱରେ ଭଲ କରିବ ବୋଲି ସାଧାରଣରେ ଏକ ଚର୍ଚ୍ଚା ଆଲୋଚନା ଆରମ୍ଭ ହୋଇଥିଲା । ମାତ୍ର ସଭାପତି ଦାୟିତ୍ୱ ଗ୍ରହଣ ପରେ ନୂଆପଡ଼ା ଉପନିର୍ବାଚନ ଭକ୍ତଙ୍କ ପାଇଁ ଏକ 'ଏସିଡ୍ ଟେଷ୍ଟ' ଥିଲା । ବିଭିନ୍ନ ସମୀକରଣକୁ ଦୃଷ୍ଟିରେ ରଖି ଉପନିର୍ବାଚନରେ କଂଗ୍ରେସରୁ ପ୍ରାର୍ଥୀ ହୋଇଥିବା ଘାସିରାମ ବିଜୟ ଲାଭ କରିବେ ବୋଲି ପିସିସି ସଭାପତି ଭକ୍ତଚରଣ ଦାସ ଏବଂ ଦଳର ଅନ୍ୟନେତାମାନେ ଦୃଢ଼ୋକ୍ତି ପ୍ରକାଶ କରିଥିଲେ । ମାତ୍ର ନୂଆପଡ଼ା ଫଳ ବାହାରିବା ସହ ଭକ୍ତଙ୍କ ସବୁ ରଣନୀତି ଫେଲ୍ ମାରିଛି । ଦଳ ଦ୍ୱିତୀୟ ସ୍ଥାନରେ ରହିବା ଭକ୍ତ ତଥା କଂଗ୍ରେସ ପାଇଁ ଏକମାତ୍ର ଭଲ ଖବର ହୋଇଥିଲେ ହେଁ ନିର୍ବାଚନୀ ବିଫଳତା ପରେ ଦଳରେ ତାଙ୍କର ନିର୍ବାଚନ ପରିଚାଳନା ଓ ରଣନୀତିକୁ ନେଇ ପ୍ରଶ୍ନ ଉଠିଛି ।

ଗତ ୨୦୨୪ ସାଧାରଣ ନିର୍ବାଚନରେ ଘାସିରାମ ମାଝୀ ସ୍ୱାଧୀନ ଭାବେ ଲଢ଼ି ୫୦,୯୪୧ ଖଣ୍ଡ ଭୋଟ ପାଇଥିବା ବେଳେ ଦଳୀୟ ପ୍ରାର୍ଥୀ ଶରତ ପଟ୍ଟନାୟକ ୧୫,୫୦୧ ଖଣ୍ଡ ଭୋଟ ପାଇଥିଲେ । ଅର୍ଥାତ୍ କଂଗ୍ରେସ ପାଖରେ ମୋଟ ୬୬,୪୪୨ ଖଣ୍ଡ ଭୋଟ ଥିଲା । ମାତ୍ର ବର୍ଷଟିଏ ମଧ୍ୟରେ ଉଭୟ ଘାସିରାମ ଏବଂ କଂଗ୍ରେସର ମିଳିତ ଭୋଟ ପ୍ରାୟ ୨୬ ହଜାର ହ୍ରାସ ପାଇଛି । ନୂଆପଡ଼ାରେ କଂଗ୍ରେସର ପରାଜୟ ପଛରେ ଭକ୍ତଙ୍କ ଅତ୍ୟଧିକ ଆତ୍ମବିଶ୍ୱାସ, ଅର୍ଥର ଘୋର୍ ଅଭାବ ଏବଂ କେନ୍ଦ୍ରୀୟ ନେତାଙ୍କ ଓଡ଼ିଶା ପ୍ରତି ଅନାଗ୍ରହ କାରଣରୁ କଂଗ୍ରେସ ଆଶାନୁଯାୟୀ ଫଳ ପାଇପାରିଲା ନାହିଁ ବୋଲି ଆଲୋଚନା ଜୋର୍ ଧରିଛି । ଏହିକ୍ରମରେ ରାଜ୍ୟ କଂଗ୍ରେସର କିଛି ବରିଷ୍ଠ ନେତାଙ୍କର ମତାମତକୁ ନେଇ ଦଳରେ ଚାପା ଗୁଞ୍ଜରଣ ଆରମ୍ଭ ହୋଇଛି ।

- ଦେଢ଼ ବର୍ଷରେ ୨୬ ହଜାର ଭୋଟ୍ ହରାଇଛି ଦଳ
- ଖରାପ ପ୍ରଦର୍ଶନର ଏକାଧିକ କାରଣ ଦର୍ଶାଇଲେ ସମୀକ୍ଷକ

ପୂର୍ବତନ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ କହିଛନ୍ତି ଯେ ବିଜେପି ପାଇଁ ଛତିଶଗଡ଼ ମୁଖ୍ୟମନ୍ତ୍ରୀ ପ୍ରଚାର କରିବାକୁ ଆସିଲେ । ବିଜେଡି ପାଇଁ ନବୀନ ପଟ୍ଟନାୟକ ଦୁଇ ଦୁଇଥର ପ୍ରଚାର କଲେ; ମାତ୍ର ଆମେ ସେହିଭଳି ସଭା କରିପାରିଲୁ ନାହିଁ । ସେହିପରି ଆଦିବାସୀ ଭୋଟ ବ୍ୟାଙ୍କକୁ ଗତଥର ପରି ନିଜ ପାଖରେ ରଖି ପାରିଲୁ ନାହିଁ ବୋଲି କହିଛନ୍ତି ବରିଷ୍ଠ ନେତା ସନ୍ତୋଷ ସିଂ ସାଲୁଜା । ନିଜେ ଘାସିରାମ ମଧ୍ୟ ନିର୍ବାଚନରେ ଟଙ୍କାର ଘୋର ଅଭାବ ଏବଂ କେନ୍ଦ୍ରୀୟ ନେତୃତ୍ୱଙ୍କ ସହଯୋଗ ନେଇ ନିଜର ବକ୍ତବ୍ୟ ରଖି ସାରିଛନ୍ତି । ଅପରପକ୍ଷେ ପିସିସି ସଭାପତି ଭକ୍ତଚରଣ ଦାସ କିନ୍ତୁ ଏନେଇ ଭିନ୍ନ ମତ ରଖିଛନ୍ତି । ସେ କହିଛନ୍ତି ଯେ ଆମେ ହିଁ ରାଜ୍ୟରେ ମୁଖ୍ୟ ବିରୋଧୀ ଦଳ । ଆମେ ହିଁ ବିଜେପିର ପ୍ରକୃତ ବିକଳ୍ପ ବୋଲି ପ୍ରମାଣିତ କରିଛୁ ।

### ବିଲରୁ ଛାଡୁନି ପାଣି; କେମିତି କରିବେ ଅମଳ

## ଗଜା ଧାନରେ ନିଆଁ ଲଗାଇଦେଲା ଚାଷୀ

ଧରାକୋଟ, ୧୫ ।୧୧(ସମିସ): ଆଖି ଆଗରେ ବର୍ଷକର ପରିଶ୍ରମ ବରବାଦ ହୋଇଗଲା । ବିଲରୁ ପାଣି ନ ଛାଡ଼ିବାରୁ ଏକର ଏକର ଜମିରେ ଧାନରୁ ଗଜା ବାହାରିଗଲା । ଦଇବ ଯାହା ଦାଉ ସାଧିଲା, ତାକୁ ଆଉ କେତେ ଦିନ ଧରି ବସିବ ଭାବି ବିଲରେ ନିଆଁ ଲଗାଇଦେଲା ଚାଷୀ । ଗଞ୍ଜାମ ଜିଲ୍ଲା ଧରାକୋଟ ବ୍ଲକ୍‌ରେ ଏମିତି ଦୃଶ୍ୟ ଦେଖିବାକୁ



ମିଳିଛି । ଧରାକୋଟ ବ୍ଲକର ଧରାକୋଟ, ମୁଣ୍ଡମରାଇ, ଶରଧାପୁର, ବାହାରପୁର, ମାଣିକପୁର, ମଛାକୋଟ, ଢଉଗାଁ ଆଦି ପଞ୍ଚାୟତରେ ଥିବା କେନାଲ ପାର୍ଶ୍ୱ ଜମି, ଗହୀର ମଥାରେ ଥିବା ଚାଷ ଜମି ବର୍ତ୍ତମାନ ସୁଦ୍ଧା ପାଣି ଘେରରେ ରହିଛି । ଧାନ ପାଣିରେ ଲୋଟି ରହିଛି । ପାଣି ଛାଡ଼ି ନଥିବାରୁ ମେସିନ ସାହାଯ୍ୟରେ କିମ୍ବା ଲୋକଙ୍କ ଦ୍ୱାରା ଚାଷୀ ଧାନ କାଟି ପାରୁନାହିଁ । ଫଳରେ ଦିନକୁ ଦିନ ଅଧିକ ପରିମାଣରେ ଧାନ ଗଜା ହେବାରେ ଲାଗିଛି ।

ଚଳିତବର୍ଷ ଆବଶ୍ୟକତାଠାରୁ ଅଧିକ ବର୍ଷା ହେବାରୁ ଚାଷୀର ମେରୁଦଣ୍ଡ ଦୋହଲି ଯାଇଛି । ଯଦିଓ ଧାନ ଫସଲ ଭଲ ହୋଇଛି ଏବଂ ଠିକ ସମୟରେ ଲଘୁଚାପ ଟଳି ଯିବାରୁ ଅମଳ ପାଇଁ ପାଗ ଅନୁକୂଳ ରହିଛି; ହେଲେ ଗହୀରିଆ ଜମିରୁ ଏଯାଏଁ ପାଣି ଛାଡ଼ିନି । ଫଳରେ ଦୀର୍ଘ ଦିନ ଧରି ଧାନ ଗଛ ସବୁ ଭୂମିରେ ଲୋଟି ରହିବାରୁ ଅଧିକାଂଶ ଜମିରେ ଧାନ ଗଜା ହୋଇଗଲାଣି । ଆଖି ଆଗରେ ବର୍ଷକର ଫସଲ ଉଜୁଡ଼ି ଯାଉଥିବା ଦେଖି ଚାଷୀ ମନ ଥୟ ଧରୁନି । ତେଣୁ, ଦଇବକୁ ଦୋଷ ଦେଇ ନିଜ ହାତରେ କରିଥିବା ଫସଲରେ ନିଆଁ ଲଗାଇ ଦେଉଛି । ଚାଷୀଙ୍କ କହିବା କଥା, ଧାନ ତ ଆଉ ଅମଳ ହେବନି, ତେଣୁ ନିଆଁ ଲଗାଇଦେଲୁ । ଜମି ଶୁଖିଲେ ବିରି, ମୁଗ ବୁଣି କିଛି ରୋଜଗାର ହେବ । କିନ୍ତୁ କିଛି ଚାଷୀ ଧୈର୍ଯ୍ୟ ହରାଇନାହାନ୍ତି । ଜମିରୁ ପାଣି ନିଷ୍କାସନ ପାଇଁ ନାଳ ବାହାର କରି ଅପେକ୍ଷାରେ ଅଛନ୍ତି । ଅନ୍ୟପଟରେ ପ୍ରଶାସନ ତରଫରୁ ଚଳିତ ବର୍ଷ କ୍ଷୟକ୍ଷତି ଆକଳନ ପାଇଁ ଏପର୍ଯ୍ୟନ୍ତ ତତ୍ପରତା ପ୍ରକାଶ ପାଇନାହିଁ । ଏଣୁ ଚାଷୀ ହତୋତ୍ସାହିତ ହୋଇ ନିଜ ଆଖି ଆଗରେ ନଷ୍ଟ ହୋଇଯାଇଥିବା ଫସଲରେ ନିଆଁ ଲଗାଇ ଦେଉଥିବା ଦେଖିବାକୁ ମିଳିଛି ।

## ପୁଲିସ କବ୍‌ଜାରେ ବିହାରୀ ବନ୍ଧୁକ ବିକ୍ରି ଗ୍ୟାଙ୍ଗ୍

ଭୁବନେଶ୍ୱର,୧୫।୧୧(ସମିସ): କମିସନରେଟ୍ ପୁଲିସ ପଞ୍ଝାରେ ବନ୍ଧୁକ ବେପାରୀ । ଭୁବନେଶ୍ୱର ମାଳିସାହି ନିକଟରୁ ସ୍ପେସାଲ କ୍ରାଇମ୍ ୟୁନିଟ୍ ଆଜି ଦୁଇ ବନ୍ଧୁକ ବେପାରୀଙ୍କୁ ଗିରଫ କରିଛି । ସେମାନେ ହେଲେ, ବିହାର ରାଜ୍ୟ ଖଗରିଆ ଜିଲ୍ଲାର ଦିବ୍ୟାଂଶୁ କୁମାର ଏବଂ ଚନ୍ଦନ କୁମାର । ସେମାନଙ୍କ ନିକଟରୁ ପୁଲିସ ଗୋଟିଏ

- ୨ ଗିରଫ; ଗ୍ରାହକ ବେଶରେ ମାଡି ବସିଲା ପୁଲିସ
- ଗୋଟିଏ କାର୍ବାଇନ୍ ରାଇଫଲ୍, ଦୁଇ ମାଗାଜିନ୍, ୫ମାଉଜର, ୯ ଗୁଳି ଜବତ
- ମାଳିସାହି ନିକଟରେ ହୋଇଥିଲା ଡିଲ୍

କାର୍ବାଇନ୍ ରାଇଫଲ, ୫ଟି ମାଉଜର୍, ୯ଟି ଗୁଳି ଜବତ କରିଛି । ବନ୍ଧୁକ ଡେଲିଭରି ଦେବାକୁ ଆସିଥିବା ବେଳେ ଗ୍ରାହକ ବେଶରେ ପୁଲିସ ଦୁହିଁଙ୍କୁ ଗିରଫ କରିଛି । ଭୁବନେଶ୍ୱର, କଟକ, ଖୋର୍ଦ୍ଧା, ଜଗତସିଂହପୁର ସମେତ ରାଜ୍ୟର ବିଭିନ୍ନ ସ୍ଥାନରୁ ଏମାନଙ୍କ ଚେର ଲମ୍ବିଥିବା ପୁଲିସ ଜାଣିବାକୁ ପାଇଛି । ଏମାନେ କିଛି ନାମୀ ଦାମୀ ଅପରାଧୀଙ୍କୁ ବନ୍ଧୁକ ବିକୁଥିଲେ । ତେବେ ଏମାନଙ୍କ ସହ ଆଉ କିଏ କିଏ ସାମିଲ ଅଛନ୍ତି, ଏମାନେ କେଉଁଠୁ ବନ୍ଧୁକ ଆଣିଥିଲେ, ଏଠି କାହାକୁ ଦେଇଥା'ନ୍ତେ, ଆଗରୁ କେତେଥର ବନ୍ଧୁକ ବିକିଛନ୍ତି, ସେ



ସଂପର୍କରେ ପୁଲିସ ଉଭୟଙ୍କୁ ଜେରା କରୁଥିବା ପୁଲିସ କମିସନର ଏସ୍. ଦେବଦତ୍ତ ସିଂ ସୂଚନା ଦେଇଛନ୍ତି ।

ଅଭିଯୁକ୍ତଦ୍ୱୟ ବିହାରରୁ ବନ୍ଧୁକ ଆଣି ଏଠାରେ ବିକ୍ରି କରନ୍ତି । ଏମାନେ କେବଳ ସପ୍ଲାୟର୍ । କଟକ, ଭୁବନେଶ୍ୱର ଓ ଆଖପାଖ ଅଞ୍ଚଳର ବହୁ ଅପରାଧୀଙ୍କୁ ଏମାନେ ଏକାଧିକବାର ବନ୍ଧୁକ ଯୋଗାଇଛନ୍ତି । ହେଲେ କେବେ ଧରାପଡ଼ିନାହାନ୍ତି । ନିକଟ ଅତୀତରେ ପୁଲିସ ବନ୍ଧୁକ ରଖିଥିବା ଜଣେ ଯୁବକକୁ ଧରିଥିଲା । ତା' ସୂଚନା ଆଧାରରେ ପୁଲିସ ଏହି ବିହାରୀ ବନ୍ଧୁକ ବ୍ୟବସାୟୀଙ୍କ ପାଖରେ ପହଞ୍ଚିଥିବା ଜଣାଯାଇଛି । ଦୀର୍ଘ ଦିନ ହେବ ପୁଲିସ ଏହି ଗ୍ୟାଙ୍ଗ୍ ଉପରେ ନଜର ରଖିଥିଲା । କିନ୍ତୁ ସେମାନେ ବିହାର ପଳାଇଥିବାରୁ ପୁଲିସ ପାଉନଥିଲା । ତେଣୁ ସେମାନଙ୍କୁ ଧରିବା ପାଇଁ ପୁଲିସ ଜାଲ ବିଛାଇଥିଲା । ଗ୍ରାହକ ଭାବେ ପୁଲିସ ସେମାନଙ୍କ ସହ ଯୋଗାଯୋଗ କରିଥିଲା । ଶେଷରେ ୬ଟି ବନ୍ଧୁକ ପାଇଁ ଡିଲ୍ ଫାଇନାଲ ହୋଇଥିଲା ।

ତେବେ କେଉଁ ସ୍ଥାନରେ ଡେଲିଭରି ହେବ, ତାହା ଅଭିଯୁକ୍ତଦ୍ୱୟ ସ୍ଥିର କରିଥିଲେ । ସେମାନଙ୍କ ସବୁ ସର୍ତ୍ତ ମାନି ପୁଲିସ ମାନି ନେଇଥିଲା । ଏପରିକି, ବିଶ୍ୱାସ ଜନ୍ମାଇବା ପାଇଁ ପୁଲିସ ଅଗ୍ରିମ ଆକାରରେ କିଛି ଟଙ୍କା ମଧ୍ୟ ଦେଇଥିଲା । ଟଙ୍କା ମିଳିବା ପରେ ଅଭିଯୁକ୍ତଦ୍ୱୟ ବିହାରରୁ ବାହାରିଥିଲେ । ସେମାନେ ଟ୍ରେନ୍‌ରେ ଭୁବନେଶ୍ୱରରେ ପହଞ୍ଚିବା ପରେ ଯୋଗାଯୋଗ କରିଥିଲେ । ୧୪ ତାରିଖ ରାତିରେ ଷ୍ଟେସନ ନିକଟସ୍ଥ ମାଳିସାହି ପାଖରେ ବନ୍ଧୁକ ମିଳିଯିବ ବୋଲି କହିଥିଲେ । ସେମାନଙ୍କ କହିବାନୁଯାୟୀ ପୁଲିସ ଠିକ୍ ସମୟରେ ସେଠାରେ ପହଞ୍ଚି ଯାଇଥିଲା । ସେମାନେ ବନ୍ଧୁକ ଦେବା ବେଳେ ପାଖରେ ଉପସ୍ଥିତ ଥିବା ଅନ୍ୟ ପୁଲିସ ଅଧିକାରୀମାନେ ଅଭିଯୁକ୍ତଦ୍ୱୟଙ୍କୁ କାବୁ କରିନେଇଥିଲେ । ଅପରେସନ୍ ଏତେ ସତର୍କତାର ସହ କରାଯାଇଥିଲା ଯେ ସେମାନଙ୍କୁ ବିରୋଧ କରିବା କିମ୍ବା ହାତାହାତି କରିବାକୁ ବି ପୁଲିସ ସୁଯୋଗ ଦେଇନଥିଲା ।

# ଚୋରା ଗ୍ୟାସ ସିଲିଣ୍ଡର ବୋଝେଇ ପିକ୍ଅପ୍ ଜବତ

କିଶୋରନଗର,୧୫ ।୧୧(ସମିସ)




ଅନୁଗୋଳ ଜିଲ୍ଲା କିଶୋରନଗର ଥାନା ଧଉରାପାଲି ମହିମା ଏଚପି ଗ୍ୟାସ ଗ୍ରାମୀଣ ବିତରକ ଏଜେନ୍ସିର ୬୪ଟି ଚୋରା ଗ୍ୟାସ ସିଲିଣ୍ଡର ବୋଝାଇ ଏକ ପିକ୍ଅପ୍ ଗାଡ଼ିକୁ ଜବତ କରିଛି ପୁଲିସ। ଏଥିସହ ବିତରକ ଏଜେନ୍ସିର ଗୋଦାମରୁ ଗୋଟିଏ ଟ୍ରକ ଓ ଆଉ ଗୋଟିଏ ସିଲିଣ୍ଡର ବୋଝେଇ ପିକ୍ଅପ୍କୁ ମଧ୍ୟ ତଦନ୍ତ ପାଇଁ ଜବତ କରି ଥାନାକୁ ଆଣିଛି ପୁଲିସ ଓ ଯୋଗାଣ ବିଭାଗ। ୪ ଜଣ ଡ୍ରାଇଭରଙ୍କୁ ଅଟକ ରଖି ପୁଲିସ ତଦନ୍ତ ଆରମ୍ଭ କରିଛି। କିଶୋରନଗର ଅଞ୍ଚଳର ଏହି ଏକମାତ୍ର ଗ୍ୟାସ ବିତରକ ଏଜେନ୍ସି ଲୋକଙ୍କୁ ଦୀର୍ଘଦିନ ଧରି ଶୋଷଣ କରିଆସୁଥିଲା। ଲୋକେ ବାରମ୍ବାର ଏ ନେଇ ଯୋଗାଣ ବିଭାଗକୁ ଅଭିଯୋଗ କରିଥିଲେ ମଧ୍ୟ ବିଭାଗ ନିଦାବିଷ୍ଟୁ ସାଜିଥିଲା। ଶନିବାର ୫୫ନଂ ଜାତୀୟରାଜପଥର କୁଟାସିଙ୍ଗାଠାରେ ଏକ ଗ୍ୟାସ ବୋଝେଇ ଟ୍ରକରୁ ମହିମା ଏଚ୍‌ପି ଗ୍ୟାସ ଏଜେନ୍ସିର ଏକ ପିକ୍ଅପ୍ ଭ୍ୟାନରେ ୬୪ଟି ୧୪କେଜି ବିଶିଷ୍ଟ ଗ୍ୟାସ ସିଲିଣ୍ଡର ବୋଝେଇ କରି କିଶୋରନଗର ଆଡ଼କୁ ଆସୁଥିବା ବେଳେ ଭୋର ୪ଟାବେଳେ କିଶୋରନଗର ଥାନା ପୁଲିସ ସଦଳବଳ ପହଞ୍ଚି ଗାଡ଼ି ଜବତ କରିବା ସହ ଚାଳକଙ୍କୁ ହେପାଜତକୁ ନେଇଥିଲା। ପରେ ପୁଲିସ ଓ ଯୋଗାଣ ବିଭାଗ ଏଜେନ୍ସିର ଗୋଦାମରୁ ଆଉ ଏକ ଗ୍ୟାସ୍ ସିଲିଣ୍ଡର ବୋଝେଇ ପିକ୍ଅପ୍କୁ ଥାନାକୁ ଆଣି ତଦନ୍ତ ଜାରି ରଖିଛି। ଆଠମଲ୍ଲିକ ଏସଡିପିଓ ସୁଶାନ୍ତ ତାଉଡ଼ିଆ ଓ ଏସସିଏସଓ ଏହାର ତଦନ୍ତ କରୁଛନ୍ତି। ତଦନ୍ତ ସରିଲେ ପ୍ରକୃତ ତଥ୍ୟ ପଦାକୁ ଆସିବ ବୋଲି ଏସଡିପିଓ ତାଉଡ଼ିଆ କହିଛନ୍ତି।

# ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା ଉଦଯାପିତ



**ବଣ୍ଟଲା,୧୫ ।୧୧(ସମିସ):** କିଶୋରନଗର ବ୍ଲକ ବଣ୍ଟଲା ଜନତା ମହାବିଦ୍ୟାଳୟରେ ଦୁଇଦିନ ଧରି ଆୟୋଜିତ ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା ଶୁକ୍ରବାର ଉଦଯାପିତ ହୋଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ପ୍ରଶାନ୍ତ ଖମାରୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଆଠମଲ୍ଲିକ ଉପଜିଲ୍ଲାପାଳ ଉପେନ୍ଦ୍ର ଲୁହା ଯୋଗଦେଇ କ୍ରୀଡ଼ା ମନୁଷ୍ୟର ସ୍ୱାସ୍ଥ୍ୟ ଫିଟ୍ ରଖେ ବୋଲି କହିଥିଲେ। ଅନ୍ୟତମ ଅତିଥିଭାବେ ଅଧ୍ୟାପକ ଅସିତ କୁମାର ଜେନା, ନିରଞ୍ଜନ ସାସ, ହରିହର ପ୍ରଧାନ, ଚନ୍ଦ୍ରଶେଖର ସିଂ, ଶ୍ରୁତଶ୍ରୀ ପ୍ରଧାନ, ଦୀପକ ବେହେରା, ଅଦିତିମାତା ସାହୁ ପ୍ରମୁଖ ଯୋଗଦେଇଥିଲେ। ମହାବିଦ୍ୟାଳୟର ୮ ଶହ ଛାତ୍ରଛାତ୍ରୀ ବିଭିନ୍ନ କ୍ରୀଡ଼ାରେ ଭାଗ ନେଇଥିଲେ। ଦୌଡ଼, ଉଚ୍ଚଡିଆଁ, ଲମ୍ବଡିଆଁ ଆଦି ଅନେକ କ୍ରୀଡ଼ା ଅନୁଷ୍ଠିତ ହୋଇଥିଲା। ନାଳମଣି ସାହୁ, ବିଜୟକୁମାର ପ୍ରଧାନ କ୍ରୀଡ଼ା ପରିଚାଳନା କରିଥିଲେ।

# କଣିହାଁ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା



**କଣିହାଁ,୧୫ ।୧୧(ସମିସ):** ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିକାଶ ବିଭାଗ ଆନୁକୂଲ୍ୟରେ କଣିହାଁ ପ୍ରାଣୀ ଚିକିତ୍ସାଳୟ କାର୍ଯ୍ୟାଳୟ ପରିସରରେ ଶନିବାର କଣିହାଁ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି, ସମ୍ମାନିତ ଅତିଥି ଭାବେ ଢେଙ୍କାନାଳ ସାଂସଦଙ୍କ ପ୍ରତିନିଧି ତ୍ରିପୁରାରୀ ପ୍ରଧାନ, ତାଳଚେର ବିଧାୟକଙ୍କ ପ୍ରତିନିଧି ସୁନୀଲ କୁମାର ପ୍ରଧାନ, କଣିହାଁ ପଞ୍ଚାୟତ ସମିତି ଅଧ୍ୟକ୍ଷ ରାମକୃଷ୍ଣ ପ୍ରଧାନ, ଉପାଧ୍ୟକ୍ଷା ଜୟନ୍ତୀ ପ୍ରଧାନ, ଜିଲ୍ଲାପରିଷଦ ସଭ୍ୟ ରଞ୍ଜନ ସାହୁ, କଣିହାଁ ବିଡିଓ ତ୍ରିବିକ୍ରମ କୁମୁରା, ତାଳଚେର ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ସୁବାସଚନ୍ଦ୍ର ସାହୁ, ଅନୁଗୋଳ ସହକାରୀ ପ୍ରାଣୀ ଚିକିତ୍ସା ଅଧିକାରୀ ମହାକୁଡ଼ ରାଟେଲ, କଣିହାଁ ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ଶୁଭେନ୍ଦୁ ରଞ୍ଜନ ସେଠୀ ପ୍ରମୁଖ ଯୋଗଦେଇ ମେଳାର ଶୁଭାରମ୍ଭ କରିଥିଲେ। ମତ୍ସ୍ୟ ଓ ପ୍ରାଣୀସମ୍ପଦର ଅଭିବୃଦ୍ଧି ହେଲେ ଚାଷୀମାନଙ୍କ ଅଭିବୃଦ୍ଧି ହେବ। ଘରର ଆର୍ଥିକ ସ୍ଥିତି ମଜବୁତ କରିବା ପାଇଁ ଚାଷ ଜରୁରୀ ବୋଲି ମୁଖ୍ୟଅତିଥି ବିଧାୟକ ମହାନ୍ତି କହିଥିଲେ। ମେଳାରେ ପ୍ରାଣୀ ସମ୍ପଦ ବିଭାଗର ୪ ସଫଳ ଚାଷୀ ଓ ମତ୍ସ୍ୟ ବିଭାଗର ୪ ସଫଳ ଚାଷୀଙ୍କୁ ଅତିଥି ସମ୍ମାନିତ କରିଥିଲେ। ଏଥିରେ ମତ୍ସ୍ୟ, ପ୍ରାଣୀସମ୍ପଦ ଓ ଅନ୍ୟାନ୍ୟ ବିଭାଗୀୟ କାର୍ଯ୍ୟକ୍ରମର ପ୍ରଦର୍ଶନୀ, ଚାଷୀ-ବିଶେଷଜ୍ଞ ଆଲୋଚନାଚକ୍ର, ସଚେତନତା ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କଣିହାଁ ପ୍ରାଣୀ ଚିକିତ୍ସା ଅଧିକାରୀ ଶୁଭେନ୍ଦୁ ରଞ୍ଜନ ସେଠୀ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସହକାରୀ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ଅଙ୍କିତା ଆରାଧନା ମଞ୍ଚ ପରିଚାଳନା କରିଥିଲେ। ରେଙ୍ଗାଳି ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ତୁଷାରକାନ୍ତ ଗଡ଼ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। ଛାତ୍ରୀଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ଗାନ କରଯାଇଥିଲା।

# ବିଦ୍ୟୁତ୍ କାଟ: ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ରୋଗୀ ହୀନସ୍ତା

**ଅନୁଗୋଳ,୧୫ ।୧୧(ସମିସ):** ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଅବ୍ୟବସ୍ଥା। ବିଦ୍ୟୁତ୍ କାଟ ହେଲେ ରୋଗୀଙ୍କୁ ଭଗବାନଙ୍କ ଭରସାରେ ରହିବାକୁ ପଡୁଛି। ବିଦ୍ୟୁତ୍ କାଟ ଯୋଗୁଁ ରକ୍ତପରୀକ୍ଷା ମଧ୍ୟ ହୋଇପାରୁ ନାହିଁ। ବିଦ୍ୟୁତ ବିଭାଗ ପକ୍ଷରୁ ମରାମତି ପାଇଁ ଶନିବାର ସକାଳ ୮ଟାରୁ ଅପରାହ୍ନ ୫ଟା ପର୍ଯ୍ୟନ୍ତ ସମଗ୍ର ଅନୁଗୋଳ ସହରରେ ବିଦ୍ୟୁତ୍ ସେବା ବନ୍ଦ ହୋଇଥିଲା। ଯାହାର ସିଧାସଳଖ ପ୍ରଭାବ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ପଡ଼ିଥିବା ରୋଗୀଙ୍କ ଉପରେ ପଡ଼ିଥିଲା। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ବିଦ୍ୟୁତ୍ କାଟ ପାଇଁ କୌଣସି ବିକଳ୍ପ ବ୍ୟବସ୍ଥା ନାହିଁ। ଫଳରେ ରୋଗୀଙ୍କ ରକ୍ତପରୀକ୍ଷା ଏବଂ ଫିଜିଓଥେରାପି ବନ୍ଦ ହୋଇଯାଇଥିଲା। ଦୂର ଦୂରାନ୍ତରୁ ଆସି ରକ୍ତ ପରୀକ୍ଷା କରି ନ ପାରି ରୋଗୀ ନିରାଶ ହୋଇ ଫେରିଥିଲେ। ସେହିପରି ଫିଜିଓଥାରାପି ପାଇଁ ଲାଗିଥିବା ଅତ୍ୟାଧୁନିକ ମେସିନ ମଧ୍ୟ ବିଦ୍ୟୁତ ସେବା ବିଚ୍ଛିନ୍ନ ଯୋଗୁଁ ଚାଲିପାରି ନ ଥିଲା। ଏପରିକି ଡାକ୍ତରଖାନାର କିଛି କରିଡର ଓ ରୁମ୍ ସମ୍ପୂର୍ଣ୍ଣ ଅନ୍ଧାରରେ ଥିବା ଦେଖିବାକୁ ମିଳିଥିଲା। କିଛିଦିନ ତଳେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ମେଡିକାଲ କଲେଜ ମାନ୍ୟତା ପାଇ ମେଡିକାଲ ପାଠ ପଢ଼ିବା ପାଇଁ ଛାତ୍ରଛାତ୍ରୀଙ୍କୁ ଶୁକ୍ରବାର ସ୍ୱାଗତ ମଧ୍ୟ କରାଯାଇଛି। କିନ୍ତୁ ଆଜି ଏପରି ଅବ୍ୟବସ୍ଥା ପାଇଁ ରୋଗୀ ନିନ୍ଦା କରିଛନ୍ତି। ବିଦ୍ୟୁତ୍ କାଟ ହେଲେ କୌଣସି ବିକଳ୍ପ ବ୍ୟବସ୍ଥା କାହିଁକି କରାଯାଇନାହିଁ ବୋଲି ବୁଦ୍ଧିଜୀବୀ ପ୍ରଶ୍ନ କରିଛନ୍ତି।

**ସାମାନ୍ୟ ରକ୍ତ ପରୀକ୍ଷା କରି ନ ପାରି ଫେରିଲେ**

# ଲାୟନ୍ସ କ୍ଲବ୍ ଦ୍ୱାରା ମଧୁମେହ ଓ ଚକ୍ଷୁ ଚିକିତ୍ସା ଶିବିର



**ଅନୁଗୋଳ,୧୫ ।୧୧(ସମିସ):** ଲାୟନ୍ସ କ୍ଲବ୍ ଅନୁଗୋଳ ଆନୁକୂଲ୍ୟରେ ମଧୁମେହ ଓ ଚକ୍ଷୁ ଚିକିତ୍ସା ଶିବିର କ୍ଲବ ସଭାପତି ତ୍ରୈଲୋକ୍ୟ ଦେହୁରୀଙ୍କ ତତ୍ତ୍ୱାବଧାନରେ ସ୍ଥାନୀୟ କଳମଛୁଇଁ ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ କଳମଛୁଇଁ ସରପଞ୍ଚ ଅନିଲ କୁମାର ପ୍ରଧାନ, ଓ ଲାୟନ ଅନୁପ ସେନଗୁପ୍ତା, ଲାୟନ ଅକର୍ମ ବାରିକ ସହଯୋଗ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କ୍ଲବର ବରିଷ୍ଠ ସଭ୍ୟ ଲାୟନ ପ୍ରଭାତ ପାଳିତ, ଲାୟନ ପରମାନନ୍ଦ ମିଶ୍ର, ଲାୟନ କଳ୍ପନା ପାଳିତ, ଲାୟନ ଅଭୟ ସାହୁ, ସମାଜସେବୀ ଦୀନବନ୍ଧୁ ପ୍ରଧାନ, ଲାୟନ ବିମ୍ବାଧର ବେହେରା, ଲାୟନ କମଳଲୋଚନ ମହାରଣା, ଲାୟନ ପବିତ୍ର ବିଶ୍ୱାଳ, ଲାୟନ ରଶ୍ମିରଞ୍ଜନ ମହାନ୍ତି, ଲାୟନ ମାନସ ରଞ୍ଜନ ପ୍ରଧାନ, ଲାୟନ ରାଜକିଶୋର ଅଗ୍ରୱାଲା ପ୍ରମୁଖ ସହଯୋଗ କରିଥିଲେ। ଲାୟନ୍ସ ଚକ୍ଷୁ ଚିକିତ୍ସାଳୟର ମ୍ୟାନେଜର ଲିନୁ ମାଝୀଙ୍କ ସହ ଅନ୍ୟ କର୍ମକର୍ତ୍ତାମାନେ ଚକ୍ଷୁ ଚିକିତ୍ସା କରିଥିବା ବେଳେ ଡା. ବ୍ରହ୍ମାନନ୍ଦ ପଣ୍ଡା ମଧୁମେହ ରୋଗୀଙ୍କ ପରୀକ୍ଷାନିରୀକ୍ଷା କରିଥିଲେ। ଶିବିରରେ ୨୦୦ରୁ ଊର୍ଦ୍ଧ୍ୱ ରୋଗୀଙ୍କ ଚିକିତ୍ସା କରାଯାଇଥିଲା।

# ଜନଜାତୀୟ ଗୌରବ ଦିବସ ପାଳିତ



**ପାଲଲହଡ଼ା,୧୫ ।୧୧(ସମିସ):** ସ୍ଥାନୀୟ ପାଲଲହଡ଼ା ଷ୍ଟାଡିୟମରେ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ କ୍ରାନ୍ତିକାରୀ ଆଦିବାସୀ ନେତା ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ଅବସରରେ ଉପଖଣ୍ଡ ପ୍ରଶାସନ ପକ୍ଷରୁ ଜିଲ୍ଲାସ୍ତରୀୟ ଜନଜାତୀୟ ଗୌରବ ଦିବସ ପାଳିତ ହୋଇଛି। ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଢେଙ୍କାନାଳ ସାଂସଦ ରୁଦ୍ରନାରାୟଣ ପାଣି, ସ୍ୱତନ୍ତ୍ର ଅତିଥି ଭାବେ ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି, ସମ୍ମାନିତ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ରୀନାରାଣୀ ନାଏକ, ବିଡିଓ ନିଶାନ ମିଶ୍ର, ଜିଲ୍ଲା ମଙ୍ଗଳ ଅଧିକାରୀ ଦିଲୀପ କୁମାର ମିଶ୍ର, ସହକାରୀ ବନ ସଂରକ୍ଷକ ସ୍ୱାଧୀନତା ସାହାଣି, ଜିଲ୍ଲା ଆଦିବାସୀ ମୋର୍ଚ୍ଚା ସଭାପତି ଅର୍ଜୁନ କିସକୁ, ବିର୍ସା ବିକାଶ ସମିତି ସାଧାରଣ ସମ୍ପାଦକ ଚନ୍ଦ୍ରମୋହନ ମୁଣ୍ଡୁରୀ ଯୋଗଦେଇଥିଲେ। ସକାଳେ ଉଦିତନଗରସ୍ଥିତ ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତିରେ ବିଧାୟକ ମହାନ୍ତି, ସାଂସଦ ପାଣି, ଅତିରିକ୍ତ ଜିଲ୍ଲାପାଳ ପ୍ରୀତିମୟ, ବ୍ଲକ ଅଧ୍ୟକ୍ଷା ନାଏକ, ବିଡିଓ ମିଶ୍ରଙ୍କ ସମେତ ଉପଖଣ୍ଡର ବିଭିନ୍ନ ବିଭାଗର ଅଧିକାରୀ ମାଲ୍ୟାର୍ପଣ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ସେଠାରୁ ବିଶାଳ ଶୋଭାଯାତ୍ରା ବାହାରି ଷ୍ଟାଡିୟମରେ ପହଞ୍ଚିବା ପରେ ସଭା ଅନୁଷ୍ଠିତ ହୋଇଥିଲା। ପ୍ରାରମ୍ଭରେ ବୀର ଜନଜାତି ନାୟକ ଓ ସ୍ୱାଧୀନତା ସଂଗ୍ରାମୀମାନଙ୍କ ସ୍ମୃତିଚାରଣ କରାଯାଇଥିଲା। ଆଭାସି ମାଧ୍ୟମରେ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟକ୍ରମର ସିଧାପ୍ରସାରଣ କରାଯାଇଥିଲା। ଭାରତର ରାଷ୍ଟ୍ରପତି ଏବଂ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଆଦିବାସୀ ହେବା ସମସ୍ତଙ୍କ ପାଇଁ ଗୌରବର ବିଷୟ ବୋଲି ମୁଖ୍ୟଅତିଥି ମତବ୍ୟକ୍ତ କରିଥିଲେ। ଜନଜାତି କଲ୍ୟାଣ ଯୋଜନା ବିଷୟରେ ମଧ୍ୟ ସୂଚନା ଦେଇଥିଲେ। ଓଡ଼ିଶା ବିଭିନ୍ନ ଜନଜାତିମାନେ ସଚେତନତା ଅଭାବ ଯୋଗୁଁ ସମସ୍ତ ସରକାରୀ ଯୋଜନା ପାଇପାରୁ ନ ଥିବାରୁ ବିଭାଗୀୟ ଅଧିକାରୀମାନେ ଏଥିପ୍ରତି ଯତ୍ନବାନ ହେବାକୁ ବିଧାୟକ ମହାନ୍ତି ପରାମର୍ଶ ଦେଇଥିଲେ। ଜଙ୍ଗଲ ଅଧିକାର, ପଟ୍ଟା, ଆଧାର କାର୍ଡ, ଗ୍ରାମୀଣ ଆବାସ, ସମସ୍ତ ଗାଁକୁ ପାନୀୟ ଜଳ, ସ୍ଥାୟୀ ରାସ୍ତା ନିର୍ମାଣକୁ ଅଗ୍ରାଧିକାର ଦେବାକୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଘୋଷଣା କରିଥିବା ସେ କହିଥିଲେ। ୧୭ଟି ବିଭାଗ ଦ୍ୱାରା ଜନଜାତିମାନଙ୍କ ନିମନ୍ତେ କାର୍ଯ୍ୟକାରୀ ହେଉଥିବା ଯୋଜନାଗୁଡ଼ିକର ପ୍ରଚାରପ୍ରସାର ଓ ସଫଳ ରୂପାୟନ ନିମନ୍ତେ ପ୍ରଦର୍ଶନୀ ଆୟୋଜିତ ହୋଇଥିଲା। ଏହି ଅବସରରେ ଆଭାସି ମାଧ୍ୟମରେ ପ୍ରଧାନମନ୍ତ୍ରୀଙ୍କ ଦ୍ୱାରା ତପ୍ତଝରଣ ଗ୍ରାମରେ ବହୁମୁଖୀ ଉନ୍ନୟନ କେନ୍ଦ୍ରର ଲୋକାର୍ପଣ କରାଯାଇଥିଲା। ହିତାକାରୀଙ୍କୁ ପିଏମ-ଜନମନ ଗ୍ରାମୀଣ ଗୃହ ଯୋଜନାରେ ଗୃହ, ଲେବର କାର୍ଡ, ଜାତିଗତ ପରିଚୟପତ୍ର, ପିଏମ କିଶାନ ପ୍ରମାଣପତ୍ର, ବ୍ୟକ୍ତିଗତ ଜଙ୍ଗଲ ଜମି ପଟ୍ଟା, ଗୋଷ୍ଠୀଗତ ଜଙ୍ଗଲ ଜମି ପଟ୍ଟା ପ୍ରଦାନ କରାଯାଇଥିଲା। ଜିଲ୍ଲା ସହକାରୀ ମଙ୍ଗଳ ଅଧିକାରିଣୀ ସୀମା ଦେହୁରୀ, ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ମନୋରଞ୍ଜନ ରାଉତ ଓ କର୍ମଚାରୀ ଅତୁଲ୍ୟ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ସାମ୍ବାଦିକଙ୍କୁ ମରଣାନ୍ତକ ଆକ୍ରମଣ

**ଅନୁଗୋଳ ସଦର,୧୫ ।୧୧(ସମିସ):** ପାଲଲହଡ଼ା ବ୍ଲକ୍ ଖମାର ପାତଳା ଛକ ନିକଟରେ ନାଓ ଓଡ଼ିଶା ନ୍ୟୁଜର ଓଡ଼ିଶା ସ୍ୱତନ୍ତ୍ର ପ୍ରତିନିଧି ଗୁରୁଚରଣ ମହାନ୍ତିଙ୍କୁ ମରଣାନ୍ତକ ଆକ୍ରମଣ ସହ ଲୁଟପାଟ କରାଯାଇଥିବା ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାୟୀ, ଗତ ୧୩ ମଧ୍ୟାହ୍ନରେ ଗୁରୁଚରଣ ନିଜ ଗାଡ଼ିରେ ପାତଳା ଛକରୁ ଖମାର ଯାଉଥିବା ବେଳେ ଶଙ୍ଖପୁରର ପ୍ରହ୍ଲାଦ ପ୍ରଧାନ, ବଳିଆ ସାହୁ ଓ ତାଙ୍କର ୫ ଜଣ ସହଯୋଗୀ ତାଙ୍କ ଗାଡ଼ି ଚାବି ଛଡ଼ାଇଥିଲେ। ପରେ ତାଙ୍କୁ ହଠାତ୍ ଆକ୍ରମଣ କରିବା ସହ ଗାଡ଼ି ଡିକି ଖୋଲି ସେଥିରେ ଥିବା ସୁନାଚେନ୍ ଓ ଦୁଇଟି ମୁଦି ନେଇଥିଲେ। ଏଥିସହ ପ୍ରହ୍ଲାଦ ପ୍ରଧାନ ତାଙ୍କ ପକେଟରୁ ୧୨୦୦୦ ଟଙ୍କା ନେଇଯାଇଥିଲେ। ଅଭଦ୍ର ଭାଷାରେ ଗାଳିଗୁଲଜ କରିବା ସହ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ଏହି ଆକ୍ରମଣରେ ଗୁରୁଚରଣଙ୍କ ମୁଣ୍ଡ, ଦୁଇ କାନ ଏବଂ ଦୁଇ ଆଖିରେ ଗଭୀର ଆଘାତ ଲାଗିଛି। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଖମାର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ଗୁରୁଚରଣ ଏ ନେଇ ଖମାର ଥାନାରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ପୁଲିସ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନ ଥିବାରୁ ଶନିବାର ସେ ଏସ୍‌ପିଙ୍କୁ ଅଭିଯୋଗ କରିଛନ୍ତି। ତାଙ୍କୁ ତଥା ତାଙ୍କ ପରିବାର ଲୋକଙ୍କୁ ସୁରକ୍ଷା ଯୋଗାଇଦେବାକୁ ଅନୁରୋଧ କରିଛନ୍ତି। ନ୍ୟାୟ ନ ମିଳିଲେ ଅଗାମୀ ଦିନରେ ମୁଖ୍ୟମନ୍ତ୍ରୀଙ୍କୁ ଜଣାଇ ବିଧାନସଭା ଆଗରେ ଆମରଣ ଅନଶନ କରିବେ ବୋଲି କହିଛନ୍ତି।



# ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା



**ଅନୁଗୋଳ,୧୫ ।୧୧(ସମିସ):** ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ ବର ପଡ଼ିଆରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା-୨୦୨୫ ଆୟୋଜିତ ହୋଇଛି। ଜିଲ୍ଲାପରିଷଦ ଅଧ୍ୟକ୍ଷା ବବିତା ପ୍ରଧାନ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ସତ୍ୟନାରାୟଣ ସାହୁ, ସମ୍ମାନିତ ଅତିଥି ଭାବେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ତଥା ସମ୍ବଲପୁର ସାଂସଦଙ୍କ ପ୍ରତିନିଧି ସରୋଜ କୁମାର ସାହୁ, ଆଠମଲ୍ଲିକ ବିଧାୟକଙ୍କ ପ୍ରତିନିଧି କୁମୁଦ କୁମାର ପ୍ରଧାନ କିଶୋରନଗର ବ୍ଲକ ଅଧ୍ୟକ୍ଷା ସୌରିନ୍ଦ୍ରୀ ପ୍ରଧାନ, ବିଡିଓ ସୁବ୍ରତ କୁମାର ବେହେରା, ଜିଲ୍ଲା ମତ୍ସ୍ୟ ଅଧିକାରୀ ପ୍ରଶାନ୍ତ କୁମାର ପାଣିଗ୍ରାହୀ, ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ଅମରେଶ କୁମାର ସ୍ୱାଇଁ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଅତିଥିମାନେ ବିଭିନ୍ନ ସରକାରୀ ଯୋଜନା ଏବଂ ଏହାର ଉପାଦେୟତା ସମ୍ପର୍କରେ ଆଲୋକପାତ କରିଥିଲେ। ୮ ଜଣ ସଫଳ ଚାଷୀଙ୍କୁ ଏକ ହଜାର ଟଙ୍କା ଲେଖାଏଁ ପୁରସ୍କାର ସହ ମାନପତ୍ର, ଟ୍ରଫି ଏବଂ ଉତ୍ତରୀୟ ଦେଇ ସମ୍ମାନିତ କରାଯାଇଥିଲା। ବ୍ଲକର ୬ ଶହରୁ ଊର୍ଦ୍ଧ୍ୱ ଚାଷୀ ଓ ସ୍ୱୟଂ ସହାୟକ ଗୋଷ୍ଠୀ ସଦସ୍ୟା ଉପସ୍ଥିତ ଥିଲେ। ୩ ଜଣ ଚାଷୀ ଏବଂ ଗୋଟିଏ ସ୍ୱୟଂ ସହାୟକ ଗୋଷ୍ଠୀକୁ ସହାୟତା ରାଶି ପ୍ରଦାନ କରାଯାଇଥିଲା। ପ୍ରାଣୀ ସମ୍ପଦ ବିଭାଗର ୩ ଏବଂ ମତ୍ସ୍ୟ ବିଭାଗର ୩ ଜଣ ଚାଷୀଙ୍କୁ କାର୍ଯ୍ୟାଦେଶ ପ୍ରଦାନ କରାଯାଇଥିଲା। ବ୍ଲକ ସାଂସ୍କୃତିକ ପରିଷଦ ଦ୍ୱାରା ପାଲା ମାଧ୍ୟମରେ ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିଭାଗର ବିଭିନ୍ନ ଯୋଜନା ସମ୍ପର୍କରେ ସଚେତନ କରାଯାଇଥିଲା। ଏହି ଅବସରରେ ମତ୍ସ୍ୟ ଚାଷୀମାନଙ୍କୁ ଜାତୀୟ ମତ୍ସ୍ୟ ଡିଜିଟାଲ ପୋର୍ଟାଲରେ ପଞ୍ଜୀକରଣ ଓ ପ୍ରାଣୀପାଳକମାନଙ୍କୁ ପ୍ରାଣୀଧନ ବୀମା ଅନ୍ତର୍ଭୁକ୍ତ କରାଯାଇଥିଲା। ପ୍ରାଣୀସମ୍ପଦ, ମତ୍ସ୍ୟ, କୃଷି, ଉଦ୍ୟାନ କୃଷି, ଓମ୍‌ଫେଡ, ମିଶନଶକ୍ତି, ପାଉଡ଼ି ଭୂୟାଁ ଜନଜାତି ଉନ୍ନୟନ ବିଭାଗ ପ୍ରଦର୍ଶନୀ ମାଧ୍ୟମରେ ନିଜ ଯୋଜନା ସମ୍ପର୍କରେ ଅବଗତ କରାଇଥିଲେ। ସନ୍ତୋଷ ସାହୁ ମଞ୍ଚ ପରିଚାଳନା କରିଥିବାବେଳେ କିଶୋରନଗର ସହକାରୀ ମତ୍ସ୍ୟ ଅଧିକାରୀ, ଡା, ସୁଭାଷିନୀ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

# ସରକାରୀ ଆଇଟିଆଇ କ୍ୱାର୍ଟର୍ସରେ ଅଗ୍ନିକାଣ୍ଡ



**ତାଳଚେର,୧୫ ।୧୧(ସମିସ):** ତାଳଚେର ପୌରପରିଷଦ ବାଘୁଆବୋଲସ୍ଥିତ ସରକାରୀ ଆଇଟିଆଇ କ୍ୱାର୍ଟର୍ସର ଦ୍ୱିତୀୟ ମହଲାରେ ନିଆଁ ଲାଗିଯାଇଛି। କ୍ୱାର୍ଟର୍ସରେ ରହୁଥିବା ଜଣେ ମହିଳା ରୋଷେଇ କରୁଥିବା ସମୟରେ ଏସିରୁ ପ୍ରଥମେ ନିଆଁ ଲାଗିଥିଲା। ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ତେବେ ଘରେ ଥିବା ଏସି, ଫ୍ରିଜ୍, କୁଲର ଓ ଅନ୍ୟାନ୍ୟ ଆସବାବପତ୍ର ପୋଡ଼ି ନଷ୍ଟ ହୋଇଛି। ବିଦ୍ୟୁତ୍ ସର୍ଟସର୍କିଟରୁ ନିଆଁ ଲାଗିଥିବା ଅନୁମାନ କରାଯାଉଛି।

# ବିଦ୍ୟାଳୟରେ ସହଭାଗିତା ବୈଠକ

**କଣିହାଁ,୧୫ ।୧୧(ସମିସ):** କଣିହାଁ ବ୍ଲକ ବାଲିପଶି ପଞ୍ଚାୟତ ପଳାସବହାଲି ଆଶ୍ରମ ବିଦ୍ୟାଳୟରେ ଶନିବାର ଅଭିଭାବକ ଓ ଶିକ୍ଷକ ସହଭାଗିତା ବୈଠକ ଅନୁଷ୍ଠିତ ହୋଇଛି। ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ମଦନମୋହନ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ଶିକ୍ଷକ, ଅଭିଭାବକ ଓ ଛାତ୍ରଛତ୍ରୀଙ୍କ ମଧ୍ୟରେ ସମନ୍ୱୟ ରହିଲେ ଉଚ୍ଚସ୍ତରୀୟ ଶୈକ୍ଷିକ ବାତାବରଣ ସୃଷ୍ଟି ହୋଇପାରିବ ବୋଲି କହିଥିଲେ। ବିଦ୍ୟାଳୟର ପ୍ରଧାନଶିକ୍ଷକ ଅଜାତି ଚରଣ ଭୂତିଆଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବରିଷ୍ଠ ଶିକ୍ଷକ ଦିଗମ୍ବର ବିଶ୍ୱାଳ ମୁଖ୍ୟବକ୍ତା, ଶିକ୍ଷା ପରିଚାଳନା କମିଟି ସଭାପତି ତପନ କୁମାର ସାହୁ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଛାତ୍ରଛାତ୍ରୀଙ୍କ ମଧ୍ୟରେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥି ପୁରସ୍କୃତ କରିଥିଲେ। ବରିଷ୍ଠ ଶିକ୍ଷକ ପ୍ରଦୀପ କୁମାର ସାହୁ ମଞ୍ଚ ପରିଚାଳନା କରିଥିବାବେଳେ ଅତିଥି ଶିକ୍ଷକ ଡିଲେଶ୍ୱର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ପରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷିତ ହୋଇଥିଲା।

# ଦ୍ୱିତୀୟ ଥର ଆହତ ହାତୀର ଚିକିତ୍ସା ହେଲା

**● ବନବିଭାଗର ସ୍ୱତନ୍ତ୍ର ଦଳ କରିଥିଲେ ଟ୍ରାଙ୍କୁଲାଇଜ୍**



**ବଁଅଁରପାଳ,୧୫ ।୧୧(ସମିସ):** ବଁଅଁରପାଳ ବ୍ଲକ ତୁଳସୀପାଳ ଗ୍ରାମ ଆଲୁଅମୁଣ୍ଡା ଆମ୍ବବୁରିଠାରେ ଗୋଟିଏ ଆହତ ହାତୀର ଦ୍ୱିତୀୟଥର ଚିକିତ୍ସା ହୋଇଛି। ବନବିଭାଗର ସ୍ୱତନ୍ତ୍ର ଚିକିତ୍ସାକାରୀ ଦଳ ଚିକିତ୍ସା କରିବା ପାଇଁ ହାତୀକୁ ଟ୍ରାଙ୍କୁଲାଇଜ୍ କରିଥିଲେ। ତାଳଚେର ରେଞ୍ଜ୍ ଏଫସିଆଇ ସେକ୍ସନ ଗଣ୍ଡିଗାଡ଼ିଆ ବିଟ୍ କର୍ମଚାରୀ ଅସୁସ୍ଥ ହାତୀ ଉପରେ ନଜର ରଖି ଦ୍ୱିତୀୟ ଥର ଚିକିତ୍ସା ପ୍ରକ୍ରିୟା ଆରମ୍ଭ କରିଛନ୍ତି। ୧୫ ବର୍ଷରୁ ଊର୍ଦ୍ଧ୍ୱ ବୟସ୍କ ଏହି ହାତୀ ଦୁଇ ମାସ ହେବ ଗୋଟିଏ ଗୋଡ଼ ଛୋଟେଇ ଛୋଟେଇ ଚଳପ୍ରଚଳ କରୁଥିଲା। କିଛିଦିନ ହେବ ବନବିଭାଗ ହାତୀର ଚିକିତ୍ସା କରିଥିଲା। ଶନିବାର ଦ୍ୱିତୀୟ ପର୍ଯ୍ୟାୟରେ ପୁଣି ହାତୀକୁ ଟ୍ରାଙ୍କୁଲାଇଜ କରି ଆଘାତ ପାଇଥିବା ଗୋଡ଼ର ଚିକିତ୍ସା କରାଯାଇଛି। ଏହି ଚିକିତ୍ସା ପ୍ରକ୍ରିୟା ପ୍ରାୟ ୪ ଘଣ୍ଟା ଧରି ଚାଲିଥିଲା। ଭେଟନାରୀ ଫରେଷ୍ଟର ଡା. ପ୍ରଦୀପ୍ତ ସିଂହ, ଏସିଏଫ କୃଷ୍ଣଚନ୍ଦ୍ର ସାହୁ, ରେଞ୍ଜର ଚାରୁଲତା ନାୟକ, ଫରେଷ୍ଟର ପଙ୍କଜ ନାୟକ, ବାୟୋଲୋଜିଷ୍ଟ ମନୋରଞ୍ଜନ ପରିଡ଼ା, ଗଜ ସ୍କ୍ୱାଡ୍, ଗଜମିତ୍ର, ରାପିଡ୍ ଫୋର୍ସ ପ୍ରମୁଖ ଚିକିତ୍ସାରେ ସହଯୋଗ କରିଥିଲେ।

# ଅନ୍ତର୍ଜାତୀୟ ବାଣିଜ୍ୟ ମେଳା ଉଦଘାଟିତ

ଅନୁଗୋଳ,୧୫ ।୧୧(ସମିସ)



ସ୍ଥାନୀୟ ବିଜୁ ମୈଦାନରେ ଗୁପ୍ତା ଇଭେଣ୍ଟ ମ୍ୟାନେଜମେଣ୍ଟ ପ୍ରାଇଭେଟ୍ ଲିମିଟେଡ୍ ଓ ଆପେଲ ସାଇନ୍ ଆଣ୍ଡ ଗ୍ରାଫିକ୍ସ ସହାୟତାରେ ପ୍ରଥମ ଅନ୍ତର୍ଜାତୀୟ ବାଣିଜ୍ୟ ମେଳା-୨୦୨୫ ଉଦଘାଟିତ ହୋଇଛି। ଅନୁଗୋଳ ବିଧାୟକ ପ୍ରତାପ ଚନ୍ଦ୍ର ପ୍ରଧାନ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ଏହି ମେଳାରେ ୨୨ଟି ରାଜ୍ୟ ଓ ୮ ଦେଶରୁ ବିଭିନ୍ନ ବ୍ୟବସାୟିକ ସଂସ୍ଥା ଅଂଶଗ୍ରହଣ କରିଛନ୍ତି। ଏହି ମେଳା ଶୀତତାପ ନିୟନ୍ତ୍ରିତ ହ୍ୟାଙ୍ଗର ସଂରଚନାରେ ଅନ୍ତର୍ଭୁକ୍ତ। ମେଳାରେ ରିଏଲ୍ ଇଷ୍ଟେଟ୍, ଷ୍ଟାର୍ଟଅପ୍ କମ୍ପାନୀ, ଉତ୍ପାଦକ, ବିକାଶକାରୀ, ବ୍ୟାଙ୍କ, ନିର୍ମାଣ ସାମଗ୍ରୀ, ହାର୍ଡୱେର୍, ଆସବାବପତ୍ର, ଆଭ୍ୟନ୍ତରୀଣ, ଶିକ୍ଷା, ଘର ସାଜସଜ୍ଜା ଆଦି ଉତ୍ପାଦ ସହ ଘରୋଇ ଉପକରଣ, ଇଲେକ୍ଟ୍ରୋନିକ୍ସ, ଆର୍ଟିଷ୍ଟିକ୍ସ ପରିଦର୍ଶକମାନେ ରିଅଲ୍ ଇଷ୍ଟେଟ୍, ଷ୍ଟାର୍ଟଅପ୍, ଉତ୍ପାଦନ, ବ୍ୟାଙ୍କିଙ୍ଗ, ନିର୍ମାଣ ସାମଗ୍ରୀ, ଆସବାବପତ୍ର, ଆଭ୍ୟନ୍ତରୀଣ ଡିଜାଇନ୍, ହୋମ ଇଲେକ୍ଟ୍ରୋନିକ୍ସ, ସ୍ୱାସ୍ଥ୍ୟ ଏବଂ ସୁସ୍ଥତା, ଥାଇ ଫୁଲ, ଆଫଗାନିସ୍ତାନ ଶୁଖିଲା ଫଳ, ରାଜସ୍ଥାନୀ ମାର୍ବଲ, ଇରାନୀ ପର୍ସିଆନ କାର୍ପେଟ, କଶ୍ମୀରୀ ଫର୍ଣ୍ଣିଚର, ଇରାନୀ ଗହଣା, ମାଲେସିଆର ଫାଉଣ୍ଟେନ୍ ଏବଂ ବାଂଲାଦେଶୀ ହ୍ୟାଣ୍ଡଲୁମ୍ ସହ ଭାରତୀୟ ହସ୍ତତନ୍ତ ଭଳି ଉତ୍ପାଦମାନ ରହିଛି। ବିସ୍ତୃତ ଉତ୍ପାଦ ପ୍ରଦର୍ଶନୀ ସହ ଉପସ୍ଥିତ ଲୋକମାନେ ଖାଦ୍ୟ ଜୋନ୍‌ରେ ଉପଲବ୍ଧ ବିଭିନ୍ନ ସୁସ୍ୱାଦୁ ଏବଂ ସ୍ୱଚ୍ଛ ଖାଦ୍ୟ ମଧ୍ୟ ପାଇପାରିବେ। ଏହି ମେଳା ୧୧ ଦିନ ଧରି ଚାଲିବ। ଅନେକ କ୍ଷେତ୍ରରୁ ଗୁଣାତ୍ମକ ଉତ୍ପାଦମାନ ଏହି ପ୍ରଦର୍ଶନୀରୁ ସୁଲଭ ମୂଲ୍ୟରେ ପାଇପାରିବେ ବୋଲି ମେଳା ସଂଯୋଜକ ପର୍ଶୁରାମ ଦାଶ ପ୍ରକାଶ କରିଛନ୍ତି। ମେଳା ଉଭୟ ଗ୍ରାହକ ଏବଂ ବ୍ୟବସାୟୀଙ୍କ ପାଇଁ ଅର୍ଥପୂର୍ଣ୍ଣ ସଂଯୋଗ ଏବଂ ବ୍ୟବସାୟିକ ସୁଯୋଗ ସୃଷ୍ଟି କରିବ ବୋଲି ଲକ୍ଷ୍ୟ ରଖାଯାଇଛି। ସେହିପରି ଇଣ୍ଡୋନେସିଆ ବାଲିର ଜଳପରି ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଖୁବ୍ ମନମୁଗ୍ଧକର ହେବ। ଉଦଘାଟନୀ ଉତ୍ସବରେ ଅନୁଗୋଳ ସହରର ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। ଗୁପ୍ତା ଇଭେଣ୍ଟ ମ୍ୟାନେଜେଣ୍ଟର ପରିଚାଳନା ନିର୍ଦ୍ଦେଶକ ସୁଜିତ ଗୁପ୍ତା, ଆପେଲ୍ ସାଇନ୍‌ର ନିର୍ଦ୍ଦେଶକ ଦୀନେଶ ଭୋଳଙ୍କ ସମେତ ମେଳା ସହ ସଂଯୋଜକ ଜୟନ୍ତ କର, ପ୍ରତାପ ମହାପାତ୍ର, ଆକାଶ ପ୍ରଧାନ, ଗୋପବନ୍ଧୁ ସାହୁ, ଲରେନଜିତ୍ ସାମଲ, ସୁଶୋଭିତ ସାହୁ, ଆଦ୍ୟଶ୍ଳୋକ ମିଶ୍ର, ସ୍ୱରୂପ କୁମାର ପାଢ଼ୀ ଓ ଆଦିତ୍ୟ ବର୍ମନ ପ୍ରମୁଖ ସହଯୋଗ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ସଫା ହେଉନି ରାସ୍ତା ପାର୍ଶ୍ୱ
# ଗଛଲତାରେ ଲୁଚିଲାଣି ରାସ୍ତା



**ପଞ୍ଚୁପାଣ୍ଡବ, ୧୫ା୧୧(ସମିସ)**

ଡେରାବିଶ ବ୍ଲକର ବିଭିନ୍ନ ରାସ୍ତା ପାର୍ଶ୍ୱ ସଫା କରାଯାଉନି। ଫଳରେ ଦୁଇ ପାର୍ଶ୍ୱରେ ଗଛଲତା ବଢ଼ି ରାସ୍ତା ଲୁଚାଇବାକୁ ବସିଲାଣି। ଯାନବାହନ ସହ ଲୋକେ ଯାତାୟାତରେ ସମସ୍ୟା ଭୋଗ କରୁଛନ୍ତି। ଆରଡି ବିଭାଗ ହେଉ କି ଜଳ ସମ୍ପଦ ବିଭାଗ ଅଧିକାରୀଙ୍କ ଅବହେଳା ଯୋଗୁଁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିବା ଅଭିଯୋଗ ହେଉଛି। ଆରଡି ବିଭାଗ ରାସ୍ତାର ଦୁଇ ପାର୍ଶ୍ୱ ହେଉ କି ବିଭିନ୍ନ କେନାଲର ଦୁଇ ପାର୍ଶ୍ୱରେ ବେଣାବୁଦା ସହ ବିଭିନ୍ନ ପ୍ରକାରର ଗଛଲତା ମାଡ଼ିଯିବାରୁ ରାସ୍ତା ଲୁଚିବାକୁ ବସିଲାଣି। ରାସ୍ତାର ଓସାର ୧୨ ଫୁଟ୍ ଥିବାବେଳେ ଏବେ ୪ ଫୁଟ୍ ଗଛଲତା ମାଡ଼ିଯାଇଥିବା ଦେଖିବାକୁ ମିଳୁଛି। ଦୁଇ ପାର୍ଶ୍ୱରେ ଜଙ୍ଗଲ ସଦୃଶ ଗଛଲତା ଥିବାରୁ ସରୀସୃପ ସହ ବିଭିନ୍ନ ପ୍ରକାରର ଜୀବଜନ୍ତୁ ରହଣି କରୁଛନ୍ତି। ଫଳରେ ଲୋକଙ୍କ ଯାତାୟାତରେ ସମସ୍ୟା ହେଉଥିବା ଅଭିଯୋଗ ହେଉଛି। ଏମିତି ଦେଖିବାକୁ ମିଳୁଛି ଡେରାବିଶ ବ୍ଲକ ଅନ୍ତର୍ଗତ ବେଣୀପୁର ପଞ୍ଚାୟତର ବଜାର ଗ୍ରାମରୁ ରଘୁଦେଈପୁର ପଞ୍ଚାୟତର ବେଲାରପୁର ପର୍ଯ୍ୟନ୍ତ ଓ ସଦାନନ୍ଦପୁର ଗ୍ରାମରୁ ବେଲାରପୁର ପର୍ଯ୍ୟନ୍ତ ରାସ୍ତା କ୍ଷେତ୍ରରେ ଦେଖିବାକୁ ମିଳିଛି। ଦୁଇ ପାର୍ଶ୍ୱରେ ଗଛଲତା ମାଡ଼ିଯାଇଛି। ଏହି ରାସ୍ତାରେ ଚାରିଚକିଆ ଯାନ ଗଲେ ଆଉଏକ ଦୁଇଚକିଆ ଯାନ ଯିବା ସମ୍ଭବ ହେଉନି। ବିଭାଗୀୟ ଅଧିକାରୀ ଦୁଇ ପାର୍ଶ୍ୱ ଗଛଲତାକୁ ସଫା କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।

# ଗହୀରମଥାରୁ ୨ ଟ୍ରଲର ଜବତ; ୧୯ ମତ୍ସ୍ୟଜୀବୀ ଗିରଫ

**ରାଜନଗର, ୧୫ା୧୧(ସମିସ):** ଗହୀରମଥା ସାମୁଦ୍ରିକ ନିଷିଦ୍ଧାଞ୍ଚଳରେ ବେଆଇନ ଭାବେ ମାଛ ମାରୁଥିବାବେଳେ ବନ ବିଭାଗ ପାଟ୍ରୋଲିଂ ଟିମ ୨ଟି ଟ୍ରଲର ଜବତ କରିବା ସହ ଏଥିରେ ଥିବା ୧୯ ଜଣ ମତ୍ସ୍ୟଜୀବୀଙ୍କୁ ଗିରଫ କରିଛି। ଗହୀରମଥା ଦାୟିତ୍ୱରେ ଥିବା ଏସିଏଫ୍ ମାନସ ଦାସଙ୍କ ନିର୍ଦ୍ଦେଶକ୍ରମେ ଡେପୁଟି ରେଞ୍ଜର କପିଳେନ୍ଦ୍ର ପ୍ରଧାନ, ଫରେଷ୍ଟର ମହନ୍ତ ମଲ୍ଲିକ, ସଞ୍ଜୀବ ଦାଶଙ୍କ ନେତୃତ୍ୱରେ ବନ ବିଭାଗ ପାଟ୍ରୋଲିଂ ଟିମ ଗହୀରମଥାର ବରୁଣେଇ ଓ ଏକକୁଳା ନିକଟରେ ଏଫବି ଦେବୀ ଚାମୁଣ୍ଡା ଓ ମାସୁଦ-୧ ନାମକ ୨ଟି ଟ୍ରଲରକୁ ଜବତ କରିଥିଲେ। ଜବତ ୨ଟି ଟ୍ରଲରରୁ ୬ କ୍ୱିଣ୍ଟାଲ ୫ କେଜି ମାଛ, ୨ଟି ଜିପିଏସ, ୩ଟି ଭିଏଚଏଫ, ୨ଟି ଫିସଫାଇଣ୍ଡର, ଟ୍ରଲିଂ ନେଟ ୧୮ଟି ଜବତ କରାଯାଇଛି। ଟ୍ରଲରରେ ଥିବା ମତ୍ସ୍ୟଜୀବୀ ଭରତ ସିଂ, ପୂର୍ଣ୍ଣଚନ୍ଦ୍ର ସିଂ, ସଜାବତ ଅଲ୍ଲୀ ସାହା, ଶେଖ ଲାଲୁ, ଶେଖ ସଲମାନ, ବିଶ୍ୱଜିତ ମାଇତି, ବାବି ସିଂ, ଚନ୍ଦନ ସିଂ, ସଞ୍ଜୀବ ପାଲ, ବିଶ୍ୱନାଥ ଦାସ, ସୁବ୍ରତ ବାର, ଖୋକନ ବାର, ଚନ୍ଦନ ପାଣିଗ୍ରାହୀ ପ୍ରମୁଖଙ୍କୁ ଗିରଫ କରାଯାଇ ବନ୍ୟ ପ୍ରାଣୀ ଆଇନ ୧୯୭୨ରେ ମୋକଦ୍ଦମା ରୁଜୁ କରି କୋର୍ଟ ଚାଲାଣ କରାଯାଇଥିବା ନେଇ ବନ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ଗିରଫ ମତ୍ସ୍ୟଜୀବୀମାନେ ପୂର୍ବ ମେଦିନାପୁର ଓ ବାଲେଶ୍ୱର ଜିଲ୍ଲାର ବୋଲି ଜଣାପଡ଼ିଛି।




### ଜିଲ୍ଲା ଦକ୍ଷତା ବିକାଶ କେନ୍ଦ୍ରର ସଫଳତା
## ୨୩ ଜଣଙ୍କୁ ମିଳିଲା ନିଯୁକ୍ତି ପତ୍ର

**ଡେରାବିଶ, ୧୫ା୧୧(ସମିସ):** ଚାଟରାଚକଡ଼ା ପଞ୍ଚାୟତ ଅର୍ନ୍ତଗତ କେନ୍ଦ୍ରାପଡ଼ା ପଲିଟେକନିକ୍ ପରିସରରେ ଜିଲ୍ଲା ଦକ୍ଷତା ବିକାଶ ତଥା ନିଯୋଜନ କାର୍ଯ୍ୟାଳୟ ପକ୍ଷରୁ ମୋବାଇଲ ହାର୍ଡୱେୟାର ଟେକ୍ନିସିଆନ୍ ଟ୍ରେନିଂ ନେଇଥିବା ୨୩ ଜଣ ତାଲିମପ୍ରାପ୍ତ ଯୁବକ/ଯୁବତୀଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରାଯାଇଛି। ଛତାସ୍ଥ ସରକାରୀ ପଲିଟେକନିକ୍ ପରିସରରେ ଅତିରିକ୍ତ ଜିଲ୍ଲାପାଳ ନବକୃଷ୍ଣ ଜେନା ଏହି ତାଲିମଦାତାଙ୍କୁ ନିଯୁକ୍ତି ପ୍ରଦାନକାରୀ ସଂସ୍ଥା ପକ୍ଷରୁ ପ୍ରଦାନ କରାଯାଇଥିବା ନିଯୁକ୍ତି ପତ୍ର ଓ କାର୍ଯ୍ୟକ୍ଷେତ୍ରରେ ପହଞ୍ଚିବା ପାଇଁ ରେଳ ଟିକେଟ୍ ପ୍ରଦାନ କରିବା ସହିତ ସେମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ଏହି ଛାତ୍ରଛାତ୍ରୀଙ୍କୁ ଓଡ଼ିଶା ଦକ୍ଷତା ବିକାଶ ପ୍ରାଧିକାରଣଙ୍କ ଦ୍ୱାରା ସ୍କିଲ କନେକ୍ଟ ସର୍ଭିସେସ୍ ଏଲଏଲପି ମାଧ୍ୟମରେ ତାଲିମ ଦିଆଯାଇଥିଲା। ସେମାନେ ଟାଟା ଇଲେକ୍ଟ୍ରୋନିକ୍ସର ତାମିଲନାଡୁଠାରେ ଥିବା ଆଇଫୋନ୍ ମାନ୍ୟୁଫାକଚରିଂ ୟୁନିଟ୍‌ରେ କାର୍ଯ୍ୟ କରିବେ ବୋଲି ଜିଲ୍ଲା ଦକ୍ଷତା ବିକାଶ ଅଧିକାରୀ ଇନ୍ଦିରା ମଲିକ ପ୍ରକାଶ କରିଛନ୍ତି।

## ଜିଲ୍ଲା କଂଗ୍ରେସ ପକ୍ଷରୁ ନେହେରୁଙ୍କ ଜୟନ୍ତୀ ପାଳନ

**କେନ୍ଦ୍ରାପଡ଼ା, ୧୫ା୧୧(ସମିସ):** ଜିଲ୍ଲା କଂଗ୍ରେସ ପକ୍ଷରୁ ଦେଶର ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହାରଲାଲ ନେହେରୁଙ୍କ ୧୩୬ତମ ଜୟନ୍ତୀ କଜଳାସ୍ଥ ଜିଲ୍ଲା କଂଗ୍ରେସ ଭବନରେ ପାଳିତ ହୋଇଯାଇଛି। ଜିଲ୍ଲା କଂଗ୍ରେସ ସଭାନେତ୍ରୀ ଡା. ଦେବସ୍ମିତା ଶର୍ମା ଅଧ୍ୟକ୍ଷତା କରି ନେହେରୁଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଭାରତର ଆଧୁନିକ ପରିକଳ୍ପନା ଓ ନୂତନ ବିଶ୍ୱ ଗଠନରେ ପଣ୍ଡିତ ନେହେରୁଙ୍କ ଅବଦାନ ଅତୁଳନୀୟ। ଯୁବପିଢ଼ି ତାଙ୍କ ଚିନ୍ତାଧାରା ଓ ଦେଶ ନିର୍ମାଣ ଦୃଷ୍ଟିକୋଣରୁ ପ୍ରେରଣା ନେବା ଆବଶ୍ୟକ ବୋଲି କହିଥିଲେ। ବରିଷ୍ଠ କଂଗ୍ରେସ ନେତା ଫକୀର ଚରଣ ଖଟୁଆ ଯୋଗଦେଇ ନେହେରୁଙ୍କ ରାଜନୈତିକ ବିଚକ୍ଷଣତା, ସାହସ ଓ ଦୃଷ୍ଟି ସମ୍ପନ୍ନ ନେତୃତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ଜିଲ୍ଲା କଂଗ୍ରେସ କାର୍ଯ୍ୟକାରୀ ସଭାପତି ପ୍ରଫୁଲ୍ଲ ଦାସ, ଜିଲ୍ଲା କିଷାନ କଂଗ୍ରେସ ସଭାପତି ଜୟଦେବ ପରିଡ଼ା, ମହାକାଳପଡ଼ା କଂଗ୍ରେସ ନେତା ବିଜ୍ଞାଂଶୁ ଲେଙ୍କା ପ୍ରମୁଖ ଉପସ୍ଥିତ ଥିଲେ। ଭାଗିରଥି ଜେନା, ମଙ୍ଗୁଳି ବେହେରା, ରବିନାରାୟଣ ବେହେରା, ବିଧୁଭୂଷଣ ମହାପାତ୍ର, ମାନଗୋବିନ୍ଦ ଦାସ ପ୍ରମୁଖ ଯୋଗ ଦେଇଥିଲେ।

## ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳିତ

**ରାଜନଗର, ୧୫ା୧୧(ସମିସ):** ରାଜନଗର ସଦର ମହକୁମାସ୍ଥ ଭାରତ ମାତା କୋଚିଂ ସେଣ୍ଟରରେ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ପକ୍ଷରୁ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ପାଳନ କରାଯାଇଛି। ସ୍ୱଦେଶୀ ଜାଗରଣ ମଞ୍ଚ କେନ୍ଦ୍ରାପଡ଼ା ଜିଲ୍ଲା ସଂଯୋଜକ ମନୋରଞ୍ଜନ ମିଶ୍ର ମୁଖ୍ୟଅତିଥି ଭାବେ ଯୋଗଦେଇ ବିର୍ସା ମୁଣ୍ଡାଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଓ ପ୍ରଦୀପ ପ୍ରଜ୍ୱଳନ କରି ଉଦଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ ଅଧ୍ୟାପକ ସଞ୍ଜୟ ବାଗ, ସମ୍ମାନିତ ଅତିଥି ଭାବେ ଆଇନଜୀବୀ ଦେବଦତ୍ତ ସେଠୀ ଯୋଗ ଦେଇଥିଲେ। ପରିଷଦର ନଗର ସମ୍ପାଦକ ସୁକୁମାର ମାନ୍ନା ଅତିଥି ପରିଚୟ ପ୍ରଦାନ କରିଥିଲେ। ଅତିଥିମାନେ ଛାତ୍ରଛାତ୍ରୀଙ୍କୁ ବିର୍ସା ମୁଣ୍ଡାଙ୍କ ସଂଘର୍ଷମୟ ଜୀବନୀ ଉପରେ ଆଲୋକପାତ କରିଥିବାବେଳେ ବିଦ୍ୟାର୍ଥୀ ପରିଷଦର ନଗର ସହସମ୍ପାଦକ ବିବେକାନନ୍ଦ ଦାସ ଧନ୍ୟବାଦ ଅର୍ପଣ ଦେଇଥିଲେ। ସେହିପରି ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳନ କରାଯାଇଛି। ଅଧ୍ୟକ୍ଷ ମେଜର ମନୋରଞ୍ଜନ ମହାନ୍ତିଙ୍କ ପୌରୋହିତ୍ୟ ଓ ଇତିହାସ ବିଭାଗ ମୁଖ୍ୟ ଅଧ୍ୟାପକ ପ୍ରଣୟ ବେହେରା ପରିଚାଳନା କରିଥିଲେ। ଅର୍ଥନୀତି ବିଭାଗ ମୁଖ୍ୟ ଅଧ୍ୟାପକ ବସନ୍ତ ବେହେରା, ଅଧ୍ୟାପିକା ଅନୁସୟା ବେହେରା ଯୋଗଦେଇ ବିର୍ସା ମୁଣ୍ଡାଙ୍କ ଦେଶପ୍ରେମ ଓ ଇଂରେଜ ବିରୋଧରେ କିପରି ସଂଗ୍ରାମ କରିଥିବା କାହାଣୀ ବାଖ୍ୟା କରିଥିଲେ। ଅଧ୍ୟାପକ ଡ. ଆଲୋକ ବେହେରା ଭାରତର ସ୍ୱାଧୀନତା ସଂଗ୍ରାମରେ ବିର୍ସା ମୁଣ୍ଡାଙ୍କୁ କିପରି ଅମାନୁଷିକ ଭାବେ ହତ୍ୟା କରାଯାଇଥିଲା ସେ ବିଷୟରେ କହିଥିଲେ।

## ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପଶୁ ସମ୍ପଦ ମେଳା

**ଆଳି, ୧୫ା୧୧(ସମିସ):** ଆଳି ବ୍ଲକ ଆଠକଣିଆ ଛକସ୍ଥ ବ୍ଲକ ପ୍ରାଣୀ ଚିକିତ୍ସାଳୟ ପରିସରରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପଶୁ ସମ୍ପଦ ମେଳା ବ୍ଲକ ପଶୁ ଚିକିତ୍ସାଧିକାରୀ ଡା. ବଦ୍ରିନାରାୟଣ ଚାନ୍ଦଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସାଂସଦଙ୍କ ପ୍ରତିନିଧି ଭକ୍ତବନ୍ଧୁ ମିଶ୍ର, ମୁଖ୍ୟବକ୍ତା ଭାବେ ଉପଖଣ୍ଡ ପଶୁ ଚିକିତ୍ସା ଅଧିକାରୀ ଡା. ସୁଧାଂଶୁ ସାମନ୍ତରାୟ, ସମ୍ମାନିତ ଅତିଥି ଭାବେ ଆଳି ବିଡିଓ ଅବିନାଶ ବିଶ୍ୱଜିତ ସେଠୀ, କୃଷି ବିଜ୍ଞାନ କେନ୍ଦ୍ର ବୈଜ୍ଞାନିକ ମାନସ ବେହେରା, ଅତିରିକ୍ତ ଜିଲ୍ଲା ମତ୍ସ୍ୟ ଅଧିକାରୀ ଆଲୋକ ନାଥ, ଅତିରିକ୍ତ ଜିଲ୍ଲା ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ବିକାଶ ବେହେରା, ୧ନଂ ଜିଲ୍ଲା ପରିଷଦ ସଭ୍ୟା କନକଲତା ବେହେରା, ୪ନଂ ଜିଲ୍ଲା ପରିଷଦ ସଭ୍ୟ ଜୟରାମ ସାହୁ ପ୍ରମୁଖ ଯୋଗଦେଇ ମତ୍ସ୍ୟ ଓ ପଶୁ ଚାଷ ଗ୍ରାମୀଣ ଅର୍ଥନୀତିର ମୁଖ୍ୟ ଅଂଶ। ନୂତନ ପ୍ରଯୁକ୍ତି, ଟ୍ରେନିଂ ଓ ସରକାରୀ ଯୋଜନା ମାଧ୍ୟମରେ ଚାଷୀଙ୍କ ଆୟ ବୃଦ୍ଧି ହେବା ସ୍ୱାଭାବିକ ବୋଲି ମତବ୍ୟକ୍ତ କରିଥିଲେ। ମେଳାରେ ଶତାଧିକ ଚାଷୀ ଯୋଗଦେଇ କୃଷି ଓ ପଶୁ ସମ୍ପଦ ସମ୍ବନ୍ଧୀୟ ନୂତନ ତଥ୍ୟ, ଯୋଜନା ଓ ପ୍ରଯୁକ୍ତି ଜ୍ଞାନ ଲାଭ କରିଥିଲେ। ଉନ୍ନତ ମାଛଚାଷ ପ୍ରଣାଳୀ, ଦୁଗ୍ଧ ଉତ୍ପାଦନ, କୃତ୍ରିମ ଗର୍ଭଧାରଣ, ପଶୁ ଟୀକାକରଣ ବିଷୟରେ ବିଶେଷଜ୍ଞ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ଦେଇଥିଲେ। ଏ ଅବସରରେ ମାଛଚାଷ, ଛେଳି, କୁକୁଡ଼ା ଓ ଗୋପାଳନ କରି ଉପକୃତ ହୋଇଥିବା ଆଠଜଣଙ୍କୁ ପୁରସ୍କୃତ କରାଯାଇଥିଲା। କାର୍ଯ୍ୟକ୍ରମକୁ ବ୍ଲକ ସହକାରୀ ମତ୍ସ୍ୟ ଅଧିକାରିଣୀ ସସ୍ମିତା ବାରିକ, ସର୍ବେଶ୍ୱର ନାଥ, ନିରାକାର ମଲ୍ଲିକ, ରତିରଞ୍ଜନ ମିଶ୍ର, ସତ୍ୟବ୍ରତ ଦାସ, ଜଗନ୍ନାଥ ବାରିକ ପ୍ରମୁଖ ପରିଚାଳନା କରିଥିଲେ।

## ରାଜନଗରରେ ସମବାୟ ସପ୍ତାହ ପାଳନ

**ରାଜନଗର, ୧୫ା୧୧(ସମିସ):** ରାଜନଗରସ୍ଥ କଟକ କେନ୍ଦ୍ର ସମବାୟ ବ୍ୟାଙ୍କ କାର୍ଯ୍ୟାଳୟରେ ୭୨ତମ ସମବାୟ ସପ୍ତାହ ପାଳନ କରାଯାଇଛି। ମୁଖ୍ୟଅତିଥି ଭାବେ କଟକ କେନ୍ଦ୍ର ସମବାୟ ବ୍ୟାଙ୍କ ନିର୍ଦ୍ଦେଶକ ଅରୁଣ ସାହୁ ଯୋଗଦେଇ ସମବାୟ ପତାକା ଉତ୍ତୋଳନ କରିଥିଲେ। ଏହା ୨୦ ତାରିଖ ପର୍ଯ୍ୟନ୍ତ ପାଳନ କରାଯିବ। ସମବାୟ ସପ୍ତାହ ପାଳନର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଚାଷୀଙ୍କ ଉନ୍ନତି ଓ ସେବା ମନୋଭାବ ପୋଷଣ କରି କାର୍ଯ୍ୟ କରିବା, ନୂତନ ଯୋଜନା ମାଧ୍ୟମରେ ସମବାୟ ଆନ୍ଦୋଳନକୁ ଶକ୍ତିଶାଳୀ କରିବା, ସମବାୟରେ ଅଭିନବତା, ଜ୍ଞାନକୌଶଳ ଓ ଉତ୍ତମ ପ୍ରଶାସନ ଆବଶ୍ୟକ। ସମବାୟ ହେଉଛି ମହିଳା, ଯୁବ ଓ ଆର୍ଥିକ ଦୁର୍ବଳ ଶ୍ରେଣୀର ଲୋକଙ୍କ ପାଇଁ ନିରନ୍ତର ସେବା ଯୋଗାଇବା ବୋଲି କହିଥିଲେ। ଏଥିରେ ରାଜନଗର ଶାଖା ପରିଚାଳକ ବିଶ୍ୱପ୍ରକାଶ ସାମଲ, ଗୀତାଞ୍ଜଳି ଚୌଧୁରୀ, ବିକାଶ ସିଂ, କୃଷିକେଶ ପଣ୍ଡା, ଦଧିବାମନ ଭୂୟା, ସୁମନ୍ତ ବେହେରା, ଜ୍ୟୋତି ରଞ୍ଜନ ବାରିକ, ବୈକୁଣ୍ଠ ବାରିକ, ମିଳନ ନାୟକ, ବିଭୂତି ଭୂଷଣ ସାହୁ ପ୍ରମୁଖ ଯୋଗ ଦେଇଥିଲେ। ସେହିପରି ନୋଧାବସନ୍ତ ସେବା ସମବାୟ ସମିତିରେ ସଭାପତି ରତ୍ନାକର ବିଶ୍ୱାଳ, ସମ୍ପାଦକ ଗୋବିନ୍ଦ ଜେନା, ବାଇଲିସାହିପାଟଣା ସେବା ସମବାୟ ସମିତିରେ ସମ୍ପାଦକ ଅମର ବଳ, କୋଇଲିପୁର ସେବା ସମବାୟ ସମିତିରେ ପ୍ରକାଶ ଜେନା, ରାଜନଗର ସେବା ସମବାୟ ସମିତିରେ ପ୍ରେମାନନ୍ଦ ସାହୁ, ତାଳଚୁଆରେ ଯୋଗେନ୍ଦ୍ର ବାରିକ, ଚାନ୍ଦିବାଉଁଶମୂଳ ସେବା ସମବାୟ ସମିତିରେ ଅଲେଖ ରାଉତ, କୁରୁଣ୍ଟିରେ ଗିରିଶ ଜେନା ପତାକା ଉତ୍ତୋଳନ କରିଥିଲେ।

### ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ପାଲଟିଲା ପ୍ରହସନ
# ଜାଣିପାରିଲେନି ଚାଷୀ, ଚେୟାର ପଡ଼ିଲା ଫାଙ୍କା

**ରାଜକନିକା, ୧୫ା୧୧(ସମିସ):** ରାଜକନିକା ବ୍ଲକ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ବିଭାଗ ପକ୍ଷରୁ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଦୁର୍ଗା ମଣ୍ଡପ ସମ୍ମୁଖ ପଡ଼ିଆରେ ଅନୁଷ୍ଠିତ ହୋଇଯାଇଛି। ବିଡିଓ କୈଳାସ ମହାଳିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ରାଜକନିକା ପଞ୍ଚାୟତ ସମିତି ଅଧ୍ୟକ୍ଷା ମିନତୀ ରାଉତ ଯୋଗଦେଇ ଉଦ୍‌ଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ମନୋଜ ପଟ୍ଟନାୟକ, ସମ୍ମାନିତ ଅତିଥି ଭାବେ କଣ୍ଟପଡ଼ା ସରପଞ୍ଚ ବିଜୟାଲକ୍ଷ୍ମୀ ବେହେରା, ସାଂସଦ ପ୍ରତିନିଧି ପ୍ରକାଶ ନାୟକ, ୨୭ନଂ ଜିଲ୍ଲା ପରିଷଦ ସଭ୍ୟା ପ୍ରବୀଣା ଦାସ ଓ ଜିଲ୍ଲା ମତ୍ସ୍ୟ ଅଧିକାରୀ ଶଶାଙ୍କ ସାହୁ ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ତେବେ ଅଳ୍ପ କେତେଜଣ ଚାଷୀ ଏହି ମେଳାରେ ଯୋଗ ଦେଇଥିବାବେଳେ ଅଧାରୁ ଅଧିକ ଚେୟାର ଫାଙ୍କା ପଡ଼ିଥିବା ଦେଖିବାକୁ ମିଳିଛି।

ସଠିକ୍ ଭାବେ ପ୍ରଚାର ପ୍ରସାର ଅଭାବରୁ ପ୍ରକୃତ ଚାଷୀ ଏହି ମେଳା ସମ୍ପର୍କରେ ଜାଣିପାରି ନ ଥିବା ଅଭିଯୋଗ କରିଛନ୍ତି। ତେବେ କେତେକ ସ୍ୱୟଂସହାୟକ ଗୋଷ୍ଠୀ ମହିଳା

**ରେଜିଷ୍ଟ୍ରେସନ ହୋଇ ନ ଥିବାରୁ ନିରାଶ ହେଲେ ମହିଳା ଚାଷୀ**

ଚାଷୀଙ୍କୁ ବ୍ଲକ ମତ୍ସ୍ୟ ଅଧିକାରୀ ଫୋନ କରି ଡାକିଥିଲେ ହେଁ ସେମାନେ ଲାଇନରେ ଠିଆ ହୋଇ ରେଜିଷ୍ଟ୍ରେସନ କରିବାକୁ ଯାଇଥିଲେ ବି ତାଙ୍କ ନାଁ ନଥିବା କହି ରେଜିଷ୍ଟ୍ରେସନ ଅଧିକାରୀ ଫେରାଇ ଦେଇଥିଲେ। ଅନ୍ୟ କେତେକ ଚାଷୀ ବ୍ଲକକୁ ଆସିଥିବାରୁ ଏଠାରେ କ'ଣ ହେଉଛି ବୋଲି ଖବରପାଇ ସେଠାକୁ ଯାଇଥିଲେ। ବିଭାଗ ପ୍ରିୟାପ୍ରୀତି ତୋଷଣ ନୀତି ଯୋଗୁଁ ପ୍ରକୃତ ଚାଷୀଙ୍କୁ ଏଠାକୁ ନ ଡାକି ସେମାନଙ୍କ ବୋଲକରା ହୋଇଥିବା ନିର୍ଦ୍ଦିଷ୍ଟ ଦଲାଲଙ୍କୁ ଡାକି ଏହି ସରକାରୀ ଯୋଜନାର ଦୁରୁପଯୋଗ କରାଯାଇଥିବା ଅଭିଯୋଗ କରିଛନ୍ତି ଚାଷୀ। ସରକାର ମେଳା ଆୟୋଜନ କରୁଥିବାବେଳେ ଏଠାରେ ବିଧାୟକଙ୍କୁ ଅତିଥି କରିବା ଚିଠିରେ ଉଲ୍ଲେଖ ଥିବାବେଳେ ପୁରୁଣା ଢାଞ୍ଚାରେ ବିଡିଓ ଓ ଅନ୍ୟ ଅଧିକାରୀ ମଞ୍ଚ ମାଡ଼ି ବସିବା ଦେଖିବାକୁ ମିଳିଥିଲା। ଜିଲ୍ଲାର ବିଭିନ୍ନ ବ୍ଲକରେ ହୋଇଥିବା ମେଳାକୁ ତୁଳନା କଲେ ଏହି ମେଳା କେବଳ ଲୋକଦେଖାଣିଆ ଥିବା ବହୁ ବଞ୍ଚିତ ଚାଷୀ ଅଭିଯୋଗ କରି ରାଜ୍ୟ ସରକାର ଓ ଜିଲ୍ଲା ପ୍ରଶାସନ ଏହାକୁ ଦୃଷ୍ଟି ଦେବାକୁ ଦାବି କରିଛନ୍ତି। ଏ ସମ୍ପର୍କରେ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ଐଶ୍ୱର୍ଯ୍ୟା ଦାସ ସଫେଇ ଦେଇ କହିଛନ୍ତି ଯେ, ଚେୟାର ଅଧିକ ପଡ଼ିଥିବାରୁ ଫାଙ୍କା ପଡ଼ିଛି। ପ୍ରକୃତ ଚାଷୀ ଜାଣି ନ ଥିବା ପ୍ରଶ୍ନକୁ ସେ ଏଡାଇ ଯାଇଥିଲେ।

# ପଟ୍ଟାମୁଣ୍ଡାଇ କଲେଜରେ ସାଇବର ସଚେତନତା





**ପଟ୍ଟାମୁଣ୍ଡାଇ, ୧୫ା୧୧(ସମିସ):** ପଟ୍ଟାମୁଣ୍ଡାଇ ଆଦର୍ଶ ଥାନା ପକ୍ଷରୁ ପଟ୍ଟାମୁଣ୍ଡାଇ କଲେଜରେ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଆଇଆଇସି ବନ୍ଦନା ପାତ୍ରଙ୍କ ପରିଚାଳନାରେ ଅନୁଷ୍ଠିତ ସଚେତନତା କାର୍ଯ୍ୟକ୍ରମରେ ପଟ୍ଟାମୁଣ୍ଡାଇ କଲେଜ ଅଧ୍ୟକ୍ଷ ପ୍ରଫେସର ଉମାକାନ୍ତ ପାତ୍ର, ଜିଲ୍ଲା ପୁଲିସ ମୁଖ୍ୟାଳୟ ଡିଏସପି ସରୋଜ ସାହୁ, ଜିଲ୍ଲା ପୁଲିସ ରିଜର୍ଭ ଇନ୍ସପେକ୍ଟର ଆଶିଷ ମୁଦୁଲି ପ୍ରମୁଖ ଅତିଥି ଭାବେ ଯୋଗଦେଇ ସାରା ବିଶ୍ୱରେ ସାଇବର ଅପରାଧ ବ୍ୟାଧି ଭଳି ମାଡ଼ି ଚାଲିବା ସହିତ ଏକ ଆହ୍ୱାନ ଭାବେ ଦେଖାଦେଇଛି ବୋଲି କହିଥିଲେ। ଗ୍ରାମାଞ୍ଚଳ ଓ ସହରାଞ୍ଚଳର ସାଧାରଣ ଲୋକ ସାଇବର ଅପରାଧ ସମ୍ପର୍କରେ ସଚେତନ ନ ଥିବାରୁ ଅନେକ ସମୟରେ ଏହାର ଶିକାର ହୋଇ ସର୍ବସ୍ୱାନ୍ତ ହେଉଛନ୍ତି। ଜନସାଧାରଣ ସାଇବର ଅପରାଧରୁ ରକ୍ଷା ପାଇବା ପାଇଁ କୌଣସି ଅଜଣା ଫୋନ କଲ ନ ଧରିବା, ଅଜଣା ବ୍ୟକ୍ତି ଫୋନ କରି ଓଟିପି ମାଗିଲେ ନ ଦେବା ସହିତ ନିକଟସ୍ଥ ସାଇବର ଥାନା, ପୁଲିସ ଥାନା କିମ୍ବା ହେଲ୍ପଲାଇନ ନମ୍ବର ୧୯୩୦କୁ ଜଣାଇବା ପାଇଁ ପରାମର୍ଶ ଦେଇ ସାଇବର ଅପରାଧ ବିଷୟରେ ଜନସଚେତନତା ସୃଷ୍ଟି କରିଥିଲେ। ସାଇବର ଅପରାଧୀ ଅଜଣା ନମ୍ବରରୁ ଫୋନ କରି ବ୍ୟାଙ୍କ ଆକାଉଣ୍ଟ ନମ୍ବର ମାଗିବା ଓ ବିନା କାରଣରେ ଓଟିପି ନମ୍ବର ନେଇ ବ୍ୟାଙ୍କ ଆକାଉଣ୍ଟରେ ଥିବା ଟଙ୍କା ଲୁଟି ନେଇ ନିରୀହ ସାଧାରଣ ଜନତାଙ୍କୁ ସର୍ବସ୍ୱାନ୍ତ କରିବା ଘଟଣା ବିକଶିତ ସଭ୍ୟ ସମାଜ ପାଇଁ ଚ୍ୟାଲେଞ୍ଜ ସୃଷ୍ଟି କରିଥିବାରୁ ସାଧାରଣ ଲୋକ ସଚେତନ ହୋଇ ଏ କ୍ଷେତ୍ରରେ ଅତ୍ୟନ୍ତ ସତର୍କତା ଅବଲମ୍ବନ କରି ସାଇବର ଅପରାଧ ନିୟନ୍ତ୍ରଣ ଦିଗରେ ସହଯୋଗ କରିବାକୁ ଅନୁରୋଧ କରିଥିଲେ। କୋମଳମତି ଛାତ୍ରଛାତ୍ରୀ ସାଇବର ଅପରାଧିଙ୍କଠାରୁ ସତର୍କ ରହିବା ପାଇଁ ପରାମର୍ଶ ଦେଇଥିଲେ। ପ୍ରଥମେ ସାଇବର ଅପରାଧ ରୋକିବା ପାଇଁ ଜନସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ସରକାରଙ୍କ ଦ୍ୱାରା ପ୍ରସ୍ତୁତ ରଥକୁ କଲେଜ ଛାତ୍ରଛାତ୍ରୀ ଓ ଅଧ୍ୟାପକ ଅଧ୍ୟାପିକାଙ୍କ ଦ୍ୱାରା ସ୍ୱାଗତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ କ୍ୟାପଟେନ ମନୋଜ ପରିଡ଼ା, ବରିଷ୍ଠ ସାମ୍ବାଦିକ ଅନୀଲ ଚୌଧୁରୀ, ପ୍ରାଧ୍ୟାପକ ଜଗନ୍ନାଥ ବେହେରା, ଅଧ୍ୟାପକ ମାନସ ନାୟକ, ପ୍ରଦ୍ୟୁମ୍ନ ପ୍ରଧାନ, ସୁଭାଶିଷ ମିଶ୍ର, ଶ୍ରୀମନ୍ତ ଜେନା, ସରୋଜ ନାୟକ, ସର୍ବେଶ୍ୱର ସାହୁ, ଜିତେନ୍ଦ୍ର ମଲିକ, ଅଧ୍ୟାପିକା ଶୁଭଲକ୍ଷ୍ମୀ ପ୍ରଧାନ, ଡେମୋନଷ୍ଟ୍ରେଟର ଗୋକୁଳ ଦାଶ, ଇନ୍ସପେକ୍ଟର ରତିରଞ୍ଜନ ନାୟକ, ଏଏସଆଇ ମାମୁନି ରାୟ ପ୍ରମୁଖ ଯୋଗଦେଇ ସାଇବର ସଚେତନତା ବାର୍ତ୍ତା ଦେଇଥିଲେ। ଏ ଅବସରରେ ସାଇବର ସଚେତନତା ଉପରେ କୁଇଜ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ପ୍ରାରମ୍ଭରେ ଡିଏସପି ଶ୍ରୀ ସାହୁ ଶପଥ ପାଠ କରାଇଥିଲେ। ଏହି କାର୍ଯ୍ୟକ୍ରମରେ ବହୁ ଅଧ୍ୟାପକ ଅଧ୍ୟାପିକା, ମାନ୍ୟଗଣ୍ୟ ବ୍ୟକ୍ତି, ଛାତ୍ରଛାତ୍ରୀ, ସାମ୍ବାଦିକ, ପୁଲିସ ଅଧିକାରୀ ଓ ଜନସାଧାରଣ ଯୋଗ ଦେଇଥିଲେ।

## ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ ତର୍କ ପ୍ରତିଯୋଗିତା

**ରାଜନଗର, ୧୫ା୧୧(ସମିସ):** ରାଜନଗରସ୍ଥ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ ଭୋକାଲା ଫର୍ ଲୋକାଲ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ମେଜର ମନୋରଞ୍ଜନ ମହାନ୍ତିଙ୍କ ପୌରୋହିତ୍ୟରେ ଆୟୋଜିତ କାର୍ଯ୍ୟକ୍ରମରେ ଅଧ୍ୟାପକ ପର୍ଶୁରାମ ନାଥ ଛାତ୍ରଛାତ୍ରୀଙ୍କ ମଧ୍ୟରେ ତର୍କ ପ୍ରତିଯୋଗିତା କରାଇଥିଲେ। ଅଧ୍ୟାପକ ପ୍ରଣୟ ବେହେରା ସଭା ପରିଚାଳନା କରିଥିଲେ। ଅଧ୍ୟାପକ ପ୍ରତାପ ସ୍ୱାଇଁ, ରତ୍ନାକର ନାୟକ, ଅଧ୍ୟାପିକା ଡ. ମୁମୁନ ଦାସ ଉପସ୍ଥିତ ଥିଲେ। 'ଭାରତୀୟ ପ୍ରଗତିରେ ସ୍ୱଦେଶୀ ଦ୍ରବ୍ୟର ବ୍ୟବହାର ମହତ୍ୱପୂର୍ଣ୍ଣ କି' ତର୍କ ପ୍ରତିଯୋଗିତାରେ ସ୍ୱର୍ଣ୍ଣଲତା ଦାସ ପ୍ରଥମ, ବନୀତା ରାଉତ ଦ୍ୱିତୀୟ, ସତ୍ୟବ୍ରତ ପରିଡ଼ା ତୃତୀୟ ସ୍ଥାନ ହାସଲ କରିଥିଲେ। କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା।

## 'ପୁନର୍ବାସ'ର ସ୍ୱତନ୍ତ୍ର ଶିଶୁ ଥେରାପି କେନ୍ଦ୍ର ଉଦ୍‌ଘାଟିତ

**କେନ୍ଦ୍ରାପଡ଼ା, ୧୫ା୧୧(ସମିସ):** ଭିନ୍ନକ୍ଷମଙ୍କ ସଶକ୍ତୀକରଣ, ଥେରାପି ସେବା ବିସ୍ତାର ଓ ଅଧିକାର ସଚେତନତାରେ କାର୍ଯ୍ୟରତ 'ପୁନର୍ବାସ' ପକ୍ଷରୁ ସ୍ୱତନ୍ତ୍ର ଶିଶୁ ଥେରାପି କେନ୍ଦ୍ର ମାଧପୁରସ୍ଥ ଅମର ଉଦ୍ୟାନ ମଣ୍ଡପରେ ଉଦ୍‌ଘାଟିତ ହୋଇଛି। ମୁଖ୍ୟଅତିଥି ଭାବେ ଜିଲ୍ଲାପାଳ ରଘୁରାମ ଆର୍. ଆୟର ଯୋଗଦେଇ କେନ୍ଦ୍ରକୁ ଉଦ୍‌ଘାଟନ କରିବା ସହ ଜିଲ୍ଲାର ଦିବ୍ୟାଙ୍ଗ ଶିଶୁଙ୍କ ପାଇଁ ଏହା ଏକ ମୂଲ୍ୟବାନ ମାଇଲଷ୍ଟୋନ୍ ବୋଲି କହିଥିଲେ। ଏହି କେନ୍ଦ୍ରରେ ଫିଜିଓଥେରାପି, ଅକ୍ୟୁପେଶନାଲ ଥେରାପି, ସ୍ପିଚ୍ ଥେରାପି ଓ ବିଶେଷ ଶିକ୍ଷା ସେବା ଦିଆଯିବ। ମସ୍ତିଷ୍କ ପକ୍ଷାଘାତ, ଚଳନ ବାଧା, ଅଟିଜିମ୍ ଓ ବିଭିନ୍ନ ବିକାଶ ବାଧାରେ ପୀଡ଼ିତ ଶିଶୁ ଏଠାରୁ ପ୍ରତ୍ୟକ୍ଷ ଲାଭ ହାସଲ କରିବେ ବୋଲି ଆଶା କରାଯାଇଛି। କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପ୍ରଶାସକ ଦିଲ୍ଲୀପ ନାୟକ, ଚିକିତ୍ସାବିତ୍ ଡ. ବିଶ୍ୱପ୍ରକାଶ କାନୁନଗୋ, ଶିଶୁ ରୋଗ ବିଶେଷଜ୍ଞ ଡା. କିଶୋର ମିଶ୍ର, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସଂଗ୍ରାମ ବେଉରା ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। 'ପୁନର୍ବାସ'ର ଉପଦେଷ୍ଟା ତଥା ପ୍ରାକ୍ତନ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ପ୍ରଭାସ ଦାସ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଫିଜିଓଥେରାପିଷ୍ଟ ଗୁଞ୍ଜନ ଓ ସ୍ପିଚ୍ ଥେରାପିଷ୍ଟ ଶିବାନୀ ଭୋଳ ଥେରାପି ସେବା ବିଷୟରେ ସୂଚନା ଦେଇଥିଲେ। 'ପୁନର୍ବାସ'ର ସଂଯୋଜକ ସଞ୍ଜୀବ ଜେନା, ରଞ୍ଜନ ଦାସ, ସ୍ୱପ୍ନଶ୍ରୀ ଦାସ, ଅକ୍ଷୟ ପାଣି, ମହମ୍ମଦ ଜାଇଦ ଖାଁ, ନିରଞ୍ଜନ ମେକାପ, ଶେଷଦେବ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ପୁନର୍ବାସର ସହସମ୍ପାଦକ ବଂଶୀଧର ମହାନ୍ତି ଧନ୍ୟବାଦ ଦେଇଥିଲେ।



## ପଟ୍ଟାମୁଣ୍ଡାଇ କଲେଜ ଇଂରାଜୀ ବିଭାଗରେ ଜାତୀୟ ସମ୍ମିଳନୀ



**ପଟ୍ଟାମୁଣ୍ଡାଇ, ୧୫ା୧୧(ସମିସ):** ପଟ୍ଟାମୁଣ୍ଡାଇ କଲେଜ ଇଂରାଜୀ ବିଭାଗ ପକ୍ଷରୁ ଇଣ୍ଟର ୱିୟରିଂ ଆଇଡେଣ୍ଟିଟି, ଜେନେରାଲ କଲଚର ଲିଟ୍ରେଚର ଇନ୍ ଇଣ୍ଡିଆନ କଣ୍ଟେକ୍ସଟ ଶୀର୍ଷକ ଦୁଇଦିନିଆ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ପ୍ରଫେସର ଉମାକାନ୍ତ ପାତ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ଜାତୀୟ ସମ୍ମିଳନୀରେ ପଣ୍ଡିଚେରୀ ବିଶ୍ୱବିଦ୍ୟାଳୟର ଡ. କଳ୍ପନା ରାଉତ, ଦକ୍ଷିଣ ଗୁଜୁରାଟ ବୀର ନର୍ମଦ ବିଶ୍ୱବିଦ୍ୟାଳୟର ଡ. ମହେଶ ଦେ, ବାରିପଦା ମହାରାଜା ରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟର ଡ. ବସନ୍ତ ମହାନ୍ତି ପ୍ରମୁଖ ଯୋଗଦେଇ ବିଷୟଭିତ୍ତିକ ଆଲୋଚନା କରିଥିଲେ। କଲେଜ ଆଇକ୍ୟୁଏସି ସଂଯୋଜକ ଅଧ୍ୟାପକ ସୁଭାଶିଷ ମିଶ୍ର ଚିନ୍ତନପୂର୍ଣ୍ଣ ଅଭିଭାଷଣ ଦେଇଥିଲେ। ଅଧ୍ୟାପକ ସରୋଜ ନାୟକ ଅତିଥି ପରିଚୟ ପ୍ରଦାନ କରିଥିଲେ।

ଏହି ସମ୍ମିଳନୀରେ ୭ଟି ଟେକ୍ନିକାଲ ସେସନ ଓ ଗବେଷଣା ପ୍ରସ୍ତୁତି ସେସନରେ ୬୦ରୁ ଅଧିକ ଗବେଷକ ପ୍ରବନ୍ଧ ପାଠ କରିଥିଲେ। ପ୍ରତ୍ୟେକ ଅଧିବେଶନ ନୂତନ ଧାରଣା ଓ ଶାସ୍ତ୍ରୀୟ ଚର୍ଚ୍ଚାରେ ସମୃଦ୍ଧ ହୋଇ ଭାରତୀୟ ସାହିତ୍ୟ ଗବେଷଣାର ଗତିଶୀଳତାକୁ ପ୍ରମାଣିତ କରିଥିଲା। ଉଦଯାପନୀ ଅଧିବେଶନରେ ଅଂଶଗ୍ରାହୀଙ୍କୁ ସମ୍ମାନିତ ଓ ଶ୍ରେଷ୍ଠ ପତ୍ର ପୁରସ୍କାର ପ୍ରଦାନ କରାଯାଇଥିଲ। ରସାୟନ ବିଜ୍ଞାନ ପ୍ରାଧ୍ୟାପକ ଡ. ସୁନୀଲ ପ୍ରଧାନ ଧନ୍ୟବାଦ ଦେଇଥିଲେ। ଏହି କାର୍ଯ୍ୟକ୍ରମକୁ ଅଧ୍ୟାପକ ସରୋଜ ନାୟକ, ଡ. ଆଲୋକ ସାହୁ, ପ୍ରଦ୍ୟୁମ୍ନ ପ୍ରଧାନ, ରୋହିତ ବଗର୍ତ୍ତି ଓ ଅଧ୍ୟାପିକା ଦେବସ୍ମିତା ତ୍ରିପାଠୀ ପରିଚାଳନା କରିଥିଲେ।

### 'ଏକ୍ ପେଡ୍ ମା' କେ ନାମ୍' ଯୋଜନା ଫେଲ୍
# ଦୁଇ ମାସ ପୂରିନି ଗଛ ଓ ଜାଲ ଗାଏବ

**ରାଜକନିକା, ୧୫ା୧୧(ସମିସ)**

ରାଜକନିକା ବ୍ଲକରେ 'ଏକ୍ ଡ୍ରେ ମା' କେ ନାମ୍' ଯୋଜନା ଫେଲ୍ ମାରିଛି। ୨୯ଟି ପଞ୍ଚାୟତରେ ଗତ ସେପ୍ଟେମ୍ବର ୧୭ ତାରିଖରେ ଲଗାଯାଇଥିବା ଚାରାଗଛ ଓ ଘେରା ଯାଇଥିବା ଜାଲ ଦୁଇ ମାସ ପୂରିନି ଗାଏବ ହୋଇଯାଇଛି। କେତେକ ସ୍ଥାନରେ ଗଛକୁ ଛେଳି ଖାଇ ଦେଇଛନ୍ତି ତ କେତେକ ସ୍ଥାନରେ ଗଛ ଲାଗିଥିବା ନଜରକୁ ଆସୁନି। ଫଳରେ 'ଏକ୍ ପେଡ୍ ମା' କେ ନାମ୍' ଭଳି ଯୋଜନା ଏଠାରେ ଫସର ଫାଟିଥିବା ଅଭିଯୋଗ ହେଉଛି।

ରାଜକନିକା ବ୍ଲକର ୨୯ଟି ପଞ୍ଚାୟତରେ ୫୦୦ ଶହ ବୃକ୍ଷ ଚାରା ରୋପଣ କରାଯିବାକୁ ବ୍ୟବସ୍ଥା ହୋଇଥିବାବେଳେ ୧୪୫୦ ଚାରା ରୋପଣ ହୋଇଥିବା ସରକାରୀ ରେକର୍ଡରୁ ଜଣାପଡ଼ିଛି। ଗଛର ସୁରକ୍ଷା ପାଇଁ ଜାଲ, ବାଉଁଶ, ଅଥବା ବାଉଁଶ ବାଡ଼ ବାବଦରେ ୮୫ ହଜାର ଟଙ୍କା ବ୍ୟୟବରାଦ କରାଯାଇଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି। ଏହାଦ୍ୱାରା ସମଗ୍ର ବ୍ଲକର ପଞ୍ଚାୟତ ସବୁଜିମାରେ ଭରପୁର କରାଯିବାକୁ ଲକ୍ଷ୍ୟ ରଖାଯାଇଥିଲା। ଏହି ଅଭିଯାନରେ ରାଜ୍ୟ ବ୍ୟାପୀ ୭୫ ଲକ୍ଷ ଗଛ ଲଗାଯିବା ସରକାରୀ ତଥ୍ୟ କହୁଛି। ତେବେ ରାଜକନିକା ବ୍ଲକର ୨୯ଟି ପଞ୍ଚାୟତରେ ହିସାବ ମୁତାବକ ୧୪୫୦ ଚାରାଗଛ ଲଗାଯିବା କଥା। ହେଲେ କେତେ ଗଛ ଲଗାଯାଇଛି ଅଥବା ଗଛର ସ୍ଥିତି ଏବେ କେମିତି, ଏହାର ନିରପେକ୍ଷ ତଦନ୍ତ ହେବାର ଆବଶ୍ୟକତା ରହିଛି। କେବଳ ଗଛ ଲଗାଇ ଦେଇ ଫଟୋରେ ଅଭିଯାନ ସଫଳ ହେବା କହିବା ବି ବାହୂଲ୍ୟ ହେବ। ଅସଲ କଥା ହେଉଛି ହାତଗଣତି କେଉଁଠି କେମିତି ଗଛ ଲାଗିଛି। ଏମିତିବି ପଞ୍ଚାୟତ ରହିଛି ଯେଉଁଠି ଆଦୌ ଗଛ ଲାଗିନାହିଁ। ଯଦିବା ଲାଗିଛି, ଛେଳି ମୁହଁରେ ଯାଇଛି। ସକାଳେ ଗଛ ପୋତାଯାଇଛି, ସଞ୍ଜ ହେବା ପୂର୍ବରୁ ଛେଳି ପାଟିରେ ଗଛ ଉଦରସ୍ଥ ହୋଇଛି। ଏଥିସହିତ ଦି'ମାସ ହୋଇନି ଗଛ ତ ଉଭାନ ହୋଇଛି, ଗଛ ଚାରିପାଖେ ଲାଗିଥିବା ପ୍ଲାଷ୍ଟିକ ଜାଲ ଓ ବାଉଁଶ ବି ଭୂମିରେ ଲୋଟୁଛି। ଅଥଚ ବ୍ଲକ ପ୍ରଶାସନ ଫଟୋ ଅପଲୋଡ କରି ମା' କେ ନାମ୍ ପେଡ୍ ଅଭିଯାନ ପ୍ରାୟତଃ ସଫଳ ହୋଇଥିବା କହୁଛି। ତେଣୁ ଏହି ଯୋଜନାରେ ଦୁର୍ନୀତି ହୋଇଥିବା ଅଭିଯୋଗ ହେଉଛି। ଏ ନେଇ ଜିଲ୍ଲାପାଳ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିନୋଦ ନାୟକ, ସାମାଜିକ କର୍ମୀ ଦୀପ୍ତିରଞ୍ଜନ ବାରିକ, ପ୍ରକାଶ ନାୟକ, ଅମିତ ମଲିକ ପ୍ରମୁଖ ଦାବି କରିଛନ୍ତି।



ସୃଜନିକା
ସକାଳ THE SAKALA
www.sakalaepaper.com

## ଦୁଇଟି ମିନିଗପ



# ମାଛି



**ପୀତାମ୍ବର ତରାଇ**

ଗୋଧୂଳି ବେଳ। ତଥାପି ପିଲାମାନଙ୍କ ଖେଳ ସରୁନି। ପିଲାଙ୍କ ଅଜ୍ଞାତରେ ଦୁଇଟି ମାଛି ନିଜ ଭିତରେ ଗପସପ ହୋଇ ସେହି ଛୋଟ ବଗିଚା ଭିତରେ ଗଣଗଣ ହୋଇ ଉଡ଼ି ବୁଲୁଥିଲାବେଳେ ଜଣେ ପିଲାର ନଜର ପଡ଼ିଯିବାରୁ ସେ ଦୁଇଟି ମାଛିକୁ ନିରୀକ୍ଷଣ କଲା। ପିଲାଟି ଅନୁଭବ କଲା ଦୁଇଟି ମାଛି ଭିତରେ ବନ୍ଧୁତ୍ୱ ନିବିଡ଼, ଅଭିନ୍ନ। କିଛି ସମୟ ପରେ ଗୋଟେ ମାଛି ଗୋଟେ ଫୁଲ ଉପରେ ବସି ସୁରଭି ଆଘ୍ରାଣ କରୁଥିବା ବେଳେ ଆର ମାଛିଟି ବଗିଚା କୋଣରେ ଥିବା ଅପରିଷ୍କାର ସ୍ଥାନରେ ବସି ଦୁର୍ଗନ୍ଧ ଗ୍ରହଣରେ ମଗ୍ନ ଅଛି।

ପିଲାଟି ଭାବିଲା, ଏ କି ବ୍ୟବସ୍ଥା। ଗୋଟେ ମାଛି ଫୁଲ ବାସକୁ ଆଦର କରୁଥିବା ବେଳେ ଆଉ ଗୋଟେ ମାଛି ଅପରିଷ୍କାର ସ୍ଥାନରେ ଦୁର୍ଗନ୍ଧକୁ ନେଇ ସୁଖ ପାଉଛି। ପିଲାଟି ନିଜକୁ ବୁଝାଇ ପାରୁ ନଥାଏ।

ସନ୍ଧ୍ୟା ବେଳ। ଜଣେ ସାଧୁ ବଗିଚା ଭିତରକୁ ପ୍ରବେଶ କରିବା ମାତ୍ରେ ପିଲାଟି ପଚାରିଲା, "ହେ ସାଧୁ ମହାଶୟ! ମାଛି ଦୁଇଟି ଦେଖିବାକୁ ଏକାପରି। କିନ୍ତୁ ଗୋଟିଏ ମାଛି ଫୁଲ ଉପରେ ତ ଆଉ ଗୋଟିଏ ମାଛି ଅପରିଷ୍କାର ଜାଗାରେ ବସିବାକୁ ଭଲ ପାଉଛି। ଏହା ଅର୍ଥ ବୁଝାଇ ଦିଅନ୍ତୁ।"

ସାଧୁ କହିଲେ, "ଶୁଣ ବତ୍ସ! ଦୁଇଟି ମାଛି ଦେଖିବାକୁ ସିନା ଏକାପରି, କିନ୍ତୁ ଯାହାର ସ୍ୱଭାବ ଯେପରି ସେ ବଞ୍ଚିବ ସେପରି। ନିକୃଷ୍ଟ ବ୍ୟକ୍ତିର ରୁଚି ସହ ଉତ୍କୃଷ୍ଟ ବ୍ୟକ୍ତିର ରୁଚି ସମାନ ହେବ କେମିତି? ଠିକ୍ ଏହିପରି ଦୁଇଟି ମାଛିଙ୍କ ଚରିତ୍ର।"

ସାଧୁଙ୍କ ମଧୁର ବଚନ ଶୁଣି ପିଲାଟି ମାଛି ଦୁଇଟିକୁ ଖୋଜିଲା ବେଳକୁ କେଉଁ ଆଡ଼େ ଅନ୍ତର୍ଦ୍ଧାନ ହୋଇ ସାରିଥିଲେ। ■



# ଧର୍ମ ବିଚାର

ଯମରାଜାଙ୍କ ଦରବାର ବସିଥାଏ। ଦୁଇ ଜଣଙ୍କ ବିଚାର ଚାଲିଥାଏ। ଜଣେ ଦେହଜୀବୀ ଓ ଆଉ ଜଣେ ବେଇମାନ। ସମସ୍ତ ବିଚାର ପ୍ରକ୍ରିୟା ସାରି ଯମରାଜ ନ୍ୟାୟ ଘୋଷଣା କଲେ, ଦେହଜୀବୀ ମାତ୍ର ମାସେ ରଡ଼ ନିଆଁରେ ଚାଲିବ, କିନ୍ତୁ ବେଇମାନ ତତଲା ତେଲ କଡ଼େଇରେ ଚାରି ମାସ ଛଣା ହେବ।

ଏ ପ୍ରକାର ନ୍ୟାୟ ମନ୍ତ୍ରୀ ଚିତ୍ରଗୁପ୍ତଙ୍କ ମନକୁ ସନ୍ତୁଷ୍ଟ କରି ପାରିଲା ନାହିଁ। ପଚାରିଲେ, "ହେ ଧର୍ମରାଜ! ଦେହଜୀବୀକୁ ଦଣ୍ଡ କମ୍, ବେଇମାନକୁ ଅଧିକ ଦଣ୍ଡ, ନ୍ୟାୟଟା ଅସଙ୍ଗତି ଲାଗୁଛି।"

ଯମରାଜ କହିଲେ, "ପେଟଭୋକ ପାଇଁ ବିଚରା ମହିଳା ନିରୁପାୟ ହୋଇ ଦେହକୁ ବିକ୍ରି କଲା ଓ ଗ୍ରାହକର କାମନା ନିଆଁକୁ ନିର୍ବାପିତ କଲା। କିନ୍ତୁ ବେଇମାନ ବିଶ୍ୱାସରେ ବିଷ ଦେଇଥିବାରୁ ଧର୍ମ ବିଚାରରେ ଦେହଜୀବୀଠୁ ବେଇମାନ ବଡ଼ ଅପରାଧୀ।

ମନ୍ତ୍ରୀ ଚିତ୍ରଗୁପ୍ତ ବିଚାର ଦସ୍ତାବିଜରେ ଉଲ୍ଲେଖ କଲେ ବରଂ ଦେହଜୀବୀକୁ ଛାଡ଼ ଅଛି। କିନ୍ତୁ ବେଇମାନକୁ ଧର୍ମ ଦୁଆରେ ଛାଡ଼ ନାହିଁ। ■

ମୋ: ୯୪୩୭୧୬୩୪୨୧

# କ୍ଷଣ କ୍ଷଣକେ ଆନ



**ଜୟନ୍ତୀ ରଥ**

ବୋଉ ମୁଁ ଆଜି ନନ୍ଦୀନାଗରୀ ଲିପି ଶିଖିଲି
ନଣ୍ଡା ବାଗୁଲି ଖାଉଚୁ
ହଉ ଖାଆ, ଖାଆ
ଭଲ ହଜମ ହେବ।
ନା- ବୋଉକୁ ଶୁଭୁ ନାହିଁ
ତାକୁ କିଛି ବୁଝାଇ
କହି ହେବନି।
ଆଉ, ସେ ଯାହା
ନିଜ ଆଡୁ କହୁଚି କହୁ...

ଦିଅଁ ପୂଜିବାକୁ
ରାତି ଚାରିଟାରେ ଉଠି
ଗାଧୋଉଥିଲା
ଏବେ ଅପରାହ୍ନ ସାଢ଼େ ପାଞ୍ଚ
କହୁଚି, କେତେ ଡେରି ହେଲାଣି
ମୋତେ ଉଠେଇ ଦେଲନି ଟିକେ
ନିଆଁ ଲଗା ନିଦଟା
ଅବେଳରେ ଆସୁଚି
ଆଉ ସମସ୍ତେ ଶୋଇଲାବେଳେ
ପତା ପଡୁନି ଆଖିର

ଭାସ୍କର ବେଲପତ୍ର ଆଣିଚି?
ତାକୁ କହିଥିଲି
ସବୁ ସଂକ୍ରାନ୍ତିରେ ହୋମ ହେବ
ବୋହୂ ମାଆ ଏକୁଟିଆ
ପାରିବନି।
ତୁ ଆସି ଯୋଗାଡ଼ି ଦେବୁ
ଏବେ ସବୁ କଥାକୁ
ଗାଲଉଚି –
ପରା ଟୋକାଟା।

ଓହୋ ବୋଉ।
ସବୁ ପୂଜା ଠିକ୍‌ଠାକ୍ ଚାଲିଚି
ତୁ ଜମ୍ମା ବ୍ୟସ୍ତ ହ'ନା
ବୋଉ ଉଦାସ ହୋଇ
କହୁଚି
ବ୍ୟସ୍ତ ହୋଇ
କ'ଣ କରିବି
ମୁଁ ତ ମଲାଗଲା
ହୋଇ ପଡ଼ିଚି
ଜ୍ୱାଇଁଙ୍କ ପାଇଁ
ମିଠା ଦହି ଅଛି
ଫ୍ରିଜ୍‌ରେ
ଗଲାବେଳେ ମନେ କରି
ନେଇଯିବୁ

ମୁଁ ବୁଝି ଗଲି
କ୍ଷଣ କ୍ଷଣକେ ଆନ
ଏବେ ବୋଉର ପୃଥିବୀ...
ଦିନେ ମୋର ବି
ଏଇ ଦଶା ହେବ। ■

ଭୁବନେଶ୍ୱର
ମୋ: ୮୮୯୫୬୭୧୭୯୫୬

# ମରୁଥାଏ ବାରମ୍ବାର



**ଚିତ୍ତରଞ୍ଜନ ମିଶ୍ର**

ସେଦିନ କାଶ୍ମୀର ଘାଟିରେ
ମରିଥିଲି ଗୁଳି ଖାଇ ଆତଙ୍କବାଦୀର
ଆଉଥରେ ଗାଜାରେ ନିଖୋଜ ହୋଇ
ଛତ୍ରରେ ମୁଠାଏ ଖାଦ୍ୟ
ଖୋଜିଥିଲି ଭୋକ ବିକଳରେ।
ଜୀବନ ବଞ୍ଚାଇବାକୁ ୟୁକ୍ରେନର
ସୀମା ପାର ହେବା ବେଳେ
ମରିଥିଲି, ମରିଥିଲି ଆଉଥରେ
ବଙ୍ଗଳାଦେଶରେ
ଘର ମୋର ଜଳିଗଲାପରେ
ମରିଥିଲି ମୁର୍ଶିଦାବାଦରେ
ମରିଥିଲି ସେ ଝିଅଟି ଜଳିଯିବା ବେଳେ
ନିଜକୁ ଅଙ୍ଗାର କରି ନ୍ୟାୟ ଅପେକ୍ଷାରେ
ମରିଥିଲି ଉତ୍ତରାଖଣ୍ଡରେ
ପାଦତଳୁ ପାହାଡ଼ଟି ଧସି ଯିବା ପରେ
ମରିଥିଲି ମଦ୍ୟପଙ୍କ ପଞ୍ଝାରେ, ଦାନ୍ତରେ
ପୀଡ଼ିତାର ଚିରା ଦେହ ଛପା ଛବି
କାଗଜରେ ଚିରି ଯିବାପରେ
କିଏ ବା ବଞ୍ଚାଇଥିଲା ଯେତେବେଳେ
ଚାରି ବରଷର ଶିଶୁ
ଫଡ଼ା ଫଡ଼ା ମାଂସ ହୋଇଗଲା
ବୁଲା କୁକୁରଙ୍କ ମେଳେ

ରକ୍ତାକ୍ତ ରାସ୍ତାରେ ?
କେତେଥର ମରିଛି ମୁଁ, ମରୁଛି ମୁଁ
ଧିକ୍ ମୋର ମରିବାକୁ
ବାରମ୍ବାର, ବଞ୍ଚିଥାଇ ଗୋଟେ ଜୀବନରେ
ଜଗତ ନର୍କରେ ଏବେ
କିଏ ଏଠି କାହାକୁ ଉର୍ଦ୍ଧ୍ୱରେ ? ■

ମଞ୍ଜୁଳା, ୱାଟର ୱର୍କ୍ସ ରୋଡ୍
ପୁରୀ - ୭୫୨୦୦୨



## ପୁସ୍ତକ ପରିଚୟ


### ବାଞ୍ଛ
**ସୁଚରିତା ମହାନ୍ତି**




ଶାନ୍ତିସେନା ପବ୍ଲିକେଶନ୍‌ସ
ଜଗତସିଂହପୁର
ପ୍ରଥମ ସଂସ୍କରଣ ୨୦୨୫
ମୂଲ୍ୟ : ୧୫୦ ଟଙ୍କା

ଗାଳ୍ପିକା ସୁଚରିତା ମହାନ୍ତିଙ୍କ ଗଳ୍ପ ସଂକଳନ 'ବାଞ୍ଛ' ପ୍ରକାଶ ପାଇଛି। ୩୩ଟି ଗଳ୍ପ ଏହି ପୁସ୍ତକରେ ସଂକଳିତ ହୋଇଛି। 'ବଡ଼ ଅଫିସର',, 'ଅଗ୍ନି ପରୀକ୍ଷା', 'ଶେଷ ଥର', 'ବାଞ୍ଛ', 'ସଂପର୍କ', 'ଅଲିଭା ଗାର', 'ଉଦାସିଆ ଆଖି', 'କନ୍ୟାଦାନ', 'ଅସ୍ତଗାମୀ ସୂର୍ଯ୍ୟ', 'ଶେଷ ପାହାଚ', 'ରେବତୀ', 'ଆମାବାସ୍ୟାର ଚନ୍ଦ୍ର', 'ସମୟ ଖେଳ', 'ବୁଢ଼ୀ ମା'ର କାହାଣୀ ପେଡ଼ି' ପ୍ରଭୃତି ଗଳ୍ପଗୁଡ଼ିକରେ ସାମାଜିକ ବାସ୍ତବତା, ମାନବୀୟ ଭାବାବେଗ, ମଣିଷ ଜୀବନର ଆଶା, ନିରାଶା, ଦ୍ୱନ୍ଦ୍ୱ ସଂଘର୍ଷର ଚିତ୍ର ପ୍ରତିଫଳିତ ହୋଇଛି। ମାତୃତ୍ୱ ଲାଭ କରିବା ନାରୀ ଜୀବନର ବଡ଼ ଉପଲବ୍ଧି। କିନ୍ତୁ ଜନ୍ମ କଲା ସନ୍ତାନମାନେ ଯଦି ବଡ଼ ହୋଇ ବାପାମାଆଙ୍କୁ ଅସମ୍ମାନ ଓ ଅନାଦର କଲେ ସେମାନଙ୍କ ଜୀବନ ହୋଇଉଠେ ଦୁର୍ବିସହ। ଜୀବନର ଏହି ବାସ୍ତବତା ତାହା ଚିତ୍ରିତ ହୋଇଛି 'ବାଞ୍ଛ' ଗଳ୍ପରେ। ସେଥିପାଇଁ ଅବହେଳିତ ଶାଶୁ ଜଣକ ଜରାଶ୍ରମ ଖଟିରେ ପଡ଼ି ଥର ଥର କଣ୍ଠରେ କହୁଥିଲେ "ମୁଁ ବାଞ୍ଛ ହୋଇଥିଲେ ଭଲ ହୋଇଥାଆନ୍ତି।" ଏହି ପୁସ୍ତକର ଅନେକ ଗପରେ ନାରୀ ଜୀବନ ଅକୁହା ବେଦନା, ସାଂପ୍ରତିକ ସମାଜର ବାସ୍ତବ ଚିତ୍ର ପ୍ରତିଫଳିତ ହୋଇଛି। 'ବାଞ୍ଛ'ର ଗପଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ। ■


### ଅପାସୋରା ମଣିଷ
**ସଂପାଦକ: ଡକ୍ଟର ବନଜ କୁମାର ବିଶ୍ୱାଳ**




ଗୋପାଳ ଚରଣ ମହାନ୍ତି ସ୍ମୃତି ସଂସଦ
ମଲ୍ଲୀପୁର, କିଶୋରନଗର, କଟକ
ପ୍ରଥମ ପ୍ରକାଶ : ୨୦୨୧
ମୂଲ୍ୟ : ୨୦ ଟଙ୍କା

କଟକ ଜିଲ୍ଲା କିଶୋରନଗର ଅଞ୍ଚଳର ବିଶିଷ୍ଟ ବ୍ୟକ୍ତି, ସମାଜ ମନସ୍କ ସ୍ୱର୍ଗତ ଗୋପାଳ ଚରଣ ମହାନ୍ତିଙ୍କ ସ୍ମୃତି ଉଦ୍ଦେଶ୍ୟରେ ଡକ୍ଟର ବନଜ କୁମାର ବିଶ୍ୱାଳ ସଂପାଦନାରେ ପ୍ରକାଶ ପାଇଛି 'ଅପାସୋରା ମଣିଷ' ପୁସ୍ତକ। ଏହି ପୁସ୍ତକରେ ସ୍ୱର୍ଗତ ମହାନ୍ତିଙ୍କ ସମାଜ ପ୍ରତି ଅବଦାନ, ପରୋପକାର, ନିରାଡ଼ମ୍ବର ବ୍ୟକ୍ତିତ୍ୱ, ବ୍ୟକ୍ତିଗତ ଜୀବନ ସଂପର୍କରେ ସ୍ମୃତି ଚାରଣ କରାଯାଇଛି। ଡକ୍ଟର ଅରବିନ୍ଦ ପଟ୍ଟନାୟକ, ଡାକ୍ତର ଅଶୋକ କୁମାର ଦାସ, ଡାକ୍ତର ଆଲୋକ କାନୁନ୍‌ଗୋ, ଡକ୍ଟର ଉମେଶ ଚନ୍ଦ୍ର ପଟ୍ଟନାୟକ, ଡକ୍ଟର କବିତା ଖଟାଇ, ପ୍ରାଧ୍ୟାପକ କିଶୋର କୁମାର ବିଶ୍ୱାଳ, ଡକ୍ଟର କିଶୋର ଚନ୍ଦ୍ର ଦାସ, ଡକ୍ଟର ଜ୍ୟୋତିର୍ମୟୀ ମହାନ୍ତି, ପ୍ରାଧ୍ୟାପକ ଦେବେନ୍ଦ୍ରନାଥ ବାରିକ, ଡକ୍ଟର ପାବକ କାନୁନ୍‌ଗୋ, ଡକ୍ଟର ତରଣୀ ସେନ୍ ବାରିକ ପ୍ରମୁଖ ବିଶିଷ୍ଟ ବ୍ୟକ୍ତିମାନେ ସ୍ୱର୍ଗତ ମହାନ୍ତିଙ୍କ ବ୍ୟକ୍ତିତ୍ୱର ବିଭିନ୍ନ ଦିଗ ଉପରେ ଆଲୋଚନା କରି ସ୍ମୃତିଚାରଣ କରିଛନ୍ତି। ସ୍ୱର୍ଗତ ମହାନ୍ତିଙ୍କ ଜୀବନ ଶୈଳୀ ଥିଲା ନିରାଡ଼ମ୍ବର। ସାଧାରଣ ଲୋକଙ୍କ ସୁଖଦୁଃଖରେ ସେ ସାମିଲ ହେଉଥିଲେ। ସ୍ୱର୍ଗତ ଗୋପଳଚରଣ ମହାନ୍ତିଙ୍କ ସୁଗୁଣାବଳୀ ଉତ୍ତର ପିଢ଼ିଙ୍କ ଉଦ୍‌ବୁଦ୍ଧ କରି ବୋଲି ଆଶା କରାଯାଏ। ■

### କାକ୍ଟସ୍‌ର ଲୁହ
**ଡକ୍ଟର ଜଗତବନ୍ଧୁ ଆଚାର୍ଯ୍ୟ**




ସୁବର୍ଣ୍ଣଶ୍ରୀ ପ୍ରକାଶିନୀ
ନେଳିଆବାଗ, ବାଲେଶ୍ୱର
ପ୍ରଥମ ପ୍ରକାଶ : ୨୦୨୫
ମୂଲ୍ୟ : ୧୫୦ ଟଙ୍କା

"ବସ୍ତୁବାଦୀ ଦୁନିଆର ଲମ୍ବାରାସ୍ତା,/ ଛଳନା ପ୍ରତାରଣାର କଂକ୍ରିଟ୍ ନିର୍ମିତ/ଆବୁଡ଼ା ଖାବୁଡ଼ା ଚଟାଣର ଦେହ,/ ଆଉ ଥରେ ପୁଣି ସଜାଡ଼ି ଯାଉଛି।" (ଭଙ୍ଗା ବିଶ୍ୱାସର ପୋଲ) ଆଶା ଓ ବିଶ୍ୱାସ ହିଁ ମଣିଷକୁ ଜୀବନ ବଞ୍ଚିବା ପାଇଁ ପ୍ରେରଣା ଦିଏ। ତେବେ ବସ୍ତୁବାଦୀ ଦୁନିଆରେ ବେଳେବେଳେ ମଣିଷ ଧକ୍କା ଖାଏ। ତଥାପି ବିଶ୍ୱାସ ହିଁ ତାକୁ ଜୀବନର ଆବୁଡ଼ା ଖାବୁଡ଼ା ରାସ୍ତାରେ ଚାଲିବାକୁ ସାହସ ଓ ଶକ୍ତି ଦିଏ। ଏମିତି ଜୀବନର ବାସ୍ତବ ଚିତ୍ର ପ୍ରତିଫଳିତ ଡକ୍ଟର ଜଗତବନ୍ଧୁ ଆଚାର୍ଯ୍ୟଙ୍କ 'କାକ୍ଟସ୍‌ର ଲୁହ' ପୁସ୍ତକର ଅନେକ କବିତାରେ। ଏହି ପୁସ୍ତକର 'ଆଉ ଏକ ଦୃଶ୍ୟ', 'ବିଭାଜନ', 'ଏକ ବିସ୍ଥାପିତ ଇଚ୍ଛା', 'ଜୀବନ ଗଣିତ', 'ଶବ୍ଦର ସ୍ୱରୂପ', 'ଧୈର୍ଯ୍ୟ', 'ଯନ୍ତ୍ରଣା', 'ଆଶଙ୍କା', 'ସମୁଦ୍ର ସ୍ନାନ', 'ଦୁଃଖୀଲୋକ', 'ପିତୃପୁରୁଷ', 'କକ୍‌ଟସ୍‌ର ଲୁହ' ଆଦି କବିତାଗୁଡ଼ିକ ମନଛୁଆଁ ହୋଇଛି। ଏହି କବିତାଗୁଡ଼ିକରେ କବି ଜୀବନର ବାସ୍ତବ ଚିତ୍ର ଦେବାରେ ବେଶ୍ ସଫଳ ହୋଇଛନ୍ତି। ସେହିପରି 'ବର୍ଷା', 'ପ୍ରକୃତି ମାୟାରେ ବନ୍ଧା', 'ଏକ ବରଗଛର ସ୍ମୃତିରେ' ଆଦି କବିତାରେ ପ୍ରକୃତିର ଜୀବନ୍ତ ଚିତ୍ର ମାର୍ମିକ ଭାବେ ଫୁଟି ଉଠିଛି। 'କାକ୍‌ଟସ୍‌ର ଲୁହ' ପୁସ୍ତକର କବିତାଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ। ■

# ରାଧାନାଥୀୟ ପ୍ରତିଭାର ଅଭିଜାତ ଐଶ୍ୱର୍ଯ୍ୟ



**ଡ. ପ୍ରଫୁଲ୍ଲ କୁମାର ସାହୁ**

ଯୁଗପ୍ରବର୍ତ୍ତକ କବି ରାଧାନାଥ ରାୟ। ଆଧୁନିକ ଓଡ଼ିଆ କାବ୍ୟ ସାହିତ୍ୟର ଅନୁପମ ବିଧାଣି। ରୀତିଯୁଗର ଆଳଙ୍କାରିକ ପଦଲାଳିତ୍ୟ ଓ ଯୌବନୋଚ୍ଛଳ ପ୍ରେମ ପ୍ରଣୟକୁ ଆଦୌ ପରିହାର ନ କରି ମଧ୍ୟ ଭଞ୍ଜୀୟ ପୃଷ୍ଠଭୂମି ଉପରେ ଗଢ଼ି ଦେଇଛନ୍ତି ଆଧୁନିକ କାବ୍ୟ ଚେତନାର ଏକ ବିଶାଳ ଓ ସୁରମ୍ୟ ହର୍ମ୍ୟ। ସେଥିପାଇଁ କିଏ ତାଙ୍କୁ ଯୁଗପ୍ରବର୍ତ୍ତକ କହେ ତ କିଏ କହେ ବିପ୍ଳବୀ ରାଧାନାଥ।

କବିବର ରାଧାନାଥ ଥିଲେ ଶୁଦ୍ଧ ସୌନ୍ଦର୍ଯ୍ୟବାଦୀ। ପ୍ରକୃତିର ଉପାସକ। ଅସାଧାରଣ ତାଙ୍କ ଆହରଣ ଦକ୍ଷତା ଓ ସମୀକରଣ କୌଶଳ। ଚମତ୍କାର ତାଙ୍କ ଗଳ୍ପଗୁମ୍ଫନ କୌଶଳ। କଥାରେ ଅଛି "ଯେ ପକ୍ଷୀ ଉଡ଼େ ଯେତେ ଦୂର, ସେ ଜାଣେ ତହିଁର ଖବର।" ଜଗତର ବିଶାଳତାକୁ ଅନୁଭବ କରିବା ପାଇଁ ନିଜ ମନପକ୍ଷୀକୁ ଉଡ଼େଇ ଦେଇଛନ୍ତି ଦୂର ଆକାଶରେ। ଓଡ଼ିଆ, ବଙ୍ଗଳା, ସଂସ୍କୃତ, ଇଂରାଜୀ, ପାର୍ସୀ ଓ ଉର୍ଦ୍ଦୁ ଆଦି ବିଭିନ୍ନ ଭାଷାରେ ପାରଦର୍ଶିତା ଯୋଗୁଁ ଓଡ଼ିଶାର ଇତିହାସ, କିମ୍ବଦନ୍ତୀ ଓ ପୌରାଣିକ ଆଖ୍ୟାନଠାରୁ ଆରମ୍ଭ କରି ଗ୍ରୀକ୍ ଓ ରୋମ୍ ସାହିତ୍ୟ ପର୍ଯ୍ୟନ୍ତ ଲମ୍ବି ଯାଇଥିଲା ତାଙ୍କ କଳ୍ପନାର ଚାରଣ ଭୂମି। ଗଭୀର ଅଧ୍ୟୟନ ଓ ଅଭିଜ୍ଞାନ ବଳରେ ବିଶ୍ୱର ବିଭିନ୍ନ କ୍ଷେତ୍ରରୁ ଚିନ୍ତା ଓ ସୌନ୍ଦର୍ଯ୍ୟର ପୁଷ୍ପ ଚୟନ କରି ସେ ନିର୍ମାଣ କରିଛନ୍ତି ଆପଣା କାବ୍ୟ ତପୋବନ। ବିଷୟବସ୍ତୁ କିମ୍ବଦନ୍ତୀୟ ହେଉ କି ପାଶ୍ଚାତ୍ୟ ଜନଶ୍ରୁତିର ରୂପକଥା ହେଉ, ତା'ର ଭାବକଳ୍ପର ଶିରାରେ ଶିରାରେ ଭରି ଦେଇଛନ୍ତି ଉତ୍କଳୀୟତାର ସ୍ପନ୍ଦନ। ଗ୍ରୀକ୍ କବି ଓଭିଡଙ୍କ 'ମେଟାଫରସିସ୍' ପୁସ୍ତକର ଆପୋଲ ଡାଫିନଙ୍କୁ ଆଣି ଓଡ଼ିଶା ମାଟିରେ ପହଞ୍ଚେଇ ଦେଇଛନ୍ତି, ଯିଏ କୋଣାର୍କର ବେଳାଭୂମିରେ ବିଚରଣ କରିଛନ୍ତି ସୂର୍ଯ୍ୟଦେବ ଓ ଚନ୍ଦ୍ରଭାଗା ରୂପରେ। ଏହା ହୋଇପାରେ ଏକ ବିଦେଶୀ କଥାବସ୍ତୁର ଓଡ଼ିଆ କରଣ, ମାତ୍ର କବିଙ୍କ ଲେଖନୀରେ ବିଭୂତିମଣ୍ଡିତ ହୋଇ ଚନ୍ଦ୍ରଭାଗା ପାଲଟି ଯାଇଛି ଏକ ତୀର୍ଥକ୍ଷେତ୍ର। ତା' ସହିତ ଯୋଡ଼ି ହୋଇଯାଇଛି ମାଘସପ୍ତମୀ ଓ ବାରୁଣିସ୍ନାନ। କବି କଳ୍ପନାର ଏହି ଇନ୍ଦ୍ରଜାଲ ଭିତରେ ଛନ୍ଦିହୋଇ ପାଠକ ବିଚାରା ବୁଝି ପାରେନି ଚନ୍ଦ୍ରଭାଗା କାହାର ନାମ ନାରୀର ନା ନଦୀର ?

କେବଳ ପ୍ରାଚ୍ୟ ଓ ପାଶ୍ଚାତ୍ୟର ସମୀକରଣ ନୁହେଁ, ଓଡ଼ିଶାର ଦେବଦେବୀ, ରାଜାମହାରାଜା, ମାଟି, ପାଣି, ପବନ, ନଦନଦୀ, ଶିଳା, ଶାଳଗ୍ରାମ ଆଦିର ସମାବେଶ ତଥା ଉତ୍କଳ ଗୌରବ ଗାଥାର ପୁନଃ ସ୍ଥାପନ ହିଁ ତା'ର ମୂଳକଥା। ରାଧାନାଥଙ୍କ ପୂର୍ବରୁ ଓଡ଼ିଆ ସାହିତ୍ୟରେ ଅନେକ ଉଚ୍ଚକୋଟୀର କାବ୍ୟ ଲେଖା ସାରିଥିଲେ ବି ସେଥିରେ କାବ୍ୟ ରୂପ ପାଇ ନଥିଲା ଜାତୀୟ ଅସ୍ମିତାର ସମକାଳୀନ ଚିନ୍ତନ। ଓଡ଼ିଆ ବାଙ୍ଗ୍‌ମୟ ଅଭିବ୍ୟକ୍ତିରେ ଊଣା ଥିଲା ଇତିହାସ ଦୃଷ୍ଟି। ଏହାକୁ ଅନୁଭବ କରି ଉତ୍କଳର ଭୂପ୍ରକୃତି, ଲୋକଜୀବନ ତଥା ତା'ର ଗୌରବମୟ ଅତୀତକୁ ଆଣି କବି ଠିଆ କରେଇ ଦେଲେ ଉତ୍କଳଲକ୍ଷ୍ମୀ 'ଚିଲିକା' କୂଳରେ। ରକ୍ତବାହୁ ଯବନର ପତନ, ମାଣିକ ଗଉଡୁଣୀ ଓ କାଞ୍ଚି ବିଜୟ କାହାଣୀକୁ ନେଇ ଓଡ଼ିଆ ଅସ୍ମିତାର ଏକ ବିମ୍ବ ହୋଇ ଠିଆ ହେଲା ମରାଳ ମାଳିନୀ ନୀଳାମ୍ବୁ ଚିଲିକା। କେବଳ 'ଚିଲିକା' ନୁହେଁ, ବିଦ୍ରୂପାତ୍ମକ କାବ୍ୟ 'ଦରବାର'ଠାରୁ 'ମହାଯାତ୍ରା' ପର୍ଯ୍ୟନ୍ତ ପ୍ରଲମ୍ବିତ ତାଙ୍କ ଜାତୀୟ ଅସ୍ମିତାର ଜୟଯାତ୍ରା। ମହାଯାତ୍ରା କାବ୍ୟରେ ସେ ପାଣ୍ଡବମାନଙ୍କୁ ସାରା ଓଡ଼ିଶା ବୁଲେଇଛନ୍ତି ଏବଂ ଉତ୍କଳର ମହିମା ଗାନ କରିବାକୁ ଯାଇ ଅଗ୍ନିଦେବଙ୍କ ଜରିଆରେ କହିଛନ୍ତି- "ପର୍ଣ୍ଣଦଳେ ଶ୍ରେଷ୍ଠ ଯେହ୍ନେ ପ୍ରସୂନ ଲଳିତ, ଶ୍ରେଷ୍ଠ ଏ ଉତ୍କଳ ଭୂମି ଗୁଣେ ଗରୀୟସୀ... ।"

ରାଧାନାଥଙ୍କ ଶବ୍ଦର ଇନ୍ଦ୍ରଜାଲରେ ଓଡ଼ିଶାର ଗିରି ହୋଇଛି ଗିରୀନ୍ଦ୍ର, ସର ହୋଇଛି ସାଗର, ଶିମୁଳି ଗଛ ବି ଲଭିଛି ଶାଳ୍ମଳୀ ତରୁର ମର୍ଯ୍ୟାଦା। କବିଙ୍କ ଭାଷାରେ- "ଶାଳ୍ମଳୀ ଶଇଳୁଁ ତିନି ସ୍ଥାନେ ତିନି ତଟିନୀ ଝରେ, ଲଙ୍ଘି ନାନା ବନ ଜନପଦ ମିଶେ ବଙ୍ଗ ସାଗରେ।" ମହାପ୍ରଭୁ ଶ୍ରୀଜଗନ୍ନାଥ ଓଡ଼ିଆ ଜାତିର ଆରାଧ୍ୟ ଦେବତା ଏବଂ ଶ୍ରୀକ୍ଷେତ୍ର ହେଉଛି ଓଡ଼ିଶାର ସାଂସ୍କୃତିକ ରାଜଧାନୀ। ସେହି ପବିତ୍ର ଧାମର ଶ୍ରେଷ୍ଠତ୍ୱ ପ୍ରତିପାଦନ କରିବାକୁ ଯାଇ ସେ ଲେଖିଛନ୍ତି – "ପୁଷ୍ପକୁଣ୍ଡେ ଶ୍ରେଷ୍ଠ ତାର କେଶର ଯେସନେ, ଶ୍ରେଷ୍ଠ ଏ ନୀଳାଦ୍ରିଧାମ ସମଗ୍ର ଉତ୍କଳେ।" ଏଥିସହ ଶ୍ରୀକ୍ଷେତ୍ରକୁ ଏକ ସାଂସ୍କୃତିକ ପରିମଣ୍ଡଳ ଭାବରେ ଗଢ଼ିବାକୁ ଯାଇ ତାକୁ ସେ ଯୋଡ଼ିଛନ୍ତି 'ପାର୍ବତୀ', 'ଚନ୍ଦ୍ରଭାଗା' ଓ 'ଚିଲିକା' ଆଦି କାବ୍ୟ ସହିତ।

ରାଧାନାଥଙ୍କ ବ୍ୟକ୍ତିତ୍ୱର ସ୍ୱାଭାବିକ ଗୁଣଟି ଥିଲା ପ୍ରକୃତି ଉପାସନା। ଶୈଶବରୁ ବିଜନତା ମଧ୍ୟରେ ନିମଜ୍ଜନ ତାଙ୍କୁ ଶିଖେଇ ଥିଲା ପ୍ରକୃତିର ମହାଭାବ ସହିତ ଏକାତ୍ମ ହେବାର ରହସ୍ୟ। କବି ସେହି ରହସ୍ୟମୟ ଭାବମୟତାର ଚିତ୍ରକର। ପ୍ରକୃତି ବର୍ଣ୍ଣନା ଓଡ଼ିଆ କାବ୍ୟରେ କିଛି ନୂଆ କଥା ନୁହେଁ, ବରଂ ଖୁବ୍ ବିସ୍ତୃତ ଓ ମାର୍ମିକ। ଏହା ରୀତି କାବ୍ୟରେ ଯେତିକି ପ୍ରାଣସ୍ପର୍ଶୀ, ରାଧାନାଥଙ୍କ ସମସାମୟିକ ସ୍ୱଭାବ କବି ଗଙ୍ଗାଧର ମେହେର ଓ ଭକ୍ତକବି ମଧୁସୂଦନ ରାଓଙ୍କ ସୃଷ୍ଟିରେ ସେତିକି ଆବେଗସ୍ନାତ । ମାତ୍ର ପ୍ରକୃତିକୁ କେନ୍ଦ୍ରରେ ରଖି ଗୋଟେ କାବ୍ୟ ଯେ ଲେଖା ଯାଇପାରେ, ରାଧାନାଥଙ୍କ ପୂର୍ବରୁ କେହି କେବେ କଳ୍ପନା କରି ନ ଥିଲେ ଏକଥା। ରୀତି ସାହିତ୍ୟରେ ପ୍ରକୃତି ଥିଲା ଏକ ଚିତ୍ର। ତାକୁ ଚରିତ୍ରରେ ପରିଣତ କରିଦେଲା ରାଧାନାଥୀୟ ପ୍ରତିଭା। ଚିଲିକା ହ୍ରଦଟିଏ ହେଲେ ବି କବି କଲମରେ ସେ ପାଲଟିଗଲା ଏକ ହାସ୍ୟମୟୀ ଓ ଲାସ୍ୟମୟୀ ନାରୀ, ଯେଉଁ କାବ୍ୟ ନାୟିକାର ରୂପ ସୌନ୍ଦର୍ଯ୍ୟ ବର୍ଣ୍ଣନା କରିବାକୁ ଯାଇ ସେ ଲେଖିଛନ୍ତି- "ଆହା ଏ ଶୋଭାର ନାହିଁ ପଟାନ୍ତର, ଥିଲେ ଥିବ ସ୍ୱର୍ଗେ ମର୍ତ୍ତ୍ୟେ ଅଗୋଚର।" କବି ଦୃଷ୍ଟିରେ ପ୍ରକୃତି ନିର୍ବାକ ଓ ନିସ୍ପନ୍ଦ ନୁହେଁ, ତାହା ପ୍ରାଣବନ୍ତ ଓ ବାଙ୍ଗ୍‌ମୟ। ସେ ହିଁ ଓଡ଼ିଆ ସାହିତ୍ୟର ପ୍ରଥମ କବି, ଯିଏ ପ୍ରକୃତି ଉପରେ ଆରୋପ କରିଛନ୍ତି ମାନବିକ ଗୁଣ। ଓଡ଼ିଆ କାବ୍ୟ କବିତାରେ ବର୍ଷାବର୍ଣ୍ଣନା ତ ବିସ୍ତୃତ। ମାତ୍ର ସେ ବର୍ଣ୍ଣନାରେ ନ ଥିଲା ବାହ୍ୟ ପ୍ରକୃତି ସହିତ ଅନ୍ତଃପ୍ରକୃତିର ତୁଳନା। କବି ସେଭଳି ତୁଳନାତ୍ମକ ଚିତ୍ର ଆଙ୍କିବାର ପରମ୍ପରା ଆରମ୍ଭ କଲେ, ଯା'ର ଦୃଷ୍ଟାନ୍ତ ହେଉଛି- "ବହି ଯାଉଛି ବାରି ଭେଦି କିଆରି, ମର୍ଯ୍ୟାଦା ଲଙ୍ଘେ ଯଥା ସ୍ୱତନ୍ତ୍ରା ନାରୀ।" (ତୁଳସୀ ସ୍ତବକ)

ମଣିଷ ଜୀବନର ମୌଳ ଆବେଗ ହେଉଛି ପ୍ରେମ ଏବଂ ଏହା ହିଁ ସବୁ କଳା କଳ୍ପନାର ମୂଳକଥା। ଜୀବନର ଏହି ଅଭିଜାତ ଐଶ୍ୱର୍ଯ୍ୟରେ ଖୁବ୍ ଐଶ୍ୱର୍ଯ୍ୟବନ୍ତ ଥିଲା ରୀତିଯୁଗୀୟ କାବ୍ୟକଳା। ମାତ୍ର ତା'ର ବିଷୟ ବିନ୍ୟାସରେ ନ ଥିଲା ବ୍ୟଞ୍ଜନାମୟ ବୈଚିତ୍ର। ସୁଖଦୁଃଖ, ହସକାନ୍ଦ ମିଶାମିଶି ଜୀବନ ହିଁ ମଣିଷର ଅଲଙ୍ଘନୀୟ ଭାଗ୍ୟ। ମାତ୍ର ପ୍ରତ୍ୟେକ କ୍ଷେତ୍ରରେ ମିଳନାତ୍ମକ ପରିସମାପ୍ତି ଥିଲା ରୀତିକାବ୍ୟର ପରଂପରା। ତା'ର ଏହି ଗତାନୁଗତିକ ପରିପାଟୀରେ ରାଧାନାଥ ଆଣିଲେ ଭିନ୍ନତା। ପ୍ରେମ ପାଇଁ ଜୀବନ ବିସର୍ଜି ଦେବାକୁ ଆଗେଇ ଆସିଲେ ତାଙ୍କ କାବ୍ୟର ନାୟକ ନାୟିକା କେଦାର ଓ ଗୌରୀ। କେବଳ 'କେଦାରଗୌରୀ' ନୁହେଁ, 'ପାର୍ବତୀ', 'ନନ୍ଦିକେଶରୀ', 'ଚନ୍ଦ୍ରଭାଗା' ଆଦି ଅନେକ କାବ୍ୟରେ ଦୁଃଖଦ ଉପସଂହାରକୁ ନେଇ ଉଦ୍‌ଘାଟିତ ହେଲା କଳାର ଏକ ଅଭିନବ ଦିଗନ୍ତ।

ରାଧାନାଥ ଥିଲେ କାବ୍ୟିକ ଭାଷାର ପ୍ରଥମ ସଂସ୍କାରକ। କାବ୍ୟର ଆଙ୍ଗିକ ପରିବର୍ତ୍ତନ କରିବାକୁ ଯାଇ ସେ ହିଁ ପ୍ରଥମେ ପ୍ରୟୋଗ କଲେ ଅମିତ୍ରାକ୍ଷର ଛନ୍ଦ। ତାଙ୍କ ସରଳ, କୋମଳ, ମଧୁର ଓ ମଞ୍ଜୁଳ ଶବ୍ଦ ସଂଯୋଜନା ଯୋଗୁଁ ଆଉ ଅଳଙ୍କାରର ପ୍ରାବଲ୍ୟରେ ଭାରାକ୍ରାନ୍ତ ହେଲା ନାହିଁ କାବ୍ୟସୁନ୍ଦରୀ। ବରଂ ସବୁ ବର୍ଗର ପାଠକଙ୍କୁ ଆମୋଦିତ ଓ ଆହ୍ଲାଦିତ କଲା ତାଙ୍କ ଉପମା ପ୍ରୟୋଗର ସୂକ୍ଷ୍ମ ଚାତୁରୀ ଓ ଲଳିତ ପଦ ବିନ୍ୟାସ। ଅର୍ଥବୋଧ, ରସବୋଧ ଓ ଭାବ ସଞ୍ଚରଣଶୀଳତା ନିମନ୍ତେ ଆଉ ରହିଲାନି ପ୍ରତି ପଦରେ ଅଭିଧାନ ଅଣ୍ଡାଳିବାର ଭଞ୍ଜୀୟ ଝିଙ୍କଟ। ରାଧାନାଥ ଥିଲେ ଜଣେ ନିର୍ଭୀକ ତଥା ବାସ୍ତବବାଦୀ ସ୍ରଷ୍ଟା। ନିଜର ପ୍ରଜ୍ଞା, ପ୍ରତିଭା ଓ ଅଧ୍ୟବସାୟ ବଳରେ ସେ ବହୁ ସମ୍ମାନର ଅଧିକାରୀ ହୋଇଛନ୍ତି ସତ, ହେଲେ କେବେ କିଛି ଲେଖି ନାହାଁନ୍ତି ଅନୁଗୃହୀତ ହେବା ଲକ୍ଷ୍ୟରେ। ତାଙ୍କୁ ରାୟ ବାହାଦୁର ଉପାଧିରେ ଭୂଷିତ କରିଛନ୍ତି ଇଂରେଜ ସରକାର। ବାମଣ୍ଡା ରାଜଦରବାରରୁ ସେ ପାଇଛନ୍ତି କବିବର ଉପାଧି। ଅଥଚ ଇଂରେଜ ସରକାର ହୁଅନ୍ତୁ କି ଦେଶୀୟ ରାଜା ହୁଅନ୍ତୁ, ସେମାନଙ୍କ ପ୍ରଜା ଶୋଷଣ ନୀତିକୁ ସେ ଖୁବ୍ ବିଦ୍ରୂପ କରିଛନ୍ତି 'ଦରବାର' କାବ୍ୟରେ। ରାଧାନାଥ ଥିଲେ ସମକାଳୀନ ବାସ୍ତବତା ଓ ନିଜ ବିଷାଦରେ ଆଚ୍ଛନ୍ନ ଏକ ବିମର୍ଶ କବି ପ୍ରତିମା। ଜୀବନ ବିମୁଖତା ସତ୍ତ୍ୱେ ପ୍ରତିଟି ପରିବୋଧନୀୟ ମୁହୂର୍ତ୍ତର ଆତ୍ମିକ ଉପଲବ୍ଧିକୁ ବୌଦ୍ଧିକତାରେ ରସାଣିତ କରି ସେ ଶୁଣେଇଛନ୍ତି ଅନେକ ଦାର୍ଶନିକ ବାଣୀ। ଏକ ଉଚ୍ଚତର ଆଧ୍ୟାତ୍ମିକ ଜୀବନବୋଧ ପ୍ରତି ଆସ୍ପୃହା ନେଇ ଗାଇଛନ୍ତି- "ଧର୍ମ ଏକା ସିନା ମହତ ପଣିଆ, ଆଉ ବଡ଼ପଣ ଅଡ଼େଇ ଦିନିଆ।" (ଦରବାର) ■

ଅବସରପ୍ରାପ୍ତ ଅଧ୍ୟକ୍ଷ,
ବିଜୁପଟ୍ଟନାୟକ ନଗର ଭଦ୍ରକ
ମୋ: ୬୩୭୧୬୪୨୪୬୪

■ ସରକାରୀ ନିୟମର ଉଲଂଘନ

## ନିଯୁକ୍ତି ବୟସ ସୀମା ୩୨ ବର୍ଷକୁ କମାଇଲା ଓଏଚ୍‌ପିସି

ଭୁବନେଶ୍ୱର, ୧୫।୧୧ (ସମିସ): ନିଯୁକ୍ତି ପାଇଁ ସରକାରଙ୍କ ନିୟମକୁ ରାଜ୍ୟ ପିଏସ୍‌ୟୁ ସଂସ୍ଥା ମାନୁ ନାହାନ୍ତି। ସରକାରଙ୍କ ନୀତି ନିୟମକୁ ଅଣଦେଖା କରି ଇଚ୍ଛା ଅନୁଯାୟୀ ନିଯୁକ୍ତି ବିଜ୍ଞପ୍ତି ପ୍ରକାଶ କରୁଛନ୍ତି। ନିଯୁକ୍ତି ପାଇଁ ବୟସ ସୀମା ୪୨ ବର୍ଷକୁ ରାଜ୍ୟ ସରକାର ବଢ଼ାଇଥିବା ବେଳେ ରାଜ୍ୟ ଓଡ଼ିଶା ଜଳ ବିଦ୍ୟୁତ୍ ନିଗମ (ଓଏଚ୍‌ପିସି) ଏହାକୁ ୩୨ ବର୍ଷ କରିଛି। ଏହାକୁ ନେଇ ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଏନେଇ ସେମାନେ ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀଙ୍କୁ ଅଭିଯୋଗ କରିଛନ୍ତି।

ସୂଚନାନୁଯାୟୀ, ମୋଟ୍ ୨୭ଟି ପଦରେ ନିଯୁକ୍ତି ପାଇଁ ଓଏଚ୍‌ପିସି ପକ୍ଷରୁ ଗତ ୭ ତାରିଖରେ ବିଜ୍ଞପ୍ତି ପ୍ରକାଶ ପାଇଛି। ଗତ ୧୨ ତାରିଖରୁ ଆବେଦନ ଆରମ୍ଭ ହୋଇ ଡିସେମ୍ବର ୧୧ ପର୍ଯ୍ୟନ୍ତ ଚାଲିବ। ଏହି ନିଯୁକ୍ତି ପାଇଁ ସର୍ବୋଚ୍ଚ ବୟସସୀମା ୩୨ବର୍ଷ ଧାର୍ଯ୍ୟ କରାଯାଇଛି। ଯାହାକୁ ନେଇ ଆଶାୟୀମାନେ ପ୍ରଶ୍ନ କରିଛନ୍ତି। ସରକାର ନିଯୁକ୍ତି ବୟସ ସୀମାକୁ ୪୨ ବର୍ଷ କରିଥିବା ବେଳେ

### ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀଙ୍କୁ ଫେରାଦ ହେଲେ ଆଶାୟୀ

ରାଜ୍ୟ ସରକାରଙ୍କ ଅଧୀନରେ ଥିବା ପିଏସ୍‌ୟୁ ସଂସ୍ଥା ଏହାକୁ କିପରି ଉଲ୍ଲଂଘନ କରୁଛି ବୋଲି ଆଶାୟୀମାନେ ପ୍ରଶ୍ନ କରିଛନ୍ତି। ଶେଷଥର ପାଇଁ ୨୦୨୨ରେ ପ୍ରକାଶିତ ବିଜ୍ଞପ୍ତିରେ ସର୍ବୋଚ୍ଚ ବୟସ ସୀମା ୩୮ ବର୍ଷ ଥିଲା। ଚଳିତଥର ଏହାକୁ ବଢ଼ାଇବା ବଦଳରେ କମାଇ ଦିଆଯାଇ ଥିବାରୁ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଏ ସମ୍ପର୍କରେ ଓଏଚ୍‌ପିସି କର୍ତ୍ତୃପକ୍ଷଙ୍କ କହିବା କଥା, କୋଭିଡ୍ ପାଇଁ ୨୦୨୨ରେ ବୟସ ସୀମାରେ କୋହଳ କରାଯାଇଥିଲା। ଯାହାକୁ ଚଳିତ ଥର ଉଠାଇ ଦିଆଯାଇ ୩୨ ବର୍ଷ କରାଯାଇଛି। ସରକାରଙ୍କ ନିୟମକୁ ଉଲ୍ଲଂଘନ କରି ବୟସ ସୀମା କମାଇ ଦିଆଯାଇ ଥିବାରୁ ଆଶାୟୀମାନେ ରାଜ୍ୟପାଳଙ୍କ ସମେତ ମୁଖ୍ୟମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଓ ଓଏଚ୍‌ପିସି ଏମ୍‌ଡିଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ନିୟମିତ ବ୍ୟବଧାନରେ ନିଯୁକ୍ତି ବାହାରୁ ନଥିବାରୁ ବୟସ ସୀମା ୪୨ ବର୍ଷ କରିବା ପାଇଁ ତ୍ୱରିତ ନିର୍ଦ୍ଦେଶ ଦେବା ସହ ଓଏଚ୍‌ପିସିରେ ଖାଲି ଥିବା ମୋଟ୍ ୧୦୩୪ଟି ପଦରେ ନିଯୁକ୍ତି ଦେବାକୁ ଆଶାୟୀ ସୁନିଲ କୁମାର ମିଶ୍ର, ବିକାଶ ପାତ୍ର, ପରମେଶ୍ୱର ବଳ ଓ ରଜତମୟୀ ମିଶ୍ର ପ୍ରମୁଖ ଦାବି କରିଛନ୍ତି।

### ଡିସେମ୍ବର ୨୪ରୁ ବିଶ୍ୱପ୍ରସିଦ୍ଧ ବରଗଡ଼ ଧନୁଯାତ୍ରା ମହୋତ୍ସବ

## ଆରମ୍ଭ ହେଲା କଳାକାର ଚୟନ

ବରଗଡ଼, ୧୫।୧୧ (ସମିସ): ଆସନ୍ତା ଡିସେମ୍ବର ୨୪ତାରିଖରୁ ବୃହତ୍ ମୁକ୍ତାକାଶ ରଙ୍ଗମଞ୍ଚ ୭୮ତମ ବରଗଡ଼ ଧନୁଯାତ୍ରା ମହୋତ୍ସବ ଆରମ୍ଭ ହେବ। ଏଥିପାଇଁ କଳାକାର ଚୟନ ପ୍ରକ୍ରିୟା ଆଜିଠାରୁ ଆରମ୍ଭ ହୋଇଛି। ସ୍ଥାନୀୟ ବିଜୁ ପଟ୍ଟନାୟକ ଟାଉନ୍ ହଲ ପରିସରରେ କଂସ ମହାରାଜଙ୍କ ସମେତ ଅନ୍ୟ ପ୍ରମୁଖ ଚରିତ୍ର ପାଇଁ କଳାକାର ଚୟନ ପ୍ରକ୍ରିୟା ଆରମ୍ଭ ହୋଇଛି। ଆଜି ଦେବକୀ, ନାରଦ, ଚାଣୁର, ମୁଷ୍ଟିକ, ସାର୍ତ୍ତକି, ବସୁଦେବ, ଅକ୍ରୁର ଏବଂ ଉଗ୍ରସେନ ପ୍ରଭୃତି ଚରିତ୍ର ନିମନ୍ତେ ଅଡିସନ୍ ନିଆଯାଇଛି। ସେହିପରି ୧୬ ତାରିଖରେ ମହାମନ୍ତ୍ରୀ ଓ ସେନାପତି ଏବଂ ୧୭ ତାରିଖ ଦିନ କଂସ ମହାରାଜ ସକାଶେ ସାକ୍ଷାତକାର ଅନୁଷ୍ଠିତ




ହେବ। ଆଜି ବିଚାରକ ଭାବେ ସୁବାସ ପ୍ରଧାନ, ମିହିର ମେହେର, ପରମେଶ୍ୱର ମୁଣ୍ଡ, ପ୍ରଦୀପ ପଣ୍ଡା, ସୁଜିତ ପାତ୍ର ପ୍ରମୁଖ ଯୋଗ ଦେଇଥିଲେ। ପ୍ରଥମ ଦିନ ଧନୁଯାତ୍ରାର ଚୟନ ପ୍ରକ୍ରିୟାରେ ବହୁ କଳାକାର ଅଂଶଗ୍ରହଣ କରି ସେମାନଙ୍କ ପ୍ରତିଭା ପ୍ରଦର୍ଶନ କରିଥିଲେ। ନାରଦ ଚରିତ୍ର ପାଇଁ ୧୮ ଜଣ, ବସୁଦେବ ପାଇଁ ୨୫, ଅକ୍ରୁର ପାଇଁ ୧୭, ମୁଷ୍ଟିକ ପାଇଁ ୧୩, ସାର୍ତ୍ତକି ପାଇଁ ୧୧, ଉଗ୍ରସେନ୍ ପାଇଁ ୧୦, ଚାଣୁର ପାଇଁ ୧୦, ଦେବକୀ ପାଇଁ ୯ ଜଣ କଳାକାର ଚୟନ ପ୍ରକ୍ରିୟାରେ ସାମିଲ ହୋଇଥିଲେ। କଳାକାର ସମନ୍ୱୟ ସମିତିର ସମ୍ପାଦକ ଅଶୋକ ବେହେରା, ବରିଷ୍ଠ ଆଇନଜୀବୀ ପୂର୍ଣ୍ଣଚନ୍ଦ୍ର ଦାଶଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଉପସ୍ଥିତ ଥିଲେ।

## ଦିଲ୍ଲୀ ଏମ୍ସକୁ ଏୟାରଲିଫ୍ଟ ହେବେ ହ୍ୟୁମାନ ସାଗର!

ଭୁବନେଶ୍ୱର, ୧୫।୧୧(ସମିସ): ଓଲିଉଡ୍‌ର ଲୋକପ୍ରିୟ ଗାୟକ ହ୍ୟୁମାନ ସାଗରଙ୍କ ଅବସ୍ଥା ଅତ୍ୟନ୍ତ ସଂକଟାପନ୍ନ ରହିଛି। ଭୁବନେଶ୍ୱର ଏମ୍ସରେ ତାଙ୍କର ଚିକିତ୍ସା ଜାରି ରହିଛି। ତାଙ୍କୁ ଭେଣ୍ଟିଲେଟର୍ ସପୋର୍ଟରେ ରଖାଯାଇଛି। ଆଗାମୀ ୭୨ ଘଣ୍ଟା ହ୍ୟୁମାନଙ୍କ ପାଇଁ ଅତି ଗୁରୁତ୍ୱପୂର୍ଣ୍ଣ ବୋଲି ଏମ୍ସ ପକ୍ଷରୁ କୁହାଯାଇଛି। ତେବେ ଗତ ୨୪ ଘଣ୍ଟାରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ କୌଣସି ଉନ୍ନତି ପରିଲକ୍ଷିତ ହେଉ ନଥିବାରୁ ପରିବାରଲୋକ ବ୍ୟସ୍ତ ହୋଇପଡ଼ିଛନ୍ତି। ଆଜି ହ୍ୟୁମାନ୍‌ଙ୍କ ମା' ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି, ମୋ' ପୁଅର ସ୍ୱାସ୍ଥ୍ୟ ଅତ୍ୟନ୍ତ ଗମ୍ଭୀର ରହିଛି। ସ୍ୱାସ୍ଥ୍ୟାବସ୍ଥାରେ କୌଣସି ଉନ୍ନତି ଆସୁନଥିବା ଡାକ୍ତର କହୁଛନ୍ତି। ତେଣୁ ତାଙ୍କୁ ବାହାରକୁ ନେଇ ଚିକିତ୍ସା କରିବାକୁ ଚାହୁଁଛି। ଏଥିପାଇଁ ଓଡ଼ିଶାବାସୀ ଓ ସରକାରଙ୍କୁ ସାହାଯ୍ୟ ପାଇଁ ସେ ନିବେଦନ କରିଛନ୍ତି। ତେବେ ହ୍ୟୁମାନଙ୍କୁ ଦିଲ୍ଲୀ ଏମ୍ସକୁ ଏୟାରଲିଫ୍ଟ କରାଯାଇପାରେ ବୋଲି ସୂଚନା ମିଳିଛି।

ଅପରପକ୍ଷେ, ହ୍ୟୁମାନଙ୍କ ସ୍ୱାସ୍ଥ୍ୟାବସ୍ଥା ସଂପର୍କରେ ଚିନ୍ତା ପ୍ରକାଶ କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏମ୍ସର ଡାକ୍ତରମାନଙ୍କ ସହ ଆଲୋଚନା କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ହ୍ୟୁମାନ ସାଗର ଓଡ଼ିଶାର ଜଣେ ଲୋକପ୍ରିୟ ପ୍ରତିଭାବାନ ସଙ୍ଗୀତଜ୍ଞ। ତାଙ୍କର ସ୍ୱାସ୍ଥ୍ୟରେ ଉନ୍ନତି ପାଇଁ ଡାକ୍ତରମାନେ ସର୍ବୋତ୍ତମ ଉଦ୍ୟମ ଜାରି ରଖନ୍ତୁ। ଆବଶ୍ୟକ ହେଲେ ଦିଲ୍ଲୀ ଏମ୍ସକୁ ତାଙ୍କୁ ସ୍ଥାନାନ୍ତର କରାଯାଇ ଚିକିତ୍ସା ବ୍ୟବସ୍ଥା କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।



ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିଲେ ମୁଖ୍ୟମନ୍ତ୍ରୀ

ସୂଚନା ଅନୁସାରେ, ହ୍ୟୁମାନ୍ ଗତ କିଛି ସପ୍ତାହ ହେଲା କଟକର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିଲେ। ସ୍ୱାସ୍ଥ୍ୟାବସ୍ଥା ସଙ୍କଟାପନ୍ନ ହେବାରୁ ଗତକାଲି ଅପରାହ୍ଣରେ ତାଙ୍କୁ ଏମ୍ସରେ ଭର୍ତ୍ତି କରାଯାଇଥିଲା। ବରିଷ୍ଠ ଇଣ୍ଟେନ୍ସିଭିଷ୍ଟ ଏବଂ ଇସିଏମଓ ସ୍ପେଶାଲିଷ୍ଟ ଡାକ୍ତର ଶ୍ରୀକାନ୍ତ ବେହେରାଙ୍କ ତତ୍ତ୍ୱାବଧାନରେ ଏମ୍‌ଆଇସିୟୁରେ ତାଙ୍କର ଚିକିତ୍ସା ଚାଲିଛି।

## ସୃଷ୍ଟି ହେଲା ୪୪୩୩ଟି ନର୍ସିଂ ଅଫିସର ପଦ

ଭୁବନେଶ୍ୱର, ୧୫।୧୧(ସମିସ): ରାଜ୍ୟ ସରକାର ସ୍ୱାସ୍ଥ୍ୟ ସେବାକୁ ଅଧିକ ଶୃଙ୍ଖଳିତ ଏବଂ ଲୋକାଭିମୁଖୀ କରିବା ପାଇଁ ୪୪୩୩ ଟି ନୂତନ 'ନର୍ସିଂ ଅଫିସର' ପଦ ସୃଷ୍ଟି କରିଛନ୍ତି। ସ୍ୱାସ୍ଥ୍ୟ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗଙ୍କ ଅନୁମୋଦନ ପରେ ଓଡ଼ିଶା ନର୍ସିଂ ସେବା କ୍ୟାଡର୍‌ର ଏହି ପଦଗୁଡିକ ସୃଷ୍ଟି କରାଯାଇଛି। ଏହି ପଦାଧିକାରୀମାନେ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ସବ୍ ହେଲ୍‌ଥ ସେଣ୍ଟରଗୁଡିକରେ ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଭାବେ କାର୍ଯ୍ୟ କରିବେ। ଏହି ନୂଆ ପଦବୀ ସୃଷ୍ଟିକୁ ଅର୍ଥ ବିଭାଗର ସହମତି ମିଳିଥିବାବେଳେ ଖୁବ୍‌ଶୀଘ୍ର ପରୀକ୍ଷା, ପ୍ରଶିକ୍ଷଣ ଓ ନିଯୁକ୍ତି ନେଇ ବିଭାଗ ପକ୍ଷରୁ ନିୟମାବଳୀ ପ୍ରକାଶ କରାଯିବ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଉଡ଼ିଗଲା ଥାନା...

ଘଟିଥିବା କୁହାଯାଉଛି। କିନ୍ତୁ ତାଙ୍କୁ ଚିହ୍ନଟ କରାଯାଇପାରିନାହିଁ। କୁହାଯାଉଛି ଯେ ଥାନାରେ ୩୬୦ କେଜି ବିସ୍ଫୋରକ ରଖାଯାଇଥିଲା।

ତେବେ ଏହି ବିସ୍ଫୋରଣ ଏକ ଦୁର୍ଘଟଣା ଥିଲା ବୋଲି ଜମ୍ମୁ-କଶ୍ମୀର ଡିଜିପି ନୀଲମ ପ୍ରଭାତ କହିଛନ୍ତି। ନମୁନା ସଂଗ୍ରହ ବେଳେ ବି।।ସ୍ଫୋରଣ ଘଟିଥିଲା। ଏହି ବିସ୍ଫୋରକ ଫରିଦାବାଦ୍‌ରୁ ଗିରଫ ହୋଇଥିବା ଡା ମୁଜାମିଲ ଗନୋଇର ଭଡ଼ା ଘରୁ ଜବତ କରାଯାଇଥିଲା।। ପୁଲିସ ଏବେ ସମ୍ପୂର୍ଣ୍ଣ ଅଞ୍ଚଳକୁ ସିଲ୍ କରିଦେଇଛି। ମୃତକଙ୍କ ପରିବାର ଲୋକେ ଘଟଣାସ୍ଥଳରେ ପହଞ୍ଚିଛନ୍ତି। ପୁଲିସ ସେମାନଙ୍କୁ ଭିତରକୁ ଛାଡୁନାହିଁ। ବିସ୍ଫୋରଣ କାରଣ ନେଇ ଯାଞ୍ଚ କରାଯାଉଛି ବୋଲି ଜମ୍ମୁ-କଶ୍ମୀର ଡିଭିଜନର ଗୃହ ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ଇତିମଧ୍ୟରେ ସିଆରପିଏଫ୍‌ର ଆଇଜି ଘଟଣାସ୍ଥଳକୁ ଯାଇଛନ୍ତି।

### ନୀତୀଶଙ୍କୁ ନେଇ...

ପରେ କହିଥିଲେ ଯେ ନୀତୀଶ ହିଁ ମୁଖ୍ୟମନ୍ତ୍ରୀ ରହିବେ। କିନ୍ତୁ ଆଜି ଦଳ ପକ୍ଷରୁ ସେପରି କିଛି କୁହାଯାଉ ନାହିଁ। ଗତକାଲି ବିଭିନ୍ନ ସ୍ଥାନରେ ପାର୍ଟି ପକ୍ଷରୁ ପୋଷ୍ଟର ଲଗାଯାଇଥିଲା। 'ଟାଇଗର ଅଭି ଜିନ୍ଦା ହୈ' ଏବଂ 'ହମାରେ ବିହାର କା ଏକ ଷ୍ଟାର, ହର ବାର ନୀତୀଶ କୁମାର' ବୋଲି ପୋଷ୍ଟରରେ କୁହାଯାଇଥିଲା। କିନ୍ତୁ ଆଜି ସମସ୍ତେ ନିରବ ରହିଛନ୍ତି। କେବଳ ଦଳୀୟ ନେତା ଶ୍ୟାମ ରଜାକ କହିଛନ୍ତି ଯେ 'କେବଳ ନୀତୀଶ କୁମାର ହିଁ ମୁଖ୍ୟମନ୍ତ୍ରୀ ହେବେ। ଶପଥ ଗ୍ରହଣ ଉତ୍ସବ କେବେ ହେବ, ତାହା ନୀତୀଶ କୁମାର ହିଁ ସ୍ଥିର କରିବେ।'

ଅନ୍ୟପକ୍ଷରେ ବିଜେପି ନେତାମାନେ ଏହାକୁ ନେଇ ଚୁପ୍ ରହିଛନ୍ତି। କେନ୍ଦ୍ର କିମ୍ବା ରାଜ୍ୟର କୌଣସି ନେତା ଏସଂପର୍କରେ ମୁହଁ ଖୋଲୁ ନାହାନ୍ତି। ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି ଯେ ଏଥର ମୁଖ୍ୟମନ୍ତ୍ରୀ ପଦ ବିଜେପିକୁ ମିଳିବା ଉଚିତ ବୋଲି ରାଜ୍ୟର ନେତାମାନେ ଜୋରଦାର ଦାବି କରିଛନ୍ତି। ସେମାନେ ଯୁକ୍ତି କରିଛନ୍ତି ଯେ ନିର୍ବାଚନରେ ଜେଡିୟୁଠାରୁ ବିଜେପି ଅଧିକ ଆସନ ପାଇଛି ଏବଂ ଦ୍ୱିତୀୟତଃ ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ କରାଯିବ ବୋଲି ଦଳ ପକ୍ଷରୁ ନିର୍ବାଚନ ପୂର୍ବରୁ କୌଣସି ପ୍ରତିଶ୍ରୁତି ଦିଆଯାଇ ନାହିଁ। ନୀତୀଶ ରାଜି ନହେଲେ ଅନ୍ୟ ଦଳ ସହାୟତାରେ ବିଜେପି ସରକାର ଗଠନ କରିପାରିବ ବୋଲି ସେମାନେ କହିଛନ୍ତି। ଏହାକୁ ନେଇ ବିଜେପି ଭିତରେ ବିଚାର ଆଲୋଚନା ଚାଲିଛି। ତେବେ ଚୂଡ଼ାନ୍ତ ନିଷ୍ପତ୍ତି ହାଇକମାଣ୍ଡ ନେବେ ବୋଲି ସେମାନେ କହିଛନ୍ତି।

ଗତକାଲି ଘୋଷିତ ଫଳାଫଳ ଅନୁଯାୟୀ ୨୪୩ ଆସନ ମଧ୍ୟରୁ ବିଜେପିକୁ ସର୍ବାଧିକ ୮୯ଟି ଆସନ ମିଳିଥିବା ବେଳେ ଜେଡିୟୁକୁ ୮୫, ପାଶ୍ୱାନଙ୍କ ଏଲଜେପିକୁ ୧୯, ହାମ୍‌କୁ ୫ ଏବଂ ରାଷ୍ଟ୍ରୀୟ ଲୋକ ମୋର୍ଚ୍ଚାକୁ ୪ଟି ଆସନ ମିଳିଛି। ସରକାର ଗଠନ ପାଇଁ ୧୨୨ ବିଧାୟକଙ୍କ ସମର୍ଥନ ଆବଶ୍ୟକ ଥିବା ବେଳେ ବିଜେପିକୁ ଆଉ ୩୩ ବିଧାୟକଙ୍କ ସମର୍ଥନ ଦରକାର। କୁହାଯାଉଛି ଯେ ନୀତୀଶ ମୁଖ୍ୟମନ୍ତ୍ରୀ ପଦ ଛାଡ଼ିବାକୁ ରାଜି ନହେଲେ ଜେଡିୟୁକୁ ବାଦ ଦେଇ ଅନ୍ୟ ଛୋଟ ଛୋଟ ଦଳର ବିଧାୟକଙ୍କର ସମର୍ଥନ ନେଇ ବିଜେପି ସରକାର ଗଠନ କରିପାରିବ। ଏଥିରେ ଏଲ୍‌ଜେପିର ୧୯, ହାମ୍‌ର ୫ ଏବଂ ରାଷ୍ଟ୍ରୀୟ ଲୋକ ମୋର୍ଚ୍ଚାର ୪ ବିଧାୟକ ରହିଛନ୍ତି। ଏମାନଙ୍କୁ ମିଶାଇଲେ ବିଜେପିକୁ ୧୧୭ ବିଧାୟକଙ୍କ ସମର୍ଥନ ମିଳିଯାଉଛି। ଆଉ ୫ ବିଧାୟକଙ୍କ ସମର୍ଥନ ଯୋଗାଡ଼ କରାଯାଇପାରିବ ବୋଲି ରାଜ୍ୟ ଦଳୀୟ ନେତା ଜଣାଇଥିବା କୁହାଯାଉଛି। ତେବେ କେନ୍ଦ୍ରୀୟ ନେତା ନିରବ ରହିଥିବାରୁ ସ୍ପଷ୍ଟ ଭାବେ କିଛି ଜଣାପଡୁ ନାହିଁ।

### ଆଳୁ କେଜି...

ଏହି ଆଳୁ ବର୍ଷକୁ କେବଳ ୧୦୦ ଟନ୍ ଉତ୍ପାଦନ ହେଉଛି। ପ୍ରତି ବର୍ଷ ମେ' ଏବଂ ଜୁନ୍‌ରେ ଏହାର ବିକ୍ରି ହୋଇଥାଏ। ଆଟଲାଣ୍ଟିକ ମହାସାଗରର ଲୋଇରା ଅଞ୍ଚଳ ସ୍ଥିତ ଫ୍ରାନ୍ସର 'ନୋଇରମୌସିର' ଦ୍ୱୀପରେ ଏହି ଆଳୁ ଚାଷ କରାଯାଉଛି। ନିଆରା ସ୍ୱାଦ କାରଣରୁ ଏହାର ଚାହିଦା ଅଧିକ ରହିଛି। ଉତ୍ପାଦନ ଅଧିକ ହେଉ ନ ଥିବାରୁ ଏହାର ମୂଲ୍ୟ ବଢ଼ି ବଢ଼ି ଚାଲିଛି। ସ୍ଥାନୀୟ ଚାଷୀ 'ବିନୋଇଟ ବିନୋଟେ'ଙ୍କ ନାମରେ ଏହି ଆଳୁର ନାମକରଣ ହୋଇଛି। ପାରମ୍ପରିକ ଉପାୟରେ ଏହି ଆଳୁ ଚାଷ କରାଯାଉଛି। ଉତ୍ପାଦନରେ ମେସିନର ବ୍ୟବହାର କରାଯାଏ ନାହିଁ। ଏହି ଆଳୁ ଛୋଟ ହୋଇଥିଲେ ମଧ୍ୟ ଚୋପା ବହୁତ ପତଳା। ସାଧାରଣତଃ ଏହାକୁ ସିଝାଇ ଲୁଣ ଏବଂ ଲହୁଣୀ ସହ ଖିଆ ଯାଇଥାଏ।

### ଜାଡ଼ରେ ଥରୁଛି...

ଡିଗ୍ରୀ ରେକର୍ଡ କରାଯାଇଛି। ଅପରପକ୍ଷେ ରବିବାର ଝାରସୁଗୁଡ଼ା, କନ୍ଧମାଳ ଓ ସୁନ୍ଦରଗଡ଼ରେ ଶୀତ ଲହରୀ ଅନୁଭୂତ ହେବ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

ଶିମିଳିପାଳରେ ଆଜି ସର୍ବନିମ୍ନ ତାପମାତ୍ରା ୩ ଡିଗ୍ରୀ ରେକର୍ଡ ହୋଇଛି। ଶୁକ୍ରବାର ସକାଳ ୬ଟାରେ ଅଭୟାରଣ୍ୟର ଉତ୍ତର ବନଖଣ୍ଡ ଅଧୀନ ଉପରବାରହାକାମୁଡ଼ା (ୟୁବିକେ) ରେଞ୍ଜରେ ୩, ଚହଲା ରେଞ୍ଜରେ ୭, ବରେହିପାଣିରେ ୯, ଗୁଡୁଗୁଡିଆରେ ୧୦, ରାମତୀର୍ଥ ଓ ସାତକୋଶିଆରେ ୧୪ ଓ କିଆଝରୀରେ ୧୩ ଡିଗ୍ରୀ ସେଲସିୟସ ରେକର୍ଡ କରାଯାଇଛି। ଏହା ଚଳିତ ବର୍ଷର ଅଦ୍ୟାବଧି ସର୍ବନିମ୍ନ ତାପମାତ୍ରା ବୋଲି କୁହାଯାଉଛି।

### ଦୁଇ ଦିନରେ...

ମଧ୍ୟରୁ ୧୨ଜଣ ସ୍ପିନର୍‌ଙ୍କ ଶିକାର ହୋଇଥିଲେ। ଭାରତର ଅଧିନାୟକ ଶୁବମନ୍ ଗିଲ ରିଟାୟାର୍ଡ ହର୍ଟ ହୋଇ ପାଭିଲିୟନ ଫେରିଥିଲେ। ପିଚ୍ ସଂପର୍କରେ ଇଂଲଣ୍ଡର ପୂର୍ବତନ କ୍ରିକେଟର ମାଇକେଲ୍ ଭନ୍ ଏହା ଏକ 'ଭୟଙ୍କର' ପିଚ୍ ବୋଲି କହିଥିବା ବେଳେ ଅନିଲ୍ କୁମ୍ବଲେ ବାମହାତୀ ବ୍ୟାଟ୍ସମ୍ୟାନ୍‌ଙ୍କୁ ଏହି ପିଚ୍ ସୁହାଇଥାଏ ବୋଲି କହିଛନ୍ତି। ଅନ୍ୟପକ୍ଷରେ ଟେଷ୍ଟ କ୍ରିକେଟରେ ଏଭଳି ଫଳାଫଳ ଦେଖି ବହୁ ଦର୍ଶକ ଓ କ୍ରିକେଟ୍ ଫ୍ୟାନ୍‌ମାନେ ଇଡେନ୍‌ରେ ଆଉ ଟେଷ୍ଟ ମ୍ୟାଚ୍ ଆୟୋଜନ ନ କରିବାକୁ ଦାବି କରିଛନ୍ତି।

### AFFIDAVIT

I, Babita Jena, aged about 42 years, W/o- Pramod Kumar Jena, resident of At- Dolamandap Sai, Patia, PS- Infocity, Bhubaneswar, PIN-751001, Dist- Khordha, Odisha declared by this affidavit No. 46, dtd-12/11/2025 that now onwards I shall be known as **BEBITA JENA** for all future purposes instead of Babita Jena.

### AFFIDAVIT

By virtue of an affidavit (CF No.10, dtd- 14/11/2025) sworn before the Notary Public, Padampur. I, **Bina Suna,** W/o Bihari Suna, resident of Khuntpali, PS- Gaisilat, Dist- Bargarh, PIN-768036, Odisha declare that I have changed the name of my minor son from **Donraj Suna** (old name) to **Akant Prasad Suna** (new name). Henceforth, he shall be known as **Akant Prasad Suna** for all purposes.

**Bina Suna**

### AFFIDAVIT

I, Tellavadu, aged about 60 years, S/o- G Enkeya, resident of At- Plot No. 62/3726, Jagannath Nagar, GGP Colony, Rasulgarh, Bhubaneswar, PS- Mancheswar, Dist- Khordha, PIN- 751010, Odisha declared by this affidavit No. 2331, dtd-15/11/2025 that now onwards I shall be known as **G TELEDU** for all future purposes.

### AFFIDAVIT

By virtue of an affidavit no-1642 sworn before the Executive Magistrate, Dhenkanal on dtd-09/10/2025, I **Mita Padhan,** resident of At- Chhadasingh, Po- Badanagena, Ps- Sadar, Dist- Dhenkanal, Pin- 759014, Odisha, I have changed my name from **Rasmita Dehury** (old name) to **Mita Padhan** (new name). Henceforth, both name **Rasmita Dehury** and **Mita Padhan** is one & same person & I will be known as **Mita Padhan** for all future purposes.

**Sd/- Mita Padhan**

### IN THE COURT OF THE CIVIL JUDGE (SR. DIVISION) RANAPUR

C.S. No 249/18

ମନୋଜ କୁମାର ଭୂୟାଁ ...ବାଦୀ

ବନାମ

ଅମରୀ ବଉ ଏବଂ ଅନ୍ୟମାନେ ...ପ୍ରତିବାଦୀ

Summon U/O R.5. Rule.20 C.P.C

ପ୍ରାପ୍ତେଷୁ,

ଧରଣୀଧର ମଣ୍ଡଳ, ପିତା- ରଘୁ ମଣ୍ଡଳ, ସା- ପାଟବେରଣା, ପୋ- ସାରଙ୍ଗଧରପୁର, ଥାନା- ରଣପୁର, ଜିଲ୍ଲା-ନୟାଗଡ଼।

ଉପରଲିଖିତ ବାଦୀ ଏହି ଭାଗ ବଣ୍ଟା ମକଦ୍ଦମା ତୁମ ବିପକ୍ଷରେ ଆଣିଛନ୍ତି ଓ ଏଥିରେ ତୁମ ପାଖକୁ ପଠାଯାଇଥିବା ଅଦାଲତ ସମନକୁ ତୁମେ ଉପେକ୍ଷା କରିଛ ଏଥିନିମନ୍ତେ, ତୁମକୁ ଆଦେଶ ଦିଆଯାଇଛି କି ତୁମେ ଏହି ଦିନ ତା. ୦୮/୧୨/୨୦୨୫ ସମୟ ୧୦.୩୦ମିରେ ଅଦାଲତରେ ଉପସ୍ଥିତ ରହିବ ଅଥବା ତୁମ ବିନା ଉପସ୍ଥିତିରେ ଏହି ମୋକଦ୍ଦମା ଶୁଣାଣି ହେବ।

ଜମିଜମା ବିବରଣୀ- ତହସିଲି-ଆନାରଣପୁର ଜିଲ୍ଲା-ନୟାଗଡ଼, ମୌ-ରଣପୁରଗଡ଼, ଖା -ନଂ- ୬୧, ଖା-ନଂ୧୫, 'ଖା-ନଂ୨୨୭, ଖା-ନଂ ୬୮

ଏଥିରେ ମୋର ଦସ୍ତଖତ ସହିତ କୋର୍ଟର ସିଲ୍ ଦିନ୧୩-୧୧-୨୦୨୫।

ସିଭିଲ୍ ଜଜ୍ (ସି) ଡିଭିଜନ
ରଣପୁର

### LOST

**I, Khageswar Behera, S/o- Late Panchanan Behera,resident of At-Dharosyamsundarpur,P.O-Sukleswar, P.s- Mahanga, Dist-Cuttack. Declare that my original Sale deed vide No-433 dated 16/03/1996 has been lost at any where inspite of my best efforts I could not able trace it out.If anybody has got interest in any manner on the above property in question, may put forth his grievance/complain with supporting documents within 15days of this publication notice, before the advocate mentioned below.**

**Name- Diptimayee sahoo,**
**Mobile no - 7978874629.**

### AFFIDAVIT

I, Birendra Kishore Tripathy Sharma, aged about 71 years, S/o- Narasingh Tripathy resident of At: Plot No-1533p, Lane-9, Kukuteswar Colony, Aerodrome Area, Bhubaneswar, Dist- Khurda, Pin- 751020, Odisha declare by this affidavit No.2331, dtd- 15/11/2025, that now onwards I shall be known as **BIRENDRA KISHORE TRIPATHY** for all future purposes.

### AFFIDAVIT

By virtue of an affidavit sworn before the Notary Public, Swampatna, dated-14/11/2025 vide No.5249, I Rani Kisku, D/o- Jamuna Tudu, resident of At/Po-Damahuda, Ps- Patna, Dist-Keonjhar, Odisha declare that I have changed my name from **Rani Kisku,** D/o- Jamuna Tudu to **Rani Tudu,** D/o- Jamuna Tudu. Henceforth, I shall be known as **Rani Tudu,** D/o- Jamuna Tudu for all future purposes.

**Rani Tudu**

### AFFIDAVIT

I, Mohammad Hamid Akhter, aged about 61 years, H/o- Farzana Rahman, Resident of Flat No: 4/A4-08, Hi-Tech Heaven Apartment, Matiapada-II, Po-Govindpur, Dist-Puri, Odisha, Pin- 752104 declare by this affidavit No. 947, dated- 15/11/2025 that now onwards I shall be known as **MD HAMID AKHTAR** for all future purposes.

### ଘୋଷଣାନାମା

ଶ୍ରୀ ଗଦାଧର ବେହେରା ପି.: ସ୍ୱ ପ୍ରାଣବନ୍ଧୁ ବେହେରା, ଗ୍ରା/ପୋ-ବଡ ଖଲାଡି, ଥାନା- କପ୍ତିପଦା, ଜିଲ୍ଲା- ମୟୂରଭଞ୍ଜ, ପି. କୋଡ- ୭୫୭୦୪୦, ଏତଦ୍ୱାରା ଘୋଷଣା କରୁଅଛି କି ମୋର ପୁଅର ନାମ ସାଧୀନ ଭାରତ ଥିଲା। ଏହି ନାମଟି ତାହାର ଜନ୍ମ ପ୍ରମାଣ ପତ୍ର, ସମସ୍ତ ଶିକ୍ଷାଗତ ଯୋଗ୍ୟତା ପ୍ରମାଣ ପତ୍ର, ଆଧାର କାର୍ଡ, ପାନ କାର୍ଡ ଆଦିରେ ସାଧୀନ ଭାରତ ଭାବେ ସ୍ଥାନ ପାଇଅଛି। ତାହାର ପାସପୋର୍ଟ ଓ ଅନ୍ୟାନ୍ୟ କାଗଜାତ ନିମନ୍ତେ ବର୍ତ୍ତମାନ ତାହାର ନାମକୁ ସାଧୀନ ରଖାଗଲା ଓ ସଂଜ୍ଞା ଭାବରେ ଭାରତ ରଖାଗଲା। ଉକ୍ତ ବିଷୟ Executive Magistrate cum Addl. Tahasildar, ବାରିପଦାଙ୍କ ସମ୍ମୁଖରେ ଏଫିଡେଭିଟ କରାଯାଇଛି। ବର୍ତ୍ତମାନ ଠାରୁ ତାର ନାମ ସାଧୀନ ଏବଂ ସଂଜ୍ଞା ଭାରତ ଭାବେ ପରିଚୟ ପାଇବେ।

ସା/- ଗଦାଧର ବେହେରା

### AFFIDAVIT

By virtue of an affidavit No. 6029 sworn before the Executive Magistrate, Champua on dated-01/11/2025, I **Pabani Mahanta,** W/O- Pramod Mahanta resident of Vill- Banguriposi, Po- Padua, Ps- Baria, Dist-Keonjhar, Odisha, Pin-758032, I have changed my minor daughter's name from **Rreetimai Mahanta To Preetimayee Mahanta.** Henceforth she shall be known as **Preetimayee Mahanta** for all future purposes.

**Pabani Mahanta**

### यूनियन बैंक ऑफ इंडिया Union Bank of India

**କ୍ଷେତ୍ରୀୟ କାର୍ଯ୍ୟାଳୟ: ବ୍ରହ୍ମପୁର**
ଗାୟତ୍ରୀ ସେଣ୍ଟ୍ରାଲ୍ ପ୍ଲାଜା, ଟାଟା ବେଞ୍ଜ ସ୍କୋୟାର ନିକଟ, ବ୍ରହ୍ମପୁର-୭୬୦୦୦୧, ଓଡ଼ିଶା, ଫୋନ୍: ୦୬୮୦-୨୨୨୫୨୬୨

**ବିକ୍ରୟ ନୋଟିସ୍ (୩୦ ଦିନିଆ ନୋଟିସ୍)**
{ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ ର ରୁଲ୍ ୬(୨)/୮(୬)}

ପ୍ରାପ୍ତେଷୁ, (ନିମ୍ନଲିଖିତ ଆକାଉଣ୍ଟର ସମସ୍ତ ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା/ଗ୍ୟାରେଣ୍ଟିଦାତାମାନଙ୍କ ନିମନ୍ତେ ଏହା ଏକ ବିକ୍ରୟ ନୋଟିସ୍ ଅଟେ)

| ଶାଖା ଏବଂ ଯୋଗାଯୋଗ ନଂ. / ଋଣଗ୍ରହୀତା / କୋ-ଓବ୍ଲିଗାଣ୍ଟ / କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା / ଗ୍ୟାରେଣ୍ଟିଦାତାମାନଙ୍କ ନାମ ଓ ଠିକଣା | ସମ୍ପତ୍ତିଗୁଡିକର ବିବରଣୀ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ ତାରିଖ / ୩୦ ଦିନିଆ ନୋଟିସ୍ ତାରିଖ |
|---|---|---|
| **ଏସ୍ଏମ୍ଆଇଟି ଡଣ୍ଡିପଦର ଶାଖା, ଫୋନ୍: ୯୪୮୬୦୯୮୬୫୩ /** ଋଣଗ୍ରହୀତାମାନେ: ୧) **ଶ୍ରୀମତୀ ଗାୟତ୍ରୀ ବସନ୍ତିଆ,** ସ୍ୱାମୀ: ମନୋରଞ୍ଜନ ପ୍ରଧାନ, ୨) **ଶ୍ରୀ ଦୁଷ୍ମନ୍ତ ବସନ୍ତିଆ,** ପିତା: ଦେବରାଜ ବସନ୍ତିଆ, ୩) **ଶ୍ରୀମତୀ ସୋରାଲୁ ବସନ୍ତିଆ,** ସ୍ୱାମୀ: ଦେବରାଜ ବସନ୍ତିଆ, ୪) **ଶ୍ରୀ ହେମନ୍ତ ବସନ୍ତିଆ,** ପିତା: ଦେବରାଜ ବସନ୍ତିଆ, ୫) **ଶ୍ରୀ ସୁକାନ୍ତ ବସନ୍ତିଆ,** ପିତା: ଦେବରାଜ ବସନ୍ତିଆ, ସମସ୍ତଙ୍କ ଠିକଣା- ଗ୍ରାମ/ପୋ.: ସୁନାଥର, ଭାୟା: ଭାଟକୁମରଡ଼ା, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୦୦୩, ଓଡ଼ିଶା / **କୋ-ଓବ୍ଲିଗାଣ୍ଟ: ଶ୍ରୀ ଦୁର୍ଗା ପ୍ରସାଦ ପ୍ରଧାନ,** ପିତା: ଉମାକାନ୍ତ ପ୍ରଧାନ, ସା: ବଡ଼ସାହି, ସାହାପୁର, ପୋ.: ଭାଟକୁମରଡ଼ା, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୦୦୩, ଓଡ଼ିଶା | ୧) **ଶ୍ରୀମତୀ ଗାୟତ୍ରୀ ବସନ୍ତିଆ,** ସ୍ୱାମୀ: ମନୋରଞ୍ଜନ ପ୍ରଧାନ, ୨) **ଶ୍ରୀ ଦୁଷ୍ମନ୍ତ ବସନ୍ତିଆ,** ପିତା: ଦେବରାଜ ବସନ୍ତିଆ, ୩) **ଶ୍ରୀମତୀ ସୋରାଲୁ ବସନ୍ତିଆ,** ସ୍ୱାମୀ: ଦେବରାଜ ବସନ୍ତିଆ, ୪) **ଶ୍ରୀ ହେମନ୍ତ ବସନ୍ତିଆ,** ପିତା: ଦେବରାଜ ବସନ୍ତିଆ, ୫) **ଶ୍ରୀ ସୁକାନ୍ତ ବସନ୍ତିଆ,** ପିତା: ଦେବରାଜ ବସନ୍ତିଆ, ସମସ୍ତଙ୍କ ଠିକଣା- ଗ୍ରାମ/ପୋ.: ସୁନାଥର, ଭାୟା: ଭାଟକୁମରଡ଼ା, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୦୦୩, ଓଡ଼ିଶାଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ (ମିଳିତ ସମ୍ପତ୍ତି) ଯାହାର ପ୍ଲଟ୍ ନଂ.: ୪୫୨୩, ଖାତା ନଂ.: ୧୮୬୩, କ୍ଷେତ୍ର: ଏକର୦.୦୩୫ ଡିସିମିଲି, ଗ୍ରାମ/ମୌଜା: ସୁନାଥର, ରେଭିନ୍ୟୁ ସର୍କଲ: ପୁରୁଷୋତ୍ତମପୁର, ଥାନା: ପୁରୁଷୋତ୍ତମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ଏହାର ଚାରିପାର୍ଶ୍ୱରେ ପୂର୍ବ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ବସନ୍ତିଆଙ୍କ ଜମି, ପଶ୍ଚିମ: ଶ୍ରୀ ତ୍ରିନାଥ ବସନ୍ତିଆଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ରାସ୍ତା | ୦୯.୦୮.୨୦୨୩ / ୦୨.୦୧.୨୦୨୪ / ୧୪.୧୧.୨୦୨୫ |
| **ପୁରୁଷୋତ୍ତମପୁର ଶାଖା-୨, ଫୋନ୍: ୯୩୨୬୯୦୩୦୩୧ /** **ଋଣଗ୍ରହୀତା: ମେସର୍ସ ଜଗନ୍ନାଥ ଗ୍ରୋସରୀ ସପ୍, ସ୍ୱତ୍ୱାଧିକାରୀ: ସୁକେଶ କୁମାର ପଣ୍ଡା,** ଗ୍ରାମ: ଜଳଶ୍ୱରଖଣ୍ଡି, ପୋ: ପ୍ରତାପପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା / **ଗ୍ୟାରେଣ୍ଟିଦାତା/କୋ-ଓବ୍ଲିଗାଣ୍ଟ: ସୁଶିଳା ପଣ୍ଡା,** ଗ୍ରାମ: ଜଳଶ୍ୱରଖଣ୍ଡି, ପୋ: ପ୍ରତାପପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା | **ଶ୍ରୀମତୀ ସୁଶିଳା ପଣ୍ଡା,** ସ୍ୱାମୀ: ସ୍ୱ ହରିହର ପଣ୍ଡା, ଗ୍ରାମ: ଜଳଶ୍ୱରଖଣ୍ଡି, ପୋ.: ପ୍ରତାପପୁର, ଜିଲ୍ଲା: ଗଞ୍ଜାମଙ୍କ ନାମରେ ଏକଦାଣ୍ଡ ଷ୍ଟ୍ରିଟ୍‌ର ସାଉଦର୍ଣ୍ଣ ରୋଡରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ଖତିୟାନ କ୍ର.ନଂ.: ୪୦୮, ପ୍ଲଟ୍ ନଂ.: ୧୬୨୪, ରେଭିନ୍ୟୁ ମୌଜା/ଗ୍ରାମ: ଜଳଶ୍ୱରଖଣ୍ଡି, ପୋ.: ପ୍ରତାପପୁର, ଏସ୍ଆରଓ/ ତହସିଲ: ପୁରୁଷୋତ୍ତମପୁର, ଜିଲ୍ଲା: ଗଞ୍ଜାମ, କ୍ଷେତ୍ର: ଏକର ୦.୦୪୫ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଲକ୍ଷ୍ମୀ ଚରଣ ପାଣିଗ୍ରାହୀଙ୍କ ଗୃହ, ପଶ୍ଚିମ: ବିଶ୍ୱନାଥ ଦାସଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ଋଷିକୁଲ୍ୟା ନଦୀ | ୦୭.୦୬.୨୦୨୨ / ୨୬.୦୮.୨୦୨୨ / ୧୪.୧୧.୨୦୨୫ |
| **ଗୋସାଣୀନୂଆଗାଁ ଶାଖା, ଫୋନ୍: ୭୬୮୨୮୨୦୩୫୩ /** **ଋଣଗ୍ରହୀତା: ମେସର୍ସ କାଜଲ ପ୍ଲାଏଉଡ୍, ସ୍ୱତ୍ୱାଧିକାରୀ: ଭଞ୍ଜରାମ ମହାରଣା,** ସା: ପିଡବ୍ଲୁଡି ଅଫିସ୍ ଏବଂ ଲକ୍ଷ୍ମୀ ନାଏକ କଲ୍ୟାଣୀ ମଣ୍ଡପ ନିକଟ, ହିଲପାଟଣା, ବ୍ରହ୍ମପୁର, ଓଡ଼ିଶା-୭୬୦୦୦୪ / **ଋଣଗ୍ରହୀତା/ବନ୍ଧକଦାତା: ଭଞ୍ଜରାମ ମହାରଣା,** ପିତା: ଅର୍ଜୁନ ମହାରଣା, ସା: ଭବାନୀ ନଗର ୧ମ ଲାଇନ, ଗେଟ୍ ବଜାର, ବ୍ରହ୍ମପୁର, ଓଡ଼ିଶା-୭୬୦୦୦୧ / **ଗ୍ୟାରେଣ୍ଟିଦାତା: ଲକ୍ଷ୍ମୀ ମହାରଣା,** ସ୍ୱାମୀ: ଭଞ୍ଜରାମ ମହାରଣା, ସା: ଭବାନୀ ନଗର ୧ମ ଲାଇନ୍, ଗେଟ୍ ବଜାର, ବ୍ରହ୍ମପୁର, ଓଡ଼ିଶା-୭୬୦୦୦୧ | ଭଞ୍ଜରାମ ମହାରଣାଙ୍କ ନାମରେ ଥିବା ଗୃହ ସମ୍ପତ୍ତି (ଘରବାରୀ) ଯାହାର ରେଭିନ୍ୟୁ ମୌଜା: ରାଜେନ୍ଦ୍ରପୁର, ରେଭିନ୍ୟୁ ସର୍କଲ: ଗୋଇଲୁଣ୍ଡି, ଥାନା: ବୈଦ୍ୟନାଥପୁର, ତହସିଲ/ଏମ୍‌ସି: ବ୍ରହ୍ମପୁର, ଏସ୍ଆରଓ: ବ୍ରହ୍ମପୁର-୧, ଗଞ୍ଜାମ, ଓଡ଼ିଶା, ଖାତା ନଂ.: ୨୩୦/୭୦, ପ୍ଲଟ୍ ନଂ.: ୩୪୮/୧୯୯୧, କ୍ଷେତ୍ର: ଏକର୦.୦୧୨ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ମହାରଣାଙ୍କ ଗୃହ, ପଶ୍ଚିମ: ମାନସ ପାଣିଗ୍ରାହୀଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ଲେନ୍ | ୨୯.୦୪.୨୦୨୫ / ୩୦.୧୦.୨୦୨୫ / ୧୪.୧୧.୨୦୨୫ |
| **ବାଉଁଶିଆପଦା ଶାଖା, ଫୋନ୍: ୯୮୧୯୪୧୦୯୫୧ /** ୧) **ମେସର୍ସ ମା ଲକ୍ଷ୍ମୀ ସବ୍‌ଜୀ ଭଣ୍ଡାର, ସ୍ୱତ୍ୱାଧିକାରୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା,** ସା: ରାମଚନ୍ଦ୍ରପୁର, ପୋ: ହରେକୃଷ୍ଣପୁର, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୨) **ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା,** ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୩) **ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରା,** ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୪) **ଶ୍ରୀମତୀ ଲକ୍ଷ୍ମୀରାଣୀ ସାମନ୍ତରା,** ସ୍ୱାମୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା | **ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା ଏବଂ ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରାଙ୍କ** ନାମରେ ଥିବା ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୯୯୦, ଖାତା ନଂ.: ୧୮୦/୬୯, କ୍ଷେତ୍ର: ଏକର୦.୧୨ ଡିସିମିଲି ଏବଂ ପ୍ଲଟ୍ ନଂ.: ୯୯୧/୧୧୩୮, ଖାତା ନଂ.: ୧୮୦/୨୬, କ୍ଷେତ୍ର: ଏକର୦.୦୭ ଡିସିମିଲି, ମୌଜା: ଗାଡିରି, ତହସିଲ: ନୂଆଗାଁ, ଆର୍.ଆଇ ସର୍କଲ: ମହିପୁର, ଜିଲ୍ଲା: ନୟାଗଡ଼ | ୦୨.୦୮.୨୦୧୮ / ୧୮.୦୨.୨୦୧୯ / ୧୪.୧୧.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** **ଋଣଗ୍ରହୀତା: ଏନ୍ ସୀମା ପାତ୍ର,** ପିତା: ଏନ୍. ବାୟା ପାତ୍ର / **କୋ-ଆପ୍ଲିକାଣ୍ଟ: ଏନ୍. ପର୍ଶୁରାମ ପାତ୍ର,** ପିତା: ଏନ୍. ସୀମା ପାତ୍ର, ଉଭୟଙ୍କ ଠିକଣା- ସା: ବ୍ରାହ୍ମଣିଆପଲ୍ଲୀ, ପୋ.: ଛତ୍ରପୁର, ଗଞ୍ଜାମ-୭୬୧୦୨୦ | ଏନ୍ ସୀମା ପାତ୍ରଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୭୯୩/୧୭୮୩, ଖାତା ନଂ.: ୨୯୬/୧୫୫, ମୌଜା: ବ୍ରାହ୍ମଣିଆପଲ୍ଲୀ, ଜିଲ୍ଲା: ଗଞ୍ଜାମ, ପରିମିତ କ୍ଷେତ୍ର: ଏକର୦.୧୦୦ଡିସିମିଲି ଯାହା ୪୩୫୬ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ପୂର୍ବ: କେ. ବୃନ୍ଦିଆ ପାତ୍ରଙ୍କ ସମ୍ପତ୍ତି (ପ୍ଲଟ୍ ନଂ.: ୭୯୨), ପଶ୍ଚିମ: ପ୍ଲଟ୍ ନଂ.: ୭୮୬ ଏବଂ ୭୮୭, ପିଏଚ୍‌ଡି ରୋଡ୍, ଉତ୍ତର: ଏନ୍. ସୀମା ପାତ୍ରଙ୍କ ସମ୍ପତ୍ତି (ପ୍ଲଟ୍ ନଂ.: ୭୮୯), ଦକ୍ଷିଣ: ବି. ଚନ୍ଦ୍ର ପାତ୍ରଙ୍କ ସମ୍ପତ୍ତି (ପ୍ଲଟ୍ ନଂ.: ୭୯୩) | ୩୧.୦୩.୨୦୨୧ / ୩୦.୧୦.୨୦୨୧ / ୧୪.୧୧.୨୦୨୫ |
| **ନୀଳକଣ୍ଠନଗର ଶାଖା,ଫୋନ୍: ୯୮୬୧୨୮୧୨୩୪/** ୧) **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ,** ପିତା: ଅଭିମନ୍ୟୁ ବିଶ୍ୱାଳ/ ସୁରକ୍ଷା ବିଶ୍ୱାଳ, ସା: ରାମ ନଗର ୨ୟ ଲେନ୍, କମାପଲ୍ଲୀ, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା- ୭୬୦୦୦୨, ୨) **ଶ୍ରୀ ନୀଳକଣ୍ଠ ମହାନ୍ତି,** ପିତା: ଶ୍ରୀ ସୁଦର୍ଶନ ମହାନ୍ତି, ସା: ଶାସ୍ତ୍ରୀ ନଗର-୨, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା- ୭୬୦୦୧୮ | **ଶ୍ରୀ ନୀଳକଣ୍ଠ ମହାନ୍ତିଙ୍କ** ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ସହରାଞ୍ଚଳ ଜମି ଯାହାର ଖାତା ନଂ.: ୧୫୩୦/୭୯୪୦, ପ୍ଲଟ୍ ନଂ.: ୪୨୬୭/୧୫୬୩୯/ ୧୬୮୩୬, କ୍ଷେତ୍ର: ଏକର୦.୦୧୪୫/୧୦ ଡିସିମିଲି, ରେଭିନ୍ୟୁ ମୌଜା: ଭାବିନିପୁର, ଅଳକାପୁରୀ, ୟୁସି ଇଞ୍ଜିନିୟରିଙ୍ଗ୍ ସ୍କୁଲ ନିକଟ, ତହସିଲ: କନିସି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାଜଲକ୍ଷ୍ମୀ ପଣ୍ଡାଙ୍କ ସମ୍ପତ୍ତି, ପଶ୍ଚିମ: ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ, ଉତ୍ତର: ପ୍ଲଟ୍ ନଂ.: ୪୨୪୪, ଦକ୍ଷିଣ: ରାସ୍ତା | ୦୧.୧୦.୨୦୧୯ / ୦୩.୦୧.୨୦୨୦ / ୧୪.୧୧.୨୦୨୫ |
| **କୁଲ୍ଲାଡ ଶାଖା, ଫୋନ୍: ୭୨୦୫୫୮୧୪୭୧ /** ୧) **ମେସର୍ସ ପାତ୍ର ଜୁଏଲାରୀ, ସ୍ୱତ୍ୱାଧିକାରୀ: ପି ଗୌରୀ ଶଙ୍କର ପାତ୍ର,** ପିତା: ସ୍ୱ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ୨) **ପି ଗୌରୀ ଶଙ୍କର ପାତ୍ର,** ପିତା: ସ୍ୱ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ୩) **ପି ସଂଯୁକ୍ତା ପାତ୍ର,** ସ୍ୱାମୀ: ପି ଗୌରୀ ଶଙ୍କର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ୪) ସ୍ୱ ପି ଦେବେନ୍ଦ୍ର ପାତ୍ର(ବନ୍ଧକଦାତା)ଙ୍କ ଆଇନଗତ ଉତ୍ତରାଧିକାରୀମାନେ: କ) **ପି ତେଜଲକ୍ଷ୍ମୀ ପାତ୍ର,** ସ୍ୱାମୀ: ସ୍ୱ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଖ) **ପି ଗୌରୀ ଶଙ୍କର ପାତ୍ର,** ପିତା: ସ୍ୱ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଗ) **ପି କୈଳାସ ଚନ୍ଦ୍ର ପାତ୍ର,** ପିତା: ସ୍ୱ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଘ) **ପି ତ୍ରିପତି ପାତ୍ର,** ପିତା: ସ୍ୱ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଙ) **ପି ପୂର୍ଣ୍ଣ ଚନ୍ଦ୍ର ପାତ୍ର,** ପିତା: ସ୍ୱ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା | ୧) **ସ୍ୱ ପି ଦେବେନ୍ଦ୍ର ପାତ୍ର (ସମ୍ପତ୍ତିର ମାଲିକ),** ପିତା: ସ୍ୱ ନର୍ସୁ ପାତ୍ରଙ୍କ ଆଇନଗତ ଉତ୍ତରାଧିକାରୀମାନଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୨୦୮୦, ଖାତା ନଂ.: ୭୨୨, କ୍ଷେତ୍ର: ଏକର୦.୦୫୭ ଡିସିମିଲି ଯାହା ୨୪୮୩ ବର୍ଗଫୁଟ, ମୌଜା: କୁଲ୍ଲାଡ଼, ଜିଲ୍ଲା: ଗଞ୍ଜାମ, ଓଡ଼ିଶା ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ଗୌରୀଶଙ୍କର ପାତ୍ରଙ୍କ ଗୃହ, ପଶ୍ଚିମ: ସନ୍ତୋଷ ସାହୁଙ୍କ ଗୃହ, ଉତ୍ତର: ବଡ଼ ନଦୀ, ଦକ୍ଷିଣ: ରାଜ ଦାଣ୍ଡ, ୨) **ସ୍ୱ ପି ଦେବେନ୍ଦ୍ର ପାତ୍ର (ସମ୍ପତ୍ତିର ମାଲିକ),** ପିତା: ସ୍ୱ ନର୍ସୁ ପାତ୍ରଙ୍କ ଆଇନଗତ ଉତ୍ତରାଧିକାରୀମାନଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୨୦୭୯, ଖାତା ନଂ.: ୬୧୮, କ୍ଷେତ୍ର: ଏକର୦.୦୩୮ ଡିସିମିଲି ଯାହା ୧୫୭୫ ବର୍ଗଫୁଟ, ମୌଜା: କୁଲ୍ଲାଡ଼, ଜିଲ୍ଲା: ଗଞ୍ଜାମ, ଓଡ଼ିଶା ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ଶ୍ରୀ ପି ସୁବାଷ ଚନ୍ଦ୍ର ପାତ୍ରଙ୍କ ଗୃହ, ପଶ୍ଚିମ: ପି ଦେବେନ୍ଦ୍ର ପାତ୍ରଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ରାସ୍ତା | ୦୪.୦୯.୨୦୨୦ / ୧୦.୧୨.୨୦୨୧ / ୧୪.୧୧.୨୦୨୫ |
| **ବାରାକୁ ଶାଖା, ଫୋନ୍: ୭୮୦୦୦୧୬୮୦୦ /** **ଋଣଗ୍ରହୀତା/ବନ୍ଧକଦାତା: ଶ୍ରୀମତୀ ଭି ଜ୍ୟୋତି,** ସ୍ୱାମୀ: ଭି କାଳି / **ଗ୍ୟାରେଣ୍ଟିଦାତା: ଶ୍ରୀ ଭି ଜ୍ୟୋତିକଳା କାଳି,** ପିତା: ଭି ଦଣ୍ଡାସି, ଉଭୟଙ୍କ ଠିକଣା- ସା: କାମ୍ବ ସାହି, କାମ୍ପୁ ଷ୍ଟ୍ରିଟ୍, ୧ମ ଲେନ୍, କେ ସି ଟାଉନ୍ ହାଇ ସ୍କୁଲ ନିକଟ, ବ୍ରହ୍ମପୁର, ଗଞ୍ଜାମ, ଓଡ଼ିଶା-୭୬୦୦୦୧ | ଆଇନଗତ ମତାମତ ଅନୁଯାୟୀ **ଶ୍ରୀମତୀ ଭି ଜ୍ୟୋତିଙ୍କ** ନାମରେ ଥିବା ଜମି ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୧୪୮/୯୪୯, ଖାତା ନଂ.: ୮୯/୨୦୨, କ୍ଷେତ୍ର: ଏକର୦.୦୦୬ ଡିସିମିଲି ଏବଂ ପ୍ଲଟ୍ ନଂ.: ୧୪୭, ଖାତା ନଂ.: ୧୨୯, କ୍ଷେତ୍ର: ଏକର୦.୦୦୮ ଡିସିମିଲି, ରେଭିନ୍ୟୁ ମୌଜା: ସତ୍ୟନାରାୟଣପୁର, ରେଭିନ୍ୟୁ ସର୍କଲ: ବ୍ରହ୍ମପୁର, ଥାନା: ଟାଉନ୍ ଥାନା, ଏସ୍ଆରଓ: ବ୍ରହ୍ମପୁର, ଗଞ୍ଜାମ, ଓଡ଼ିଶା | ୧୪.୦୯.୨୦୨୩ / ୦୮.୧୨.୨୦୨୩ / ୧୪.୧୧.୨୦୨୫ |

**ବିଷୟ: ସିକ୍ୟୁରିଟାଇଜେସନ୍ ଆଣ୍ଡ୍ ରିକନଷ୍ଟ୍ରକସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ଅନୁଯାୟୀ ବ୍ୟାଙ୍କର ବକେୟା ଦେୟ ଆଦାୟ ନିମନ୍ତେ ଉପର ଦର୍ଶିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା/ବନ୍ଧକଦାତାମାନଙ୍କ ସମ୍ପତ୍ତି ବିକ୍ରୟ।**

ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, ସୁରକ୍ଷିତ ଋଣଦାତାଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ବକେୟା ଦେୟ ପଇଠ କରିବା ନିମନ୍ତେ ଆପଣଙ୍କୁ ଉପରଦର୍ଶିତ ତାରିଖରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା। ଯେହେତୁ କଥିତ ନୋଟିସ୍ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ଆପଣ ବକେୟା ଦେୟ ପଇଠ କରିବାରେ ବିଫଳ ହେଲେ, ତେଣୁ ଧାରା ୧୩ (୪) ସହିତ ସିକ୍ୟୁରିଟୀ ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ ର ରୁଲ୍ ୬/୮ ଅନୁଯାୟୀ କ୍ଷମତାପ୍ରାପ୍ତ ଅଧିକାରୀ ଉପରଦର୍ଶିତ ତାରିଖରେ ସମ୍ପତ୍ତିଗୁଡ଼ିକୁ ଦଖଲ ନେଇଛନ୍ତି। ସମ୍ପତ୍ତିକୁ ଦଖଲ ନେବା ପରେ ମଧ୍ୟ ଆପଣ ବ୍ୟାଙ୍କକୁ ଦେବାକୁ ଥିବା ବକେୟା ଦେୟ ପରିଶୋଧ କରିନାହାନ୍ତି। ତେଣୁ ଏହି ନୋଟିସ୍ ପ୍ରାପ୍ତିର **୩୦ ଦିନ** ଅତିକ୍ରମ ପରେ ଅନ୍‌ଲାଇନ୍ ପଦ୍ଧତିରେ ସର୍ବସାଧାରଣ ଇ-ନିଲାମ ମାଧ୍ୟମରେ ଉପର ଦର୍ଶିତ ସମ୍ପତ୍ତିଗୁଡିକୁ ବିକ୍ରୟ କରିବା ଆବଶ୍ୟକ ହୋଇପଡ଼ିଛି। ଇ-ନିଲାମର ତାରିଖ ଓ ସମୟ ସହିତ ସମ୍ପତ୍ତିର ସଂରକ୍ଷିତ ମୂଲ୍ୟ ଏବଂ ସେବା ପ୍ରଦାନକାରୀଙ୍କ ସବିଶେଷ ବିବରଣୀ ଯାହାଙ୍କ ଦ୍ୱାରା ଇ-ନିଲାମ ପରିଚାଳନା କରାଯିବ ତାହା ଆପଣଙ୍କୁ ପୃଥକ୍ ଭାବେ ଜଣାଇ ଦିଆଯିବ। ତେଣୁ, ବିକ୍ରୟ ବିଜ୍ଞପ୍ତିର ପ୍ରକାଶନ ତାରିଖ ପୂର୍ବରୁ ଯଦି ଆପଣ ବକେୟା ଦେୟ ସହିତ ତତ୍‌ପରବର୍ତ୍ତୀ ସୁଧ, ଆଇନଗତ ଖର୍ଚ୍ଚ ଓ ଦେୟ ବ୍ୟାଙ୍କକୁ ପଇଠ କରନ୍ତି, ତେବେ ଆପଣଙ୍କ ସମ୍ପତ୍ତି ବିକ୍ରୟ ନିମନ୍ତେ କୌଣସି ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ନାହିଁ ଏବଂ କଥିତ ଆକ୍ଟର ଧାରା ୧୩ (୮) ଅନୁଯାୟୀ ଆପଣ ଆପଣଙ୍କ ସମ୍ପତ୍ତିକୁ ବନ୍ଧକମୁକ୍ତ କରିପାରିବେ।

ସ୍ଥାନ: ବ୍ରହ୍ମପୁର
ତାରିଖ: ୧୫.୧୧.୨୦୨୫

ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ
ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

## ଜିଲ୍ଲାପାଳ ଓ ଏସ୍‌ପିଙ୍କ ଢିଙ୍କିଆ ଗସ୍ତ

# ପଞ୍ଚାୟତ ଲୋକଙ୍କ ସମସ୍ୟା ବୁଝିଲେ



ପାରାଦୀପ/କୁଜଙ୍ଗ,୧୫।୧୧(ସମିସ): ଆଜି ଅପରାହ୍ନରେ ଜଗତସିଂହପୁର ଜିଲ୍ଲାପାଳ ଜେ. ସୋନାଲ ଓ ଏସ୍‌ପି ଅଙ୍କିତ କୁମାର ବର୍ମା ଢିଙ୍କିଆ ପଞ୍ଚାୟତ ଗସ୍ତ କରିଥିଲେ। ଅଭୟଚାନ୍ଦପୁର ଥାନା ଅଧିକାରୀ ସମୀର ରାଉତ ଉପସ୍ଥିତ ଥିଲେ। ଢିଙ୍କିଆ ୟୁପି ସ୍କୁଲ ନିକଟରେ ଓହ୍ଲାଇ ଚାଲି ଚାଲି ଢିଙ୍କିଆ ଗାଁ ପରିଦର୍ଶନ କରି ମଲିକ ସାହି ନିକଟରେ ପହଞ୍ଚି ୫୦/୬୦ ଜଣ ଲୋକଙ୍କ ସହ ଭାବବିନିମୟ କରିଥିଲେ। ସାହିର ଲୋକେ କିଭଳି ଚଳୁଛନ୍ତି, କି ଅସୁବିଧାରେ ଅଛନ୍ତି, କ'ଣ ପାଇଁ ସରକାରୀ ସୁବିଧାରୁ ବଞ୍ଚିତ ହେଉଛନ୍ତି, ପଚାରି ବୁଝିଥିଲେ। ଏଥିସହ ବିଭିନ୍ନ ପ୍ରକାର ସଚେତନତା କରାଇଥିଲେ। ଯେହେତୁ ଢିଙ୍କିଆ ଚାରିଦେଶରେ ଜେଏସଡବ୍ଲୁ ପ୍ରକଳ୍ପ ହେବାକୁ ଯାଉଛି, ସେଠାକାର ଲୋକଙ୍କ ସହିତ ଜନ ସମ୍ପର୍କ ବଢ଼ାଇବା ପ୍ରଶାସନିକ ଅଧିକାରୀଙ୍କ ମୁଖ୍ୟ ଉଦ୍ଦେଶ୍ୟ ଥିଲା। ଢିଙ୍କିଆ ଗାଁର ଲୋକେ କିଭଳି ଅଛନ୍ତି, କାହିଁକି ଢିଙ୍କିଆ ଗାଁର ଲୋକେ ପ୍ରଶାସନ ସହିତ ମୁଖ୍ୟସ୍ରୋତରେ ସାମିଲ ହେଉନାହାନ୍ତି କିମ୍ବା ପ୍ରଶାସନ ନିକଟକୁ କୌଣସି ଅଭିଯୋଗ ନେଇ ଯାଉନାହାଁନ୍ତି, ସେ ସମ୍ପର୍କରେ ପଚାରି ବୁଝିଥିଲେ। ସୂଚନା ପାଇ ସ୍ଥାନୀୟ ଅଞ୍ଚଳର ବହୁ ଲୋକ ଆସି ପହଞ୍ଚି ନିଜ ବିଭିନ୍ନ ସମସ୍ୟା ସମ୍ପର୍କରେ ଅଭିଯୋଗ କରିଥିଲେ। ସେମାନଙ୍କର ଘର ନାହିଁ, ଚାଳ ଘରେ ରହି ଦିନ କାଟୁଥିବା କହିଥିଲେ। ଭୂମିହୀନ ଲୋକ କିଭଳି ସରକାରଙ୍କ ପକ୍ଷରୁ ୪ ଡିସମିଲ ଜାଗା ପାଇପାରିବେ, ସେ ସମ୍ପର୍କରେ ଲୋକଙ୍କୁ ଜିଲ୍ଲାପାଳ ଓ ଏସ୍‌ପି ଅବଗତ କରାଇଥିଲେ। ଲୋକଙ୍କ ସ୍ୱାସ୍ଥ୍ୟ ସମସ୍ୟା ସମ୍ପର୍କରେ ପଚାରି ବୁଝିବା ସହିତ ଖୁବଶୀଘ୍ର ଢିଙ୍କିଆରେ ଏକ ମେଗା ମାଗଣା ସ୍ୱାସ୍ଥ୍ୟ ସେବା ଶିବିରର ଆୟୋଜନ କରାଯିବା ନେଇ କହିଥିଲେ ଜିଲ୍ଲାପାଳ। ଲୋକଙ୍କ ପାଇଁ ସରକାରଙ୍କ କ'ଣ ସୁବିଧା ସୁଯୋଗ ରହିଛି, ସେ ସମ୍ପର୍କରେ ଲୋକଙ୍କୁ ଅବଗତ କରାଇଥିଲେ। ପରେ ମଲିକ ସାହି ଦେଇ ଫୁଲଖାଇ ମନ୍ଦିର ନିକଟରେ ପହଞ୍ଚିଥିଲେ। ଯେଉଁ ଫୁଲଖାଇ ମନ୍ଦିର ନିକଟରେ ପ୍ରକଳ୍ପ ବିରୋଧୀଙ୍କ ଗଡ ରହିଛି। ସେଠାରେ କିଛି ସମୟ ରହି ଲୋକଙ୍କ ସମସ୍ୟା ସମ୍ପର୍କରେ ପଚାରି ବୁଝିଥିଲେ। ନିକଟସ୍ଥ ଅଙ୍ଗନବାଡି କେନ୍ଦ୍ର ପରିଦର୍ଶନ କରି ଆଲୋଚନା କରିଥିଲେ। ପ୍ରଶାସନିକ ଅଧିକାରୀଙ୍କ ଏହି ପରିଦର୍ଶନ ସମୟରେ ଢିଙ୍କିଆର ରଞ୍ଜନ ବର୍ଦ୍ଧନ, ପ୍ରଶାନ୍ତ ଲେଙ୍କା, ଅକ୍ଷୟ ବେହେରା, ହୃଦାନନ୍ଦ ରାଉତ, ପ୍ରଭାତ ରାଉତ, ମାନସ ଦଳାଇ, ବିଭୁନ ମହାପାତ୍ର ଓ ଚଗଲା ବର୍ଦ୍ଧନ ପ୍ରମୁଖ ଉପସ୍ଥିତ ଥିଲେ।

## ଦଶବାଟିଆ ଶିଶୁ ବିଦ୍ୟାମନ୍ଦିରରେ ବିଜ୍ଞାନ ମେଳା



ବାଲିକୁଦା,୧୫।୧୧(ସମିସ): ବାଲିକୁଦା ବ୍ଲକ୍ ବରମୁଣ୍ଡଳୀ ପଞ୍ଚାୟତର ଦଶବାଟିଆ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଛି। ଅରୁଣଠାରୁ ସପ୍ତମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀ ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ପ୍ରଧାନଆଚାର୍ଯ୍ୟ ସର୍ବେଶ୍ୱର ସ୍ୱାଇଁ ଏହାକୁ ଉଦ୍‌ଘାଟନ କରିଥିଲେ। ବିଚାରକ ଭାବେ ନହରଣା ବିଦ୍ୟାଳୟ ବିଜ୍ଞାନ ଶିକ୍ଷକ ସୁଶାନ୍ତ ଶତପଥୀ, ସିଆରସିସି ନୃସିଂହ ଚରଣ ଛାତ୍ରଛାତ୍ରୀଙ୍କ ପ୍ରକଳ୍ପର ମୂଲ୍ୟାଙ୍କନ କରିଥିଲେ। ବର୍ଷାଜଳ ସଂରକ୍ଷଣ, ସୌରଜଗତ, ବାୟୁପ୍ରଦୂଷଣ, ଋତୁଚକ୍ର, ବତୀଘର, ଆନିମୋମିଟର, ଜ୍ୱାଳାମୁଖୀ, ପୃଥିବୀର ବାୟୁମଣ୍ଡଳ, କୃତ୍ରିମ ପ୍ରାକୃତିକ, ଜଳଚକ୍ର ଭଳି ୬୦ ପ୍ରକଳ୍ପ ସ୍ଥାନ ପାଇଥିଲା। ବିଦ୍ୟାଳୟର ଗୁରୁଜୀ ଗୁରୁମା ଶଙ୍କରେଶ୍ୱର ଦାସ, ମଥୁରୀ ଚରଣ ଦଳାଇ, ତ୍ରିଖଦ ନାୟକ, କ୍ଷଣପ୍ରଭା ସ୍ୱାଇଁ, ଅନୀମା ସୁବର୍ଣ୍ଣ ଦାସ, ସ୍ୱଦେଷ୍ଣା ସାହୁ, ସୁଶାନ୍ତ ସ୍ୱାଇଁ, ନିର୍ମଳା ସାହୁ, ପ୍ରିୟଙ୍କା ବେହେରା, ପୂଜାରାଣୀ ଓଝା, କରିସ୍ମା ବାରିକ, ସରସ୍ୱତୀ ମୁଦୁଲି, ବନୀତା ଦଳାଇ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ପୋର୍ଟ ଡିଏଭି ସ୍କୁଲରେ ଶିଶୁ ଦିବସ ପାଳିତ

ପାରାଦୀପ,୧୫।୧୧(ସମିସ): ପାରାଦୀପ ପୋର୍ଟ ଡିଏଭି ପବ୍ଲିକ ସ୍କୁଲରେ ଶିଶୁ ଦିବସ ପାଳିତ ହୋଇଛି। ଏଥିରେ ସମସ୍ତ ଛାତ୍ରଛାତ୍ରୀ ଭାଗ ନେଇ ବିଭିନ୍ନ ସୁସ୍ୱାଦୁ ଖାଦ୍ୟ ପ୍ରସ୍ତୁତ କରି ସ୍କୁଲ ପକ୍ଷରୁ କରାଯାଇ ଥିବା ଷ୍ଟଲରେ ବିକ୍ରି କରିଥିଲେ। ଏଥିସହ ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ କରାଯାଇଥିଲା। ଅଧକ୍ଷା ବିଦ୍ୟୁଶ୍ରୀ ମହାନ୍ତିଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ। ମୁଖ୍ୟଅତିଥି ଭାବେ ପିପିଏଲ ମେଡିକାଲର ଡାକ୍ତର କୁମାରୀ ଗାଡାଙ୍ଗୀ ଯୋଗ ଦେଇଥିବାବେଳେ ବିଶିଷ୍ଟ ଅତିଥି ଭାବେ ଏସବିଆଇ ପାରାଦୀପ ଶାଖା ମୁଖ୍ୟ ପରିଚାଳକ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଅତିଥିଙ୍କୁ ଅଧକ୍ଷା ଶ୍ରୀମତୀ ମହାନ୍ତି ସମ୍ବର୍ଦ୍ଧିତ କରିଥିଲେ।

## ଅଳକା ଆଶ୍ରମରେ ଜିଲ୍ଲାସ୍ତରୀୟ ଶିଶୁ ଉତ୍ସବ



ଜଗତସିଂହପୁର,୧୫।୧୧(ସମିସ): ସାରା ଭାରତ ଶିକ୍ଷା ବଞ୍ଚାଅ କମିଟି ଜଗତସିଂହପୁର ଜିଲ୍ଲା ଶାଖା ପକ୍ଷରୁ ଚତୁର୍ଥ ଜିଲ୍ଲାସ୍ତରୀୟ ଶିଶୁ ଉତ୍ସବ ଓ ଶିଶୁ ପ୍ରତିଭା ଚୟନ କାର୍ଯ୍ୟକ୍ରମ ସ୍ଥାନୀୟ ଅଳକା ଆଶ୍ରମରେ ଉପସଭାପତି ଡଃ ମହମ୍ମଦ ଓସାମାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ ଦୀପକ ମହାନ୍ତିଙ୍କ ପରିଚାଳନାରେ ଆୟୋଜିତ ଏହି କାର୍ଯ୍ୟକ୍ରମକୁ ଶିକ୍ଷାବିତ ବିଜୟରଥ ଉଦଘାଟନ କରିଥିଲେ। ବରିଷ୍ଠ ଆଡଭୋକେଟ ରଞ୍ଜିତ ମହାନ୍ତି, ଅବସରପ୍ରାପ୍ତ ଶିକ୍ଷକ ବଂଶୀଧର ବେହେରା, ସାରା ଭାରତ ଶିକ୍ଷା ବଞ୍ଚାଅ କମିଟି ରାଜ୍ୟ ସମ୍ପାଦକ ସୁବାସ ନାୟକ, ରଘୁନାଥପୁରର କଳା ଶିକ୍ଷକ ରାଜେନ୍ଦ୍ର ନାଏକ, ପ୍ରଶାନ୍ତ ପାଲ, ସାମାଜିକ କର୍ମୀ ସୁବାସ ସ୍ୱାଇଁ, ଶ୍ରମିକ ନେତା ପ୍ରଦୀପ୍ତ ରାମ ପ୍ରମୁଖ ଯୋଗଦେଇ ଏଭଳି କାର୍ଯ୍ୟକ୍ରମ ଶିଶୁଙ୍କ ଅନ୍ତର୍ନିହିତ ପ୍ରତିଭାର ବିକାଶ ଦିଗରେ ସହାୟକ ହୋଇପାରିବ ବୋଲି ମତବ୍ୟକ୍ତ କରିଥିଲେ। ଏ ଅବସରରେ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ଚିତ୍ରାଙ୍କନ, ବକ୍ତୃତା ଓ ଓଡ଼ିଶୀ ନୃତ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଚିତ୍ରାଙ୍କନ କନିଷ୍ଠ ବର୍ଗରେ ଜୟଜିତ ବିଶ୍ୱାଳ ପ୍ରଥମ, ସୂର୍ଯ୍ୟକାନ୍ତ ସାହୁ ଦ୍ୱିତୀୟ, ପ୍ରତୀକ୍ଷା ଦାଶ ତୃତୀୟ ହୋଇଥିବାବେଳେ ବରିଷ୍ଠ ବର୍ଗରେ ଶୁଭାଙ୍ଗୀ ଦାସ ପ୍ରଥମ, ଜାନଭୀ ନାୟକ ଦ୍ୱିତୀୟ ଓ ସାଇ ସିମରନ ଭୋଇ ତୃତୀୟ ହୋଇଥିଲେ। ବକ୍ତୃତା କନିଷ୍ଠ ବର୍ଗରେ ସୃଷ୍ଟି ମହାନ୍ତି ପ୍ରଥମ, ଆରଏମ ଆରାଧ ଜୟସିଂହ ଦ୍ୱିତୀୟ ଓ ସ୍ୱର୍ଣ୍ଣଲକ୍ଷ୍ମୀ ଦାଶ ତୃତୀୟ ହୋଇଥିବାବେଳେ ବରିଷ୍ଠ ବର୍ଗରେ ଆଦ୍ୟାଶା ସାହୁ ପ୍ରଥମ, ରୋଜାଲିନ ସାହୁ ଦ୍ୱିତୀୟ ଓ ସ୍ଥିତିପ୍ରଜ୍ଞା ବିଶ୍ୱାଳ ତୃତୀୟ ହୋଇଥିଲେ। ଓଡ଼ିଶୀ ନୃତ୍ୟ କନିଷ୍ଠ ବର୍ଗରେ ଆଶୀର୍ବାଦ ଦାସ ପ୍ରଥମ, ଶ୍ରୀୟା ସ୍ୱାଇଁ ଦ୍ୱିତୀୟ ଓ ତୃପ୍ତିପ୍ରୀତି ସାହୁ ତୃତୀୟ ହୋଇଥିବାବେଳେ ବରିଷ୍ଠ ବର୍ଗରେ ଆକାଂକ୍ଷା ସାହୁ ପ୍ରଥମ, ପ୍ରିୟଦର୍ଶିନୀ ଦାସ ଦ୍ୱିତୀୟ ଓ ସ୍ନେହାଶୀ ସାମଲ ତୃତୀୟ ସ୍ଥାନ ଅଧିକାର କରିଥିଲେ। ମଳୟ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

## ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

ବାଲିକୁଦା,୧୫।୧୧(ସମିସ): ବଡ଼ଗାଁ ପଞ୍ଚାୟତ ମା' କରକେଇଙ୍କ ପୀଠରେ ଜିଲ୍ଲା ପ୍ରାଣୀ ଚିକିତ୍ସା ବିଭାଗ ପକ୍ଷରୁ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଛି। ବାଲିକୁଦା-ଏରସମା ବିଧାୟକ ଶାରଦା ପ୍ରସନ୍ନ ଜେନା ମେଳକୁ ଉଦ୍‌ଘାଟନ କରିଥିଲେ। ଡ. ଲକ୍ଷ୍ମୀପ୍ରିୟା ପାଣିଗ୍ରାହୀଙ୍କ ମଞ୍ଚ ପରିଚାଳନାରେ ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡାକ୍ତର ଅଜୟ ସାହୁ ସଭାପତିତ୍ୱ କରିଥିଲେ। ବିଧାୟକ ଶ୍ରୀ ଜେନା, ବ୍ଲକ ଅଧକ୍ଷ ପ୍ରକାଶ ଚନ୍ଦ୍ର ପ୍ରଧାନ, ବ୍ଲକ୍ ଉପାଧାକ୍ଷା ପ୍ରିୟମ୍ୱଦା ପଲାଉର, ଜିଲ୍ଲା ପରିଷଦ ସଭ୍ୟା ତଟିନା ସ୍ୱାଇଁ, ରୁନୀଲତା ବେହେରା, ଡଲି ପଣ୍ଡା, ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡାକ୍ତର ଶଶାଙ୍କ ନାୟକ, ସାଂସଦ ପ୍ରତିନିଧି ପ୍ରଶାନ୍ତ ସ୍ୱାଇଁ, ବିଡିଓ ସାଗର ନନ୍ଦ, ସ୍ଥାନୀୟ ସରପଞ୍ଚ ପ୍ରତିନିଧି ଶୈଳେନ୍ଦ୍ର ବେହେରା, ସମିତିସଭ୍ୟ ପ୍ରତିନିଧି ଦୀପ୍ତିକାନ୍ତ ବିଶ୍ୱାଳ, ପୂର୍ବତନ ଜିଲ୍ଲା ପରିଷଦ ରାମଚନ୍ଦ୍ର ମହାନ୍ତି, ବାଲିକୁଦା ବ୍ଲକ୍ ପ୍ରାଣୀ ଚିକିତ୍ସା ଅଧିକାରୀ ସ୍ୱାଗତ ପଟ୍ଟନାୟକ, ମାଛଗାଁ ପ୍ରାଣୀ ଚିକିତ୍ସା ଅଧିକାରୀ ଯଜ୍ଞଦତ୍ତ ଦାଶ ଯୋଗଦେଇ ପ୍ରାଣୀଙ୍କ ସୁରକ୍ଷା ଆମର ପ୍ରାଥମିକତା ଓ ମତ୍ସ୍ୟଚାଷ ସହ ଗୋପାଳନ କରି କିଭଳି ଜଣେ ଚାଷୀ ସ୍ୱାବଲମ୍ବୀ ହେବା ସହ ଅନ୍ୟକୁ ରୋଜଗାର ପ୍ରଦାନ କରିପାରିବ, ସେ ନେଇ ଆଲୋଚନା କରିଥିଲେ। ସରକାରୀ ସ୍ତରରେ ଥିବା ସୁବିଧା କିପରି ପ୍ରତ୍ୟେକ ଚାଷୀଙ୍କ କାର୍ଯ୍ୟରେ ଲାଗିପାରିବ, ସେନେଇ କୃଷି ଅଧିକାରୀ ବୁଝାଇଥିଲେ। ପ୍ରାଣୀ ଚିକିତ୍ସା ବିଭାଗ ପକ୍ଷରୁ କୃଷି ରଥ ବାଲିକୁଦା ବ୍ଲକର ୩୦ ପଞ୍ଚାୟତରେ ପରିକ୍ରମା କରୁଛି। ସଞ୍ଜୟ ବେହେରା, ସନ୍ଦୀପ ନାୟକ, କମଳ କିରଣ ବିଶ୍ୱାଳ, ସନ୍ତୋଷ ନାୟକ, ରଞ୍ଜନ ରାଉତ, କେଦାର ନାୟକ, ପ୍ରଭାତ ମହାନ୍ତି, ରଞ୍ଜନ ମଲିକ, ବିପିନ ମଲିକ, ରୁଦ୍ର ଦାସ, ଚିତ୍ତରଞ୍ଜନ ପରିଡା, କାଳନ୍ଦୀ ନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।




## ବିରିଡ଼ି ବ୍ଲକ୍ କଂଗ୍ରେସ କର୍ମୀ ବୈଠକ



ବିରିଡ଼ି, ୧୫।୧୧(ସମିସ): ବିରିଡ଼ି ବ୍ଲକର ୨୧ଟି ପଞ୍ଚାୟତରୁ ପାଖାପାଖି ୪୦୦ରୁ ଊର୍ଦ୍ଧ୍ୱ କଂଗ୍ରେସ କର୍ମୀଙ୍କୁ ନେଇ ସ୍ଥାନୀୟ ଧାନକୁଦ ପୀଠରେ ବୈଠକ ଅନୁଷ୍ଠିତ ହୋଇଯାଇଛି। ବ୍ଲକ୍‌ର ବିଭିନ୍ନ ପଞ୍ଚାୟତରେ କଂଗ୍ରେସ ଦଳକୁ କିପରି ମଜବୁତ କରାଯିବ, ଏହି କାର୍ଯ୍ୟକ୍ରମରେ ଆଲୋଚନା କରାଯାଇଥିଲା। କଂଗ୍ରେସ ଦଳର ବରିଷ୍ଠ ନେତା ଭାଗ୍ୟଧର ଜେନାଙ୍କ ଆହ୍ୱାନରେ ଆୟୋଜିତ କାର୍ଯ୍ୟକ୍ରମରେ ବଳରାମ ମଲ୍ଲିକ ଅଧ୍ୟକ୍ଷତା କରିଥିଲେ ଓ ଏହାର ଉଦ୍ଦେଶ୍ୟ ଉପସ୍ଥାପନ କରିଥିଲେ। ଏଥିରେ ଅନୀତା ମିଶ୍ର, ଦେବେନ୍ଦ୍ର ଦାସ, ପ୍ରତାପ ଦାସ, ସରପଞ୍ଚ ବେବିନା ମଲ୍ଲିକ, ପୂର୍ବତନ ସରପଞ୍ଚ ଜ୍ୟୋତ୍ସ୍ନାରାଣୀ ବେହେରା, ଧୀରେନ୍ଦ୍ର ସ୍ୱାଇଁ, ପ୍ରାଣକୃଷ୍ଣ ପଶାୟତ, ପୂର୍ବତନ ସମିତି ସଭ୍ୟ ପ୍ରମୋଦ କୁଣ୍ଡୁ, ଅମୂଲ୍ୟ ମହାନ୍ତି, ପବିତ୍ର ଦାଶ, ଶରତ ଜେନା, ନିରଞ୍ଜନ ଲେଙ୍କା, ପ୍ରଭାକର ଜେନା, ଜୟନ୍ତ ବସ୍ତିଆ, ଫିରେନ ସିଂ, ଆରତ ସାହୁ, ଶରତ ଜେନା, ପ୍ରତାପ ଦାସ, ପବିତ୍ରମୋହନ ଦାସ ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସମରେନ୍ଦ୍ର ସେଠୀ, ଶରତ ସ୍ୱାଇଁ, ତାପସ ବୋଷ, କୃଷ୍ଣଚନ୍ଦ୍ର ଜେନା, କିଶୋର ବାଗୀ, ଗୁରୁଚରଣ ବାରିକ, ଦେବେନ୍ଦ୍ର ଭୋଇ, କାର୍ତ୍ତିକ ମଲ୍ଲିକ, ଗଜେନ୍ଦ୍ର ଜେନା, ଅଭୟ ମଲ୍ଲ, ଲୋକନାଥ ମଲ୍ଲିକ, ଚିତ୍ତରଞ୍ଜନ ମଲ୍ଲିକ ପ୍ରମୁଖ ଯୋଗ ଦେଇଥିଲେ। ପବିତ୍ର ପ୍ରଧାନ, ଚିତ୍ରସେନ ସାହୁ, ପ୍ରଶାନ୍ତ ବିଶ୍ୱାଳ, ବିଜୟ ମଲ୍ଲିକ, ସାନ୍ତ ସାହୁ, ଶ୍ରୀକାନ୍ତ ପଣ୍ଡା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ସମୀର ଖୁଣ୍ଟିଆ ଧନ୍ୟବାଦ ଦେଇଥିଲେ।

## କେନ୍ଦ୍ର ଜଳମାର୍ଗ ସଚିବଙ୍କ ପାରାଦୀପ ଗସ୍ତ



ପାରାଦୀପ,୧୫।୧୧(ସମିସ): ଭାରତ ସରକାରଙ୍କ ବନ୍ଦର, ଜାହାଜ ଚଳାଚଳ ଓ ଜଳମାର୍ଗ ବିଭାଗ ସଚିବ ବିଜୟ କୁମାର ଶନିବାର ଦିନ ପାରାଦୀପ ଗସ୍ତରେ ଆସିଛନ୍ତି। ପାରାଦୀପ ବନ୍ଦର ପରିଚାଳନା, ଜାହାଜ ଚଳାଚଳ, ପଣ୍ୟ କାରବାର ସମ୍ପର୍କରେ ସବିଶେଷ ତଥ୍ୟ ସଂଗ୍ରହ କରିଛନ୍ତି। ପାରାଦୀପ ବନ୍ଦର ମେରାଇନ୍ ସାଇଟ୍ ଅଫିସ୍ ନିକଟରେ ପାରାଦୀପ ବନ୍ଦର ଅଧ୍ୟକ୍ଷ ପି.ଏଲ. ହରନାଦ ଜାହାଜ ଚଳାଚଳ, ମେରାଇନ୍ କାର୍ଯ୍ୟକ୍ରମ, ଦକ୍ଷତା, ସୁରକ୍ଷା ସମ୍ପର୍କରେ ତଥ୍ୟ ସମେତ ପାରାଦୀପ ବନ୍ଦରର ଆଗାମୀ ପ୍ରକଳ୍ପ, ଭିତ୍ତିଭୂମିର ବିକାଶ ସମ୍ପର୍କରେ ସୂଚନା ଦେଇଥିଲେ। ସଚିବ ଶ୍ରୀ କୁମାର ଯାନ୍ତ୍ରିକ କୋଇଲା ବୋଝେଇ ପ୍ଲାଣ୍ଟ ଅଞ୍ଚଳ ପରିଦର୍ଶନ କରିବା ସହ ରେଳ ପରିଚାଳନା ସମ୍ପର୍କରେ ବୁଝିଥିଲେ। ଆଇରନ୍ ଓର୍‌ର ପ୍ରଦୂଷଣମୁକ୍ତ ପରିବହନକୁ ଗୁରୁତ୍ୱାରୋପ କରିଥିଲେ। ପ୍ରଶାସନିକ ଭବନ ବୋର୍ଡ ରୁମ୍ ପରିସରରେ ଏକ ସମୀକ୍ଷା ବୈଠକରେ ଯୋଗଦେଇ ବନ୍ଦରର ବରିଷ୍ଠ ଅଧିକାରୀଙ୍କ ସମେତ ବନ୍ଦର ବ୍ୟବହାରକାରୀଙ୍କ ସହ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଏ ଅବସରରେ ଗେଟ୍ ନମ୍ବର-୧ ନିକଟରେ ନବନିର୍ମିତ ଇଣ୍ଟିଗ୍ରେଟେଡ୍ ସବେଷ୍ଟସନ୍‌କୁ ସଚିବ ଶ୍ରୀ କୁମାର ପାରାଦୀପ ବନ୍ଦର ଅଧ୍ୟକ୍ଷ ପି.ଏଲ.ହରନାଦ ଉପସ୍ଥିତିରେ ଲୋକାର୍ପଣ କରିଥିଲେ।

## ହିରୋଇନ ଜବତ; ଜଣେ ଗିରଫ

ପାରାଦୀପ,୧୫।୧୧(ସମିସ): ପାରାଦୀପ ଅବକାରୀ ବିଭାଗ ରେଞ୍ଜ ଓ ଷ୍ଟେସନ ମିଳିତ ଭାବେ ଆଜି ଚଢ଼ଉ କରି ୩୪ ଗ୍ରାମର ହିରୋଇନ ଜବତ କରିବା ସହ ଜଣେ ଗିରଫ ହୋଇଛି। ଅଭିଯୁକ୍ତ ପାରାଦୀପ ଅଠରବାଙ୍କୀ ରେଳବାଇ କଲୋନୀ ଅଞ୍ଚଳର ମନୋଜ ନନ୍ଦି (୪୩) ଓରଫ ବାବର। ଆଜି ସକାଳ ୭ଟା ସମୟରେ ମନୋଜ ନନ୍ଦି ଲକପଡ଼ା ନାଳବନ୍ଧ କଡ଼ରେ ହିରୋଇନ ବିକ୍ରି କରୁଥିବାବେଳେ ଅବକାରୀ ବିଭାଗ ଟିମ କାବୁ କରିନେଇଥିଲେ। ସେ ପୂର୍ବରୁ ଗିରଫ ହୋଇ କୋର୍ଟ ଚାଲାଣ ହୋଇଥିବା ଅବକାରୀ ଥାନା ପୁଲିସ ସୂଚନା ଦେଇଛି। ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ସୁପରିଟେଣ୍ଡେଣ୍ଟ ଅନୀତା ପ୍ରଧାନଙ୍କ ତତ୍ତ୍ୱାଧାନରେ ଇନ୍ସପେକ୍ଟର ପ୍ରଶାନ୍ତ ମହାନ୍ତି, ସବଇନ୍ସପେକ୍ଟର ଧର୍ମପଦ ଦାସ, ଏଏସଆଇ ଗୟାଧର ସେଠୀ, କନଷ୍ଟେବଳ ମନୋରଞ୍ଜନ ଦାସ, ନବ ମାରାଣ୍ଡି ଓ ସନ୍ତୋଷୀ ସାହୁ ପ୍ରମୁଖ ଚଢ଼ଉରେ ସାମିଲ ଥିଲେ।

## କେନ୍ଦ୍ରାପଡ଼ା ଜିଲ୍ଲାସ୍ତରୀୟ ସମବାୟ ସପ୍ତାହ ଉଦ୍‌ଘାଟିତ



ଡେରାବିଶ,୧୫।୧୧(ସମିସ): କୁଶିଆପାଳ ପଞ୍ଚାୟତ ଅନ୍ତର୍ଗତ କୁଶିଆପାଳ ଆଦର୍ଶ ପ୍ରାଥମିକ କୃଷି ସମବାୟ ସମିତିରେ ସର୍ବଭାରତୀୟ ୭୨ତମ ସମବାୟ ସପ୍ତାହ ଅବସରରେ କେନ୍ଦ୍ରାପଡ଼ା ଜିଲ୍ଲାସ୍ତରୀୟ ସମବାୟ ସପ୍ତାହ ଉଦ୍‌ଘାଟିତ ହୋଇଛି। ସଭାପତି ନାରାୟଣ ପ୍ରସାଦ ପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ଜିଲ୍ଲା ସମବାୟ ସମିତି ସମୂହ ଉପନିବନ୍ଧକ ପ୍ରଭାକର ନାୟକ ମୁଖ୍ୟଅତିଥି ଭାବେ ଯୋଗଦେଇ ସମବାୟ ପତାକା ଉତ୍ତୋଳନ କରିଥିଲେ। ସମ୍ମାନିତ ଅତିଥି ଭାବେ ସହକାରୀ ନିବନ୍ଧକ ଯୋଗେନ୍ଦ୍ର ବିଶ୍ୱାଳ, ଉପସହକାରୀ ନିବନ୍ଧକ ବିକାଶ ତରାଇ ଓ ସୁଶାନ୍ତ ମିଶ୍ର ଯୋଗଦେଇ ସମବାୟ ଆନ୍ଦୋଳନକୁ କିପରି ଚାଷୀଙ୍କ ନିକଟରେ ପହଞ୍ଚାଯାଇପାରିବ ଓ ଏହି ଆନ୍ଦୋଳନକୁ କିପରି ସୁଦୃଢ଼ କରାଯିବ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ସମିତି ଉପସଭାନେତ୍ରୀ ସସ୍ମିତା ପାତ୍ର, ପରିଚାଳନା ସମିତି ନିର୍ଦ୍ଦେଶକ ଫଗୁଚରଣ ସାହୁ, ନିର୍ମଳ ସେଠୀ, କେଲୁ ଚରଣ ନାଥ, ଗୋଲଖ ସାହୁ ଓ ଧ୍ରୁବ ଚରଣ ବିହାରୀ ପ୍ରମୁଖ ଯୋଗ ଦେଇଥିଲେ। ସମିତି ସମ୍ପାଦକ ମୃତ୍ୟୁଞ୍ଜୟ ଦାଶ ଧନ୍ୟବାଦ ଅର୍ପଣ କରିଥିଲେ।

## ଡେରାବିଶ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

ଡେରାବିଶ,୧୫।୧୧(ସମିସ): ଚାଟରାଚକଡ଼ା ପଞ୍ଚାୟତ ଅନ୍ତର୍ଗତ ଛତାଠାରେ ଡେରାବିଶ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ବିଡିଓ ନମିତା ବାରିକଙ୍କ ସଭାପତତିତ୍ୱରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟଅତିଥି ଭାବେ ଡେରାବିଶ ପଞ୍ଚାୟତ ସମିତି ଅଧ୍ୟକ୍ଷା ପ୍ରଭାତୀ ମଲିକ ଯୋଗଦେଇ ଉଦ୍‌ଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ ଜିଲ୍ଲା ପ୍ରାଣୀ କଲ୍ୟାଣ ଅଧିକାରୀ ଡ. ପ୍ରଭଞ୍ଜନ କବି ଯୋଗଦେଇ ସମସ୍ତ ଗୋପାଳକ, ଛେଳି, ମେଣ୍ଢା ଓ ମହିଷାଦି ପାଳକଙ୍କ ସମେତ ମତ୍ସ୍ୟ ପାଳକଙ୍କୁ ଉତ୍ସାହିତ କରିଥିଲେ। ଏଥିସହିତ ପଶୁ ଓ ମତ୍ସ୍ୟ ପାଳନ କରି କିପରି ନିଜେ ସ୍ୱାବଲମ୍ବୀ ଓ ଅନ୍ୟମାନଙ୍କୁ ସ୍ୱାବଲମ୍ବୀ କରିପାରିବେ ସମ୍ପର୍କରେ ବୁଝାଇଥିଲେ। ସମ୍ମାନିତ ଅତିଥି ଭାବେ ସାଂସଦଙ୍କ ପ୍ରତିନିଧି ଅକ୍ଷୟ ତ୍ରିପାଠୀ, ବିଧାୟକଙ୍କ ପ୍ରତିନିଧି ମନୋରଞ୍ଜନ ଉପାଧ୍ୟାୟ, ବ୍ଲକ୍ ଉପାଧକ୍ଷ ଦେବାଶିଷ ଆଚାର୍ଯ୍ୟ, ଜିଲ୍ଲା ପରିଷଦ ସଦସ୍ୟ ଅରବିନ୍ଦ ମଲିକ ଓ ଧନେଶ୍ୱର ସେଠୀ, ଚାଟରାଚକଡ଼ା ସରପଞ୍ଚ ମମତା ରାଉତ, ସମିତିସଭ୍ୟ ନିରଞ୍ଜନ କର ପ୍ରମୁଖ ଯୋଗଦେଇ ଶିକ୍ଷିତ ଯୁବକ/ଯୁବତୀ ଚାକିରି ପଛରେ ନ ଗୋଡ଼ାଇ ସରକାରଙ୍କ ପକ୍ଷରୁ ଗାଈ, ମଇଁଷି, ଛେଳି, କୁକୁଡ଼ା ଓ ମତ୍ସ୍ୟ ପାଳନ ନିମନ୍ତେ ପ୍ରଦାନ କରାଯାଉଥିବା ବିଭିନ୍ନ ଯୋଜନାର ଲାଭ ଉଠାଇବାକୁ ପରାମର୍ଶ ଦେଇଥିଲେ। ଏ ଅବସରରେ ୭ ଜଣ ହିତାଧିକାରୀଙ୍କୁ କାର୍ଯ୍ୟାଦେଶ ପ୍ରଦାନ କରାଯିବା ସହ ୧୩ ଜଣ ସଫଳ ଚାଷୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରାଣୀ ଚିକିତ୍ସା ଅଧିକାରୀ ଦିଲ୍ଲୀପ ସେଠୀ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଅତିରିକ୍ତ ଜିଲ୍ଲା ମତ୍ସ୍ୟ ଅଧିକାରୀ କୋକିଳା ମଞ୍ଜରୀ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ୩ ପରିବାରର ୧୦ ବଖରା ଜଳିଗଲା



ରାଜନଗର,୧୫।୧୧(ସମିସ): କଣ୍ଡିରା ପଞ୍ଚାୟତ ହଂସୁଆଗୁଳା ଗାଁରେ ଅଗ୍ନିକାଣ୍ଡ ଘଟି ୩ ପରିବାରର ବଖରା ଘର ପୋଡ଼ି ପାଉଁଶ ହୋଇଯାଇଛି। ଆଜି ରାତି ପ୍ରାୟ ୮ଟା ସମୟରେ ଫକୀର ବିଶ୍ୱାଳଙ୍କ ଘରେ ନିଆଁ ଲାଗିଯାଇଥିଲା। ଚାହୁଁ ଚାହୁଁ ନିଆଁ ଘନଶ୍ୟାମ ବିଶ୍ୱାଳ ଓ ପବିତ୍ର ବିଶ୍ୱାଳଙ୍କ ଘରକୁ ବ୍ୟାପୀ ଯାଇଥିଲା। ମାତ୍ର କେତେ ମିନିଟ ମଧ୍ୟରେ ୩ ପରିବାରର ୧୦ ବଖରା ଘର ପୋଡ଼ିଯାଇଥିଲା। ଫଳରେ ପ୍ରାୟ ୨୦ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ଆସବାବପତ୍ର ପୋଡି ପାଉଁଶ ହୋଇଯାଇଛି। ଖବର ପାଇ ଅଗ୍ନିଶମ ବାହିନୀ ପହଞ୍ଚିବା ବେଳକୁ ସବୁ ପୋଡି ପାଉଁଶ ହୋଇସାରିଥିଲା। ୩ ପରିବାରର ୧୬ ଜଣ ସଦସ୍ୟ ଜୀବନ ରକ୍ଷା କରିବାରେ ସକ୍ଷମ ହୋଇଥିଲେ।

## ଘରୁ ନାଗସାପ ଉଦ୍ଧାର

କୁଜଙ୍ଗ,୧୫।୧୧(ସମିସ): ପଙ୍କପାଳ ଗ୍ରାମର ବିଜୟ ପରିଡ଼ାଙ୍କ ବାସଭବନରୁ ଆଜି ନାଗସାପ ଉଦ୍ଧାର କରାଯାଇଛି। ବିଜୟଙ୍କ ନାତୁଣୀ ବସିଥିବାବେଳେ ସାପ ଦେଖିଥିଲେ। ସାପକୁ ଘଉଡ଼ାଇବାକୁ ଚେଷ୍ଟା କରି ବିଫଳ ହୋଇଥିଲେ। ପରେ ସାପ ଧରାଳିଙ୍କୁ ଖବର ଦିଆଯାଇଥିଲା। କୁଜଙ୍ଗର ପ୍ରଭାତ ବେହେରା ଓ ସହଯୋଗୀ ମଣିଶଙ୍କର ପହଞ୍ଚି ସାପକୁ ଉଦ୍ଧାର କରି ଜଙ୍ଗଲରେ ଛାଡ଼ି ଦେଇଥିଲେ।

## ସାଧୁ ବୁଦ୍ଧ ଦାସଙ୍କ ସମାଧି ପ୍ରତିଷ୍ଠା ଉତ୍ସବ


ଏରସମା,୧୫।୧୧(ସମିସ): ଏରସମା ବ୍ଲକ୍ ସିହା ଗ୍ରାମ ମହିମା ଟୁଙ୍ଗିରେ ବକଳଧାରୀ ସାଧୁ ବାବୁଲି ବାବାଙ୍କ ତତ୍ତ୍ୱାବଧାନରେ ସମାଧି ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଶଙ୍କର ବାବା, ଗଦାଧର ବାବା, ନିଗମ ବାବା, ଭରତ ବାବା, ଗୋପାଳ ବାବା ପ୍ରମୁଖ ବହୁ ବକଳଧାରୀ ବାବା ମହିମା ଧର୍ମ ଉପରେ ଆଲୋକପାତ କରିବା ସହ ମହିମା ଭଜନ ଗାନ କରିଥିଲେ। ମହିମା ଧର୍ମ ରୀତିନୀତିରେ ସମାଧି ପ୍ରତିଷ୍ଠା କରାଯାଇଥିଲା। ମନ୍ଦିର ଟ୍ରଷ୍ଟି ଆଶିଷ ସ୍ୱାଇଁ, ରନା ଖଣ୍ଡୁଆଳ, ଜିତେନ୍ଦ୍ର ସାମନ୍ତରାୟ, ରାଜକିଶୋର ସ୍ୱାଇଁ, ସୁବାସ ସ୍ୱାଇଁ, ବିପିନ ସ୍ୱାଇଁ, ଆଞ୍ଚଳିକ ପୂଜ୍ୟ ପୂଜା ସଂସଦ ଏରସମା ଅଧ୍ୟକ୍ଷ ଯଯାତି ସାମନ୍ତରାୟ, ଶିକ୍ଷକ ପ୍ରକାଶ ସ୍ୱାଇଁ, ଗ୍ରାମ ମୁରବି ବଂଶୀଧର ସ୍ୱାଇଁ, ନରେନ୍ଦ୍ର ସ୍ୱାଇଁ, ଅଜିତ ସାମନ୍ତରାୟ, କାଳନ୍ଦୀ ସ୍ୱାଇଁ, ମହିମା ସ୍ୱାଇଁ ପ୍ରମୁଖ ସହଯୋଗ କରିଥିଲେ।

## ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନରେ ଶିଶୁ ଦିବସ



ଜଗତସିଂହପୁର,୧୫।୧୧(ସମିସ): ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନରେ ଶିଶୁ ଦିବସ ପାଳିତ ହୋଇଛି। ଅଧ୍ୟକ୍ଷ ରମେଶ ଚନ୍ଦ୍ର ମଲ୍ଲିକଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମର ପ୍ରଥମ ପର୍ଯ୍ୟାୟରେ ପରିସରରେ ଥିବା ବଗିଚାରେ କର୍ମଚାରୀ, ପ୍ରଥମ ଓ ଦ୍ୱିତୀୟ ବର୍ଷର ଗୁରୁ ଛାତ୍ରଛାତ୍ରୀଙ୍କ ଦ୍ୱାରା ଚାରାରୋପଣ କାର୍ଯ୍ୟକ୍ରମ କରାଯାଇଥିଲା। ପରବର୍ତ୍ତୀ ସମୟରେ ପ୍ରବନ୍ଧ, କବିତା ଆବୃତ୍ତି, ଭାଷଣ, ନୃତ୍ୟ, ଗୀତ, ରଙ୍ଗୋଲୀ ଆଦି ବିଭିନ୍ନ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ବରିଷ୍ଠ ଶିକ୍ଷା ପ୍ରଶିକ୍ଷକ ସ୍ମିତାଶ୍ରୀ ବିଶ୍ୱାଳ, ତ୍ରିଲୋଚନ ସାହୁ, ସୁଶାନ୍ତ ନାୟକ, ପ୍ରଜ୍ଞାଦୀପ୍ତି ସାହୁ, ଚିତ୍ତରଞ୍ଜନ ଦାସ ଓ ଅଣଶିକ୍ଷା କର୍ମଚାରୀ ମିନତୀ ସାହୁ, ଦେବୀଶ୍ରୀ ପ୍ରିୟଦର୍ଶିନୀ ଦାଶ, ସୁକାନ୍ତ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସେହିପରି ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା।

## କିଡ୍‌ନୀ ରୋଗ ପୀଡ଼ିତ ଯୁବକଙ୍କ ମୃତ୍ୟୁ



ଜଗତସିଂହପୁର,୧୫।୧୧(ସମିସ): ସଦର ବ୍ଲକ ଅନ୍ତର୍ଗତ ସମଙ୍ଗ ପଞ୍ଚାୟତ ଜେନା ସାହିର ସମରେନ୍ଦ୍ର ରାଉତରାୟଙ୍କ ପୁଅ ସୌମ୍ୟସାଗର ରାଉତରାୟଙ୍କ କଟକର ଏକ ଘରୋଇ ମେଡିକାଲରେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଛି। ସେ କିଡ୍‌ନୀ, ଫୁସ୍‌ଫୁସ, ଜଣ୍ଡିସ ରୋଗରେ ପୀଡ଼ିତ ଥିଲେ। ସୌମ୍ୟଙ୍କ ମୃତ୍ୟୁରେ ଜେନା ସାହିରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଛି। ଗ୍ରାମ ଶ୍ମଶାନରେ ଶେଷକୃତ୍ୟ କରାଯାଇଥିଲା।

# ବଟଶ୍ରୀ ଚାରିଟେବୁଲ ଟ୍ରଷ୍ଟର ବାର୍ଷିକ ଉତ୍ସବ




ତିର୍ତ୍ତୋଲ,୧୫।୧୧(ସମିସ): ତିର୍ତ୍ତୋଲ ଥାନା ଅନ୍ତର୍ଗତ ଗୋରଡ଼ ପଞ୍ଚାୟତର କାଇଁଟୋଳ ଗ୍ରାମ ବଟ ମହାପୁରୁଷ ଗାଦି ପରିସରରେ ବଟଶ୍ରୀ ଚାରିଟେବୁଲ୍ ଟ୍ରଷ୍ଟର ପଞ୍ଚମ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଉପଦେଷ୍ଟା କୈଳାସ ଦଳାଇ ସଭାକୁ ଉଦ୍‌ଘାଟନ କରିଥିବାବେଳେ ଆଇନଜୀବୀ ମଞ୍ଜୁଲତା ରାଉତ ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଝଙ୍କଡ଼ ସାହିତ୍ୟ ସଂସଦ ସମ୍ପାଦକ ଗୋଲୋକ ବିହାରୀ ପଲାଇ, ମୁଖ୍ୟବକ୍ତା ଅନଙ୍ଗ ମହାପାତ୍ର, ସମ୍ମାନିତ ଅତିଥି ସୁଭାଷ ରାଉତ ଯୋଗ ଦେଇଥିଲେ। ଏ ଅବସରରେ ପଣ୍ଡିତ ବାସବ ନନ୍ଦ, ଗୀତା ଦାସ, ପରମାନନ୍ଦ ଦାସ, ଜୟନ୍ତୀ ଦାସଙ୍କ ସମେତ ପଚାଶରୁ ଅଧିକ ସାହିତ୍ୟିକ ଓ କବି ସ୍ୱରଚିତ କବିତା ପାଠ କରିଥିଲେ। କାଇଁଟୋଳ ଗ୍ରାମର କୁନି କଳାକାର ଓ ଏଏସ. ଏକାଡେମୀ କଳାକାରଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଶିଶୁ ଅନନ୍ତ ଆଶ୍ରମ ପ୍ରତିଷ୍ଠାତା ପଦ୍ମଶ୍ରୀ ବାବା ବଳିଆ ଯୋଗଦେଇ ସାହିତ୍ୟ, ସଂସ୍କୃତି ଓ ଭାଗବତ ଗୀତା ଉପରେ ବକ୍ତବ୍ୟ ରଖିଥିଲେ। ଆଦର୍ଶ ଓ ଯୌଥ ପରିବାରର ଗୃହକର୍ତ୍ତା ହେମନ୍ତ ନାୟକଙ୍କୁ ବାବା ବଳିଆ ସମ୍ବର୍ଦ୍ଧିତ କରିଥିଲେ। ଆଦର୍ଶ ବ୍ୟବସାୟୀ ପର୍ଶୁରାମ ମାଣିକ, କ୍ରୀଡ଼ାବିତ ଭୁବନ ଦାସ, ଦୂରଦର୍ଶନ କେନ୍ଦ୍ରର ଅବସରପ୍ରାପ୍ତ କର୍ମଚାରୀ ପ୍ରଭାତ ପରିଜା, କବୟିତ୍ରୀ ପାୟଲ ମଣ୍ଡଳ, ସମାଜସେବୀ ପୂର୍ଣ୍ଣଚନ୍ଦ୍ର ମହାପାତ୍ର ଓ ସେବା କ୍ଷେତ୍ରରେ ପଙ୍କପାଳ ସତ୍ୟସାଇ ଯୁବ ସହାୟତା ସଂଗଠନକୁ ସମ୍ମାନିତ କରାଯାଇଥିଲା। ସମ୍ପାଦିକା ବିଭୂଷିତା ଦାସ ସମ୍ପାଦକୀୟ ବିବରଣୀ ପାଠ କରିଥିବାବେଳେ ସଭାପତି ଡ. ବସନ୍ତ ମଞ୍ଜରୀ ଦାସଙ୍କ ଦ୍ୱାରା ସଂଗଠନକୁ ପ୍ରଦତ୍ତ ଏକ ସିଲେଇ ମେସିନ ଅନାବରଣ କରାଯାଇଥିଲା। ବଟଶ୍ରୀ ଯୁବ ସଂଗଠନ ଓ କାଇଁଟୋଳ ଗ୍ରାମବାସୀ ସହଯୋଗ କରିଥିଲେ। ଆଲୋକ ନାୟକ ମଞ୍ଚ ପରିଚାଳନା ଓ ଯୁବ ସଂଗଠନ ସମ୍ପାଦକ ସମ୍ରାଟ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ।

## ଶିବିରରୁ ୭୮ ୟୁନିଟ୍ ରକ୍ତ ସଂଗ୍ରହ



ହିନ୍ଦୋଳ,୧୫ ।୧୧(ସମିସ): ରାସୋଲ ସଭାଗୃହରେ ଶନିବାର ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ ପୂର୍ବତନ ବ୍ଲକ ଅଧ୍ୟକ୍ଷ ତଥା ରାସୋଲ ଜନମଙ୍ଗଳ ସଂଗଠନର ଉପଦେଷ୍ଟା ପ୍ରିୟରଞ୍ଜନ ମାହୁନ୍ତ ଓ ଉଦଘାଟକ ଭାବେ ରାସୋଲ ସରପଞ୍ଚ ଦିବାକର ନାଏକ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ପ୍ରଥମେ ଜନମଙ୍ଗଳ ସଂଗଠନର ସମ୍ପାଦକ ପ୍ରଦୀପ ନାୟକ ରକ୍ତଦାନ କରିଥିଲେ। ଢେଙ୍କାନାଳ ରେଡ୍‌କ୍ରସର ଭାଇସ ଚେୟାରମ୍ୟାନ ବିରଞ୍ଚି ନାରାୟଣ ପାଣି ଉପସ୍ଥିତ ରହି ରକ୍ତଦାତାଙ୍କୁ ଉତ୍ସାହିତ କରିଥିଲେ। ଢେଙ୍କାନାଳ ରକ୍ତଭଣ୍ଡାର କର୍ମକର୍ତ୍ତା ରକ୍ତ ସଂଗ୍ରହ କରିଥିଲେ। ମୋଟ ୭୮ ୟୁନିଟ ରକ୍ତ ସଂଗ୍ରହ କରାଯାଇଛି। ଏଥିରେ ସମଗ୍ର ଓଡ଼ିଶା ସେବା ଅଭିଯାନର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ତଥା ମୋ ଗାଁ ମୋ ସମ୍ମାନ ଆହ୍ୱାନର ରାଜ୍ୟ ଆବାହକ ପ୍ରଭାତ ବାରିକ ସହଯୋଗ କରିଥିଲେ। ସମାଜସେବୀ ବିଭୁପ୍ରସାଦ ଶତପଥୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଶିବିର ହୋଇଥିଲା।

# ରାଜ୍ୟସ୍ତରୀୟ ପ୍ରତିଭା ଚୟନ ଓ ପ୍ରତିଭା ସମ୍ମାନ

ଢେଙ୍କାନାଳ,୧୫ ।୧୧(ସମିସ)



ସାଂସ୍କୃତିକ ଓ ସାମାଜିକ ଅନୁଷ୍ଠାନ ମାଇକ୍ରୋ ମିଡିଆ ଆୱେରନେସ ପକ୍ଷରୁ ଅନୁଷ୍ଠାନର ୨୩ତମ ବାର୍ଷିକ ଉତ୍ସବ ତଥା କପିଳାସ ମହୋତ୍ସବ ଜାରି ରହିଛି। ସହିଦ ବୀର ବାଜି ରାଉତଙ୍କ ଜନ୍ମ ଶତବାର୍ଷିକୀ ଉପଲକ୍ଷେ ସମସ୍ତ କାର୍ଯ୍ୟକ୍ରମ ତାଙ୍କ ନାମରେ ଉତ୍ସର୍ଗ କରାଯାଇଛି। ଶନିବାର ଗୋପବନ୍ଧୁ ଟାଉନ୍ ହଲ୍‌ରେ ରାଜ୍ୟସ୍ତରୀୟ ପ୍ରତିଭା ଚୟନ ଓ ପ୍ରତିଭା ସମ୍ମାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଶିକ୍ଷାବିତ୍ ଡ. ବିଧାନ ମିଶ୍ରଙ୍କ ସ୍ମୃତି ଉଦ୍ଦେଶ୍ୟରେ ଏହା ଆୟୋଜନ କରାଯାଇଥିଲା। ସାନ୍ଧ୍ୟ ଅଧିବେଶନରେ ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଅର୍ଚ୍ଚନା ପୁହାଣ, ମୁଖ୍ୟବକ୍ତା ଭାବେ ସମାଜସେବୀ ଯୁବରାଜ ଅମରଜ୍ୟୋତି ସିଂହଦେଓ, ସ୍ୱତନ୍ତ୍ର ଅତିଥି ଭାବେ ନୃତ୍ୟଗୁରୁ ପଦ୍ମଶ୍ରୀ ଭାଗବତ ପ୍ରଧାନ, ବରିଷ୍ଠ ସାମ୍ବାଦିକ ରତନ ନାୟାର ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ ପଦ୍ମଶ୍ରୀ ପ୍ରଧାନଙ୍କୁ ଡ. ବିଧାନ ମିଶ୍ର ସ୍ମୃତି ସମ୍ମାନ, ବରିଷ୍ଠ ମଞ୍ଚ ଅଭିନେତା ଇଂ ଅଶୋକ କୁମାର ଦାଶଙ୍କୁ ରାଜ୍ୟସ୍ତରୀୟ କଳା ସମ୍ମାନ, ମାଲକାନାଗିରିର ବରିଷ୍ଠ ସାମ୍ବାଦିକ ପ୍ରସାଦ ନାୟକ, ଅନୁଗୋଳ ବିକାଶ ୟୁଥ କ୍ଲବ୍‌ର କ୍ରୀଡ଼ାବିତ ପ୍ରକାଶ ଗଡ଼ନାୟକ, କଟକର ଯୁବ ସିନେ ସାମ୍ବାଦିକ ଶ୍ରୀରାମ ରଏ, ବରଗଡ଼ର ବରିଷ୍ଠ ସାମ୍ବାଦିକ ମହେନ୍ଦ୍ର କୁମାର ସାହୁ, ଭଦ୍ରକର ପ୍ରଫେସର ଡ. ସୁରେନ୍ଦ୍ର ମହାନ୍ତିଙ୍କୁ ଷୋଳପାଳାର ଓଡ଼ିଆ ରଚୟିତା କବି ଧନେଶ୍ୱର ପାଣି ସ୍ମୃତି ସମ୍ମାନ ପ୍ରଦାନ କରାଯାଇଛି।

ଓଡ଼ିଶୀ ନୃତ୍ୟ କ୍ଷେତ୍ରରେ ଦେଉଳସାହି ଶତରୂପା ଓଡ଼ିଶୀ ନୃତ୍ୟ ରିସର୍ଚ୍ଚ ସେଣ୍ଟରକୁ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରଥମ ଦିନରେ ଅନୁଷ୍ଠିତ ଗୀତା ଆବୃତି ଓ ବୀର ବାଜି ରାଉତଙ୍କ ବିଷୟରେ ବକ୍ତୃତା ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ମାଇକ୍ରୋ ମିଡିଆ ନିର୍ଦ୍ଦେଶକ ଅଥୟ କୁମାର ସାହୁ ଅଧ୍ୟକ୍ଷତା କରିଥିବାବେଳେ ସଭାପତି ଶିଳ୍ପୀ ପରେଶ ଚନ୍ଦ୍ର ପଟ୍ଟନାୟକ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ।

କପିଳାସ ମହୋତ୍ସବର ଆବାହକ ଇଂ ସୌମ୍ୟବ୍ରତ ସାହୁ ଅନୁଷ୍ଠାନର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଅନୁଷ୍ଠାନର ସଦସ୍ୟ ସୁଶାନ୍ତ ପାଣି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ବିଦ୍ୟାଳୟର ସୁବର୍ଣ୍ଣ ଜୟନ୍ତୀ ସମାରୋହ ଉଦ୍‌ଘାଟିତ



ଢେଙ୍କାନାଳ,୧୫ ।୧୧(ସମିସ): ସଦର ବ୍ଲକ ତରଭା ପଞ୍ଚାୟତ ବଟବିହାରୀ ବିଦ୍ୟାପୀଠର ସୁବର୍ଣ୍ଣ ଜୟନ୍ତୀ ସମାରୋହ ଉଦଘାଟିତ ହୋଇଛି। ମୁଖ୍ୟଅତିଥି ଭାବେ ପୌରାଧ୍ୟକ୍ଷା ଜୟନ୍ତୀ ପାତ୍ର, ମୁଖ୍ୟବକ୍ତା ଭାବେ ଡ. ମୃଣାଳ ଚାଟାର୍ଜୀ, ସମ୍ମାନିତ ଅତିଥି ଭାବେ ଡ. ଶାନ୍ତିଭୂଷଣ ପଣ୍ଡା, ଜିଲ୍ଲା ଶିକ୍ଷା ଅଧିକାରୀ ପରେଶ ଚନ୍ଦ୍ର ଯୋଗଦେଇ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ସମିତି ଅଧ୍ୟକ୍ଷ ଦ୍ୱିଜବର ସ୍ୱାଇଁ ସଭାପତିତ୍ୱ କରିଥିଲେ। ଉପଦେଷ୍ଟା ସରୋଜକାନ୍ତ ଦାସ, ଅମ୍ବୁଜ ରାଉତ, ଗ୍ରାମ୍ୟ ସଭାପତି ପ୍ରକାଶ ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ। ବିଦ୍ୟାଳୟର କାର୍ଯ୍ୟକାରୀ ପ୍ରଧାନଶିକ୍ଷୟିତ୍ରୀ ଅର୍ଚ୍ଚନା ବେହେରା ବାର୍ଷିକ ବିବରଣୀ ପାଠ କରିଥିଲେ।

ଏହି ଅବସରରେ ବିଦ୍ୟାଳୟର ୫୦ବର୍ଷର ଇତିହାସ ସମ୍ବନ୍ଧୀୟ ସ୍ମରଣିକା 'ବଟ ବଲ୍ଲଭ'କୁ ଅତିଥିମାନେ ଉନ୍ମୋଚନ କରିଥିଲେ। ଛାତ୍ରଛାତ୍ରୀମାନେ ମୋବାଇଲଠାରୁ ଦୂରେଇ ରହିବା ପାଇଁ ଜିଲ୍ଲା ଶିକ୍ଷାଧିକାରୀ ଉପଦେଶ ଦେଇଥିଲେ। ବର୍ତ୍ତମାନ ଶିକ୍ଷାନୀତିରେ ବୈଚାରିକ ପରିବର୍ତ୍ତନ ଛାତ୍ରମାନଙ୍କ ପାଇଁ ସମାଜ ହିତୈଷୀ ପାଠ୍ୟକ୍ରମରେ ଆମର ବଳିଷ୍ଠ ସହଯୋଗୀ ହେବ ବୋଲି ସମାଜସେବୀ ଡ. ଶାନ୍ତିଭୂଷଣ ପଣ୍ଡା କହିଥିଲେ। ବିଦ୍ୟାଳୟ ପ୍ରତିଷ୍ଠାରେ ବଳିଷ୍ଠ ସହଯୋଗ କରିଥିବା ବ୍ୟକ୍ତିବିଶେଷ, ତତ୍କାଳୀନ ଶିକ୍ଷକମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

## ସୁନାହାର ତିଆରି ଆଳରେ ଲୁଟ୍

ଢେଙ୍କାନାଳ,୧୫ ।୧୧(ସମିସ): ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗର ଉପଖଣ୍ଡ ପରଜଙ୍ଗ ଥାନା ଅଞ୍ଚଳରୁ ସୁନା ଚୋରି ମହିଳା ଗ୍ୟାଙ୍ଗର ୪ ସଦସ୍ୟାଙ୍କୁ ପୁଲିସ ଅଟକ ରଖି ତଦନ୍ତ ଚଳାଇଛି। ଏହି ମହିଳାମାନେ ଛତିଶଗଡ଼ରୁ ଆସି ଓଡ଼ିଶାର ବିଭିନ୍ନ ଅଞ୍ଚଳରେ ସୁନାହାର ତିଆରି କରିବା ବାହାନାରେ ଅଳଙ୍କାର ଲୁଟ କରୁଥିଲେ। ଶନିବାର ଏମାନେ ପରଜଙ୍ଗ ଗାଁର ଅନିତା ଗଡ଼ନାୟକଙ୍କ ଏକ ସୁନାହାର ତିଆରି କରୁଥିବା ବେଳେ ଅସଲି ସୁନା ନେଇ ନକଲି ସୁନା ଦେଇଥିଲେ। ଏ ନେଇ ଅନିତାଙ୍କର ସନ୍ଦେହ ହେବାରୁ ସେ ପୁଲିସର ଦ୍ୱାରସ୍ଥ ହୋଇଥିଲେ। ଅନିତାଙ୍କ ଅଭିଯୋଗ କ୍ରମେ ପୁଲିସ ଏହି ୪ ମହିଳାଙ୍କୁ ଅଟକ ରଖିଛି। ଏପରି ଅଚିହ୍ନା ମହିଳାଙ୍କଠାରୁ ଦୂରେଇ ରହିବାକୁ ପୁଲିସ ପକ୍ଷରୁ ନିବେଦନ କରାଯାଇଛି।

୪ ଛତିଶଗଡ଼ୀ ମହିଳା ଅଟକ



## ଶିଶୁ ଅଧିକାର ସପ୍ତାହ ପାଳନ




ଢେଙ୍କାନାଳ,୧୫ ।୧୧(ସମିସ): ଓଡ଼ାପଡ଼ା ବ୍ଲକର ସାମାଜିକ ସଂଗଠନ "ଈଶ୍ୱର' ପରିସରରେ ଶିଶୁ ଅଧିକାର ସପ୍ତାହ ପାଳିତ ହୋଇଛି। ଅନୁଷ୍ଠାନର ସ୍ୱେଚ୍ଛାସେବୀଙ୍କୁ ନେଇ ପଦଯାତ୍ରା, ଆଲୋଚନାଚକ୍ର ଆୟୋଜିତ ହୋଇଥିଲା। ଶିଶୁଶ୍ରମିକ ଓ ବାଲ୍ୟ ବିବାହ ଉଚ୍ଛେଦ ଉପରେ ଆଲୋଚନା କରାଯାଇ ଏହାର ନିରାକରଣ କିଭଳି କରାଯାଇପାରିବ ସେ ବିଷୟରେ ସଚେତନତା ସୃଷ୍ଟି ଉପରେ ଗୁରୁତ୍ୱ ଦିଆଯାଇଥିଲା। ଜିଲ୍ଲା ଶିଶୁ ସୁରକ୍ଷା ସଙ୍ଗଠନର ସହ ଆବାହକ ଅମ୍ବୁଜ ପୁହାଣ ମୁଖ୍ୟଅତିଥି ଓ ମଧୁସ୍ମିତା ବେହେରା ମୁଖ୍ୟବକ୍ତା ଓ ଅନୁଷ୍ଠାନର ସମ୍ପାଦକ ରବୀନ୍ଦ୍ର ବେହେରା ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ପୂଜା ନାଏକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଜଙ୍ଗଲ ସୁରକ୍ଷା ନେଇ ସଚେତନତା

ଖଜୁରିଆକଟା,୧୫ ।୧୧(ସମିସ): ହିନ୍ଦୋଳ କଲ୍ୟାଣ ସଂଗଠନ ପକ୍ଷରୁ ଓଡ଼ାପଡ଼ା ବ୍ଲକ ରାଧାନାଥ ଉଚ୍ଚ ବିଦ୍ୟାଳୟରେ ଜଙ୍ଗଲ ଓ ପରିବେଶ ସୁରକ୍ଷା ସମ୍ପର୍କିତ ସଚେତନତା ପଦଯାତ୍ରା ଅନୁଷ୍ଠିତ ହୋଇଛି। ପ୍ରଧାନଶିକ୍ଷକ ଶଶିକାନ୍ତ ଦାସଙ୍କ ସଭାପତିତ୍ୱ ତଥା ପରିବେଶବିତ ତଥା କଲ୍ୟାଣ ସଂଗଠନ ଉପସଭାପତି ରତିକାନ୍ତ ଗଡ଼ନାୟକଙ୍କ ସଂଯୋଜନାରେ ସଚେତନତା ସଭା ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ ହିନ୍ଦୋଳର ବରିଷ୍ଠ ଶିକ୍ଷାବିତ ଲକ୍ଷ୍ମୀଧର ମିଶ୍ର, ମୁଖ୍ୟବକ୍ତା ଭାବେ ପରିବେଶବିତ ଅମ୍ବିକା ଶତପଥୀ, ସମ୍ମାନିତ ବକ୍ତା ଭାବେ ସାମ୍ବାଦିକ ପ୍ରଶାନ୍ତ କୁମାର ଜେନାମଣି, ମାନସ ରଞ୍ଜନ ମାଝୀ, ଆଜୀବନ ସଦସ୍ୟ ସୁନୀଲ ବାରିକ, ରବିନ ବାରିକ, ଅକ୍ଷୟ କୁମାର ପାଳ, ଶଙ୍କର୍ଷଣ ପାଳ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ସଚେତନ କରିବା ସହ ସମସ୍ତ ଛାତ୍ରଛାତ୍ରୀ ଅନ୍ୟୁନ ୧୦ଟି ଚାରା ରୋପଣ କରି ତାହାର ଯତ୍ନ ନେବାକୁ ଆହ୍ୱାନ କରିଥିଲେ। ଏହି ଅବସରରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପରିବେଶ ଉପରେ ଏକ କୁଇଜ ପ୍ରତିଯୋଗିତା କରାଯାଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଖେଳ ଶିକ୍ଷକ ପବିତ୍ର କୁମାର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ବ୍ରାହ୍ମଣୀ କୂଳରେ ଅବାଧ ଦେଶୀମଦ ରନ୍ଧା

### ଅବକାରୀ ବିଭାଗ ନିରବ



ପରଜଙ୍ଗ,୧୫ ।୧୧(ସମିସ): ବ୍ରାହ୍ମଣୀ ନଦୀ କୂଳରେ ଅବାଧରେ ଦେଶୀମଦ ରନ୍ଧା କାରଖାନା ଚାଲିଛି। ତେବେ ପୁଲିସ ଓ ଅବକାରୀ ବିଭାଗ ନିରବଦ୍ରଷ୍ଟା ସାଜିଥିବା ଅଭିଯୋଗ ହେଉଛି। ଦୈନନ୍ଦିନ ଆମ୍ବପଳାଶ ଗ୍ରାମ ଆଖପାଖ ଜଙ୍ଗଲରେ ଦେଶୀମଦ ରନ୍ଧାଯାଇ ବିଭିନ୍ନ ସ୍ଥାନକୁ ଚାଲାଣ ହେଉଥିବା ବେଳେ ଅବକାରୀ ବିଭାଗ ପକ୍ଷରୁ ବେଳେବେଳେ ଚଢ଼ଉ କରି ବିଭିନ୍ନ ସାମଗ୍ରୀ ଜବତ କରାଯାଉଥିଲେ ମଧ୍ୟ ମାଫିଆଙ୍କୁ ଧରିବାରେ ବିଭାଗ ବିଫଳ ହେଉଛି। ବର୍ତ୍ତମାନ ମଦ ମାଫିଆମାନେ କୁଲେଇ, ବସୁଲେଇ ଗ୍ରାମ ନିକଟ ବ୍ରାହ୍ମଣୀ ନଦୀ କୂଳ, ଦୋମୁହାଁଣି ଗ୍ରାମ ଗମ୍ଭାରିଆ ନାଳ କୂଳ, ଶୁଣ୍ଠିତୈଳା ଜଙ୍ଗଲକୁ ସୁରକ୍ଷିତ ସ୍ଥାନ ମନେକରି ଅବାଧରେ ଦେଶୀ ମଦ ରାନ୍ଧି ବିଭିନ୍ନ ଅଞ୍ଚଳକୁ ଚାଲାଣ କରୁଛନ୍ତି। ତେବେ ଅବକାରୀ ଓ ପୁଲିସ ସେମାନଙ୍କ ଟେର୍ ପାଉ ନ ଥିବା ଅଭିଯୋଗ ହୋଇଛି। ଏ ସଂକ୍ରାନ୍ତରେ ପ୍ରତିକ୍ରିୟା ପାଇଁ ପରଜଙ୍ଗ ଅବକାରୀ ଅଧିକାରିଣୀଙ୍କ ସହ ଯୋଗାଯୋଗ କରିଥିଲେ ମଧ୍ୟ ସେ ଫୋନ ଉଠାଇ ନ ଥିଲେ।

## ଜିଲ୍ଲା କଂଗ୍ରେସ ପକ୍ଷରୁ ନେହରୁ ଜୟନ୍ତୀ ପାଳିତ



ଢେଙ୍କାନାଳ,୧୫ ।୧୧(ସମିସ): ଜିଲ୍ଲା କଂଗ୍ରେସ ସଭାପତି ଛବିରାଜ ବିଶ୍ୱାଳଙ୍କ ନେତୃତ୍ୱରେ ଦଳ ପକ୍ଷରୁ ପଣ୍ଡିତ ଜବାହରଲାଲ ନେହରୁଙ୍କ ୧୩୬ତମ ଜୟନ୍ତୀ ପାଳିତ ହୋଇଛି। ସ୍ଥାନୀୟ ଗାନ୍ଧୀ ମନ୍ଦିରରେ ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ଓ ପଣ୍ଡିତ ନେହରୁଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଥିଲା। ପରେ ନେହରୁ ପାର୍କସ୍ଥିତ ନେହରୁଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ଗାନ୍ଧୀ ମନ୍ଦିରରେ ନେହରୁଙ୍କ ଜୀବନୀ ଏବଂ ଭାରତବର୍ଷ ପାଇଁ ତାଙ୍କ ଅବଦାନ ବିଷୟରେ ଆଲୋଚନା କରାଯାଇଥିଲା। କାର୍ଯ୍ୟକ୍ରମରେ ପୂର୍ବତନ ଜିଲ୍ଲା ସଭାପତି ସୁନୀଲ ଦାସ, ବରିଷ୍ଠ ନେତା ଡା. ତୁଷାରକାନ୍ତି ନାୟକ, ରୁଦ୍ରପ୍ରକାଶ ଶରଣ, ଯୁବ କଂଗ୍ରେସ ନେତା ଶୁଭମ ଦାଶ, ନିଶାକର ସାହୁ, ସୁଶାନ୍ତ ଧଳ, ବିପ୍ରବର ସାହୁ, ସରୋଜ ଶତପଥୀ, ନୁରୁଲ ଇସଲାମଙ୍କ ସମେତ ବହୁ ନେତା ଓ କାର୍ଯ୍ୟକର୍ତ୍ତା ଯୋଗଦେଇଥିଲେ।

## ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା

ଢେଙ୍କାନାଳ,୧୫ ।୧୧(ସମିସ): ସ୍ଥାନୀୟ ମିନି ଷ୍ଟାଡିୟମରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ ଖାଦ୍ୟ ଯୋଗାଣ, ଖାଉଟି କଲ୍ୟାଣ ବିଭାଗ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ପୌରାଧ୍ୟକ୍ଷା ଜୟନ୍ତୀ ପାତ୍ର, ସାଂସଦଙ୍କ ପୌର ପ୍ରତିନିଧି ରୁଦ୍ରନାରାୟଣ ତ୍ରିପାଠୀ, ସଦର ବ୍ଲକ ପ୍ରତିନିଧି ବିଷ୍ଣୁପ୍ରସାଦ ଲେଙ୍କା, ସଦର ପଞ୍ଚାୟତ ସମିତି ଭାରପ୍ରାପ୍ତ ଅଧ୍ୟକ୍ଷ କାଳନ୍ଦୀ ଚରଣ ବାରିକ, ବିଡିଓ ରାହୁଲ ମଣ୍ଡଳ, ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ପ୍ରଭାସ କୁମାର ବେହେରା, ଜିଲ୍ଲା ପ୍ରାଣୀ ଚିକିତ୍ସାଳୟ ଉପନିର୍ଦ୍ଦେଶକ ଡା. ଲକ୍ଷ୍ମୀନାରାୟଣ ନନ୍ଦ, ପ୍ରାଣୀ ପାଳନ ଓ ପ୍ରାଣୀ ଚିକିତ୍ସା ନିର୍ଦ୍ଦେଶାଳୟର ଜିଲ୍ଲା ନୋଡାଲ ଅଫିସର ଡା. ସଞ୍ଜୁକ୍ତା ଦେବୀ, ଜିଲ୍ଲା ମତ୍ସ୍ୟ ଅଧିକାରୀ ଶୁଭଶ୍ରୀ ମିଶ୍ର ପ୍ରମୁଖ ଯୋଗଦେଇଥିଲେ। ମେଳାରେ ୩୦ ପଞ୍ଚାୟତରୁ ୧୦୦୦ରୁ ଊର୍ଦ୍ଧ୍ୱ ଚାଷୀ ଯୋଗଦେଇଥିଲେ। ଏହି ଅବସରରେ ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିକାଶ ବିଭାଗ ଅନ୍ତର୍ଗତ ବିଭିନ୍ନ ଯୋଜନା ସମ୍ପର୍କରେ ଚାଷୀମାନଙ୍କୁ ଅବଗତ କରାଯାଇଥିଲା। ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ ମାଧ୍ୟମରେ କୃଷକ-ବୈଜ୍ଞାନିକ ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା। ଅବସରପ୍ରାପ୍ତ ପ୍ରାଣୀ ଚିକିତ୍ସକ ଡା. ଅଶେଷ କର, ଡା. କୁଞ୍ଜବିହାରୀ ସାହୁ ଓ ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ମଣିରାମ ଜେନା ସହଯୋଗ କରିଥିଲେ। ଏହି ଅବସରରେ ୮ ଜଣ ସଫଳ ଚାଷୀଙ୍କୁ ପୁରସ୍କୃତ କରାଯାଇଥିଲା। ଶେଷରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଜିଲ୍ଲା ପ୍ରଶିକ୍ଷଣ ଅଧିକାରୀ ଡ. ଦେବୀପ୍ରସାଦ ମିଶ୍ର, ଜିଲ୍ଲା ପ୍ରାଣୀରୋଗ ବିଶେଷଜ୍ଞ ଡା. ସୁମିତ ରଞ୍ଜନ ମିଶ୍ର, ପ୍ରାଣୀ ଚିକିତ୍ସକ ଡା. ନିବେଦିତା ମିଶ୍ର ଏବଂ ଡା. ଶ୍ରୀପତି ସେଠୀ ଉପସ୍ଥିତ ଥିଲେ।

**ଭୁବନ:** ଭୁବନ ପ୍ରାଣୀ ଚିକିତ୍ସାଳୟ ପରିସରରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଆୟୋଜିତ ହୋଇଛି। କାମାକ୍ଷାନଗର ବିଧାୟକ ଶତ୍ରୁଘ୍ନ ଜେନା ମୁଖ୍ୟଅତିଥି, ଭୁବନ ପଞ୍ଚାୟତ ସମିତି ଉପାଧ୍ୟକ୍ଷା ସରୋଜିନୀ ଦ୍ୱିବେଦୀ, ଜିଲ୍ଲା ପରିଷଦ ସଭ୍ୟ ରମେଶ ଚନ୍ଦ୍ର ସାହୁ, ବ୍ଲକ ଆତ୍ମା ଅଧ୍ୟକ୍ଷ ଜାଗବନ୍ଧୁ ପୃଷ୍ଟି, କାମାକ୍ଷାନଗର ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ଦେବବ୍ରତ ମହାପାତ୍ର, ଜିଲ୍ଲା ସହାୟକ ମତ୍ସ୍ୟ ଅଧିକାରୀ ନୀଳିମା ପ୍ରିୟଦର୍ଶିନୀ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ବ୍ଲକ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ଜିତେନ୍ଦ୍ର ନାରାୟଣ ମହାରଣା, ଅତିରିକ୍ତ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ବିଶ୍ୱଭୂଷଣ ସେନାପତି, ଭ୍ରାମ୍ୟମାଣ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ସମୀକ୍ଷା ମିଶ୍ର, ଜିରାଳ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ଅମରେନ୍ଦ୍ର ପଟ୍ଟନାୟକ ପ୍ରମୁଖଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି ମେଳାରେ ୧୮ ପଞ୍ଚାୟତ ୩୬୦ ମତ୍ସ୍ୟଚାଷୀ ଓ ପ୍ରାଣୀ ପାଳକ ଭାଗ ନେଇଥିଲେ। ବିଡିଓ ଆୟୁଷୀ ମହାପାତ୍ର ସଭାପତିତ୍ୱ କରିଥିବା ବେଳେ ଅବନୀ ମିଶ୍ର ମଞ୍ଚ ପରିଚାଳନା କରିଥିଲେ। ମେଳାରେ ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିକାଶ ବିଭାଗ ଅନ୍ତର୍ଗତ ବିଭିନ୍ନ ଯୋଜନା ସମ୍ବନ୍ଧରେ ଚାଷୀଙ୍କୁ ଅବଗତ କରାଯାଇଥିଲା। ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ ମାଧ୍ୟମରେ ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ଦେବବ୍ରତ ମହାପାତ୍ର ଏବଂ ସହକାରୀ ମତ୍ସ୍ୟ ଅଧିକାରୀ ମଧୁସ୍ମିତା ସେଠୀ ଚାଷୀମାନଙ୍କ ବିଭିନ୍ନ ସନ୍ଦେହ ଦୂର କରିଥିଲେ।

## ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ବାର୍ଷିକ କ୍ରୀଡ଼ା

ଯୋରନ୍ଦା,୧୫ ।୧୧(ସମିସ): ଗଁଦିଆ ବ୍ଲକ ଯୋରନ୍ଦା ସରସ୍ୱତୀ ଶିଶୁମନ୍ଦିରର ଅଷ୍ଟାବିଂଶ ବାର୍ଷିକ କ୍ରୀଡ଼ା ଶନିବାର ଉଦଯାପିତ ହୋଇଛି। ଉଦଘାଟନୀ ଉତ୍ସବରେ ମୁଖ୍ୟଅତିଥି ରୂପେ ସମାଜସେବୀ ଯଦୁନନ୍ଦନ ଦାସ, ମୁଖ୍ୟବକ୍ତା ଭାବେ ଯୋରନ୍ଦା ଶିଶୁମନ୍ଦିରର ପ୍ରଶାସନିକ ମୁଖ୍ୟ ମନମୋହନ ତ୍ରିପାଠୀ ଯୋଗଦେଇଥିଲେ। ପ୍ରଧାନାଚାର୍ଯ୍ୟ ପୂର୍ଣ୍ଣଚନ୍ଦ୍ର ହୋତାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଯୋରନ୍ଦା ସମିତି ସଭ୍ୟ ପ୍ରତ୍ୟୁଷହରି ପ୍ରଧାନ, ବିଦ୍ୟାଳୟ ପରିଚାଳନା କମିଟି ସଭ୍ୟ ଧର୍ମାନନ୍ଦ ରାଉତ, ଅଶୋକ କୁମାର ରାଉତ ପ୍ରମୁଖ ଯୋଗଦେଇଥିଲେ। କ୍ରୀଡ଼ା ପ୍ରମୁଖ ସବିତା ସ୍ୱାଇଁ, ସହପ୍ରମୁଖ ପ୍ରସାନ୍ତ କୁମାର ଦାସ କ୍ରୀଡ଼ା ପରିଚାଳନା କରିଥିଲେ। ସମସ୍ତ ଆଚାର୍ଯ୍ୟ ଆଚାର୍ଯ୍ୟା ସହଯୋଗ କରିଥିଲେ। ମୋଟ ୮୫ ବିଭାଗରେ ୫୧୩ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ୮ ଜଣ ଚାମ୍ପିଅନ ଓ ସମସ୍ତ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା।

## ଢେଙ୍କାନାଳ ବନ୍ଦକୁ ବିଜେଡିର ସମର୍ଥନ

ଢେଙ୍କାନାଳ,୧୫ ।୧୧(ସମିସ): ବିଦ୍ୟୁତ୍ ବିତରଣ କମ୍ପାନୀ ଟିପିସିଓଡିଏଲ୍‌ର ମନମୁଖି କାର୍ଯ୍ୟ ଓ ଉପଭୋକ୍ତା ଶୋଷଣ ନୀତି ପ୍ରତିବାଦରେ ଢେଙ୍କାନାଳ ଓକିଲ ସଂଘ ପକ୍ଷରୁ ଚାଲିଥିବା ଆନ୍ଦୋଳନ ଓ ପ୍ରସ୍ତାବିତ ୧୭ ତାରିଖ ଢେଙ୍କାନାଳ ବନ୍ଦ ଡାକରାକୁ ବିଜେଡି ସମର୍ଥନ କରିବ ବୋଲି ଘୋଷଣା କରିଛି। ଜନତାଙ୍କ ସ୍ୱାର୍ଥ ପାଇଁ ବିଜେଡି କାର୍ଯ୍ୟ କରିବ ଏବଂ ଆବଶ୍ୟକ ପଡ଼ିଲେ ସଂଗ୍ରାମ କରିବ ବୋଲି ଦଳର ରାଜ୍ୟ ସଭାପତି ନବୀନ ପଟ୍ଟନାୟକ ଘୋଷଣା କରିଛନ୍ତି। ଏହାକୁ ଆଧାର କରି ଦଳର ପୂର୍ବତନ ସାଂସଦ ମହେଶ ସାହୁ ଢେଙ୍କାନାଳ ବନ୍ଦକୁ ବିଜେଡି ସମର୍ଥନ କରିବ ବୋଲି ଘୋଷଣା କରିଛନ୍ତି। ଜନତାଙ୍କ ସ୍ୱାର୍ଥ ପାଇଁ ଦଳର ସମସ୍ତ କର୍ମକର୍ତ୍ତା ୧୭ ତାରିଖ ଢେଙ୍କାନାଳ ବନ୍ଦ ଓ ଆନ୍ଦୋଳନରେ ସାମିଲ ହେବାକୁ ସେ ନିବେଦନ କରିଛନ୍ତି। ଅନ୍ୟପଟେ ବିଜେପି କାହିଁକି ଢେଙ୍କାନାଳ ବନ୍ଦ ଆନ୍ଦୋଳନଠାରୁ ଦୂରେଇ ରହୁଛି ବୋଲି ସେ ପ୍ରଶ୍ନ କରିଛନ୍ତି। ସାମ୍ବାଦିକ ସଂଘ ଓ ଓକିଲ ସଂଘ କୌଣସି ଦଳର ନୁହେଁ। ବ୍ୟକ୍ତି ବିଶେଷରେ କୌଣସି ଦଳର ହୋଇପାରନ୍ତି। ଜନତାଙ୍କ ସ୍ୱାର୍ଥ ପାଇଁ ଓକିଲ ସଂଘ ଆନ୍ଦୋଳନ କରୁଛି। ଏହା ବିଜେପି ସରକାର ବିରୋଧରେ ଆନ୍ଦୋଳନ ନୁହେଁ। ବ୍ୟବସ୍ଥା ପରିବର୍ତ୍ତନ ପାଇଁ ଏହି ଆନ୍ଦୋଳନ ହେଉଛି। ପାଟି ଅପେକ୍ଷା ମାଟି ମହାନ ବୋଲି ପୂର୍ବତନ ସାଂସଦ ସାହୁ କହିଛନ୍ତି।

# କଙ୍କଡ଼ାହାଡ଼ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା

କଙ୍କଡ଼ାହାଡ଼,୧୫ ।୧୧(ସମିସ)



ରାଜ୍ୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିଭାଗ ପକ୍ଷରୁ ଶନିବାର କଙ୍କଡ଼ାହାଡ଼ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଅନୁଷ୍ଠିତ ହୋଇଛି ଏଥିରେ ମୁଖ୍ୟଅତିଥି ଭାବେ ପରଜଙ୍ଗ ବିଧାୟକ ବିଭୂତି ଭୂଷଣ ପ୍ରଧାନ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ବିଜେପି ସଭାପତି ରାସବିହାରୀ ବେହେରା, ଉପଖଣ୍ଡ ପ୍ରାଣୀଚିକିତ୍ସା ଅଧିକାରୀ ଡା. ଦେବବ୍ରତ ମହାପାତ୍ର, କଙ୍କଡ଼ାହାଡ଼ ପଞ୍ଚାୟତ ସମିତି ଅଧ୍ୟକ୍ଷା ଚାରୁଲତା ମିଶ୍ର, ଉପାଧ୍ୟକ୍ଷ ଦୀପା ସାହୁ, କଙ୍କଡ଼ାହାଡ଼ ଅତିରିକ୍ତ ତହସିଲଦାର ସୁଜିତ ଭୋଇ, ପୂର୍ବତନ ବ୍ଲକ ଅଧ୍ୟକ୍ଷ କାର୍ତ୍ତିକ ସାହୁ, ବ୍ଲକ ଆତ୍ମା ଅଧ୍ୟକ୍ଷ ରମେଶ ମିଶ୍ର, କଙ୍କଡ଼ାହାଡ଼ ଥାନା ଅଧିକାରିଣୀ କଳ୍ପନା ବେହେରା ପ୍ରମୁଖ ଯୋଗଦେଇଥିଲେ। ମେଳାରେ ୨୧ ପଞ୍ଚାୟତର ୩୪ ଜଣ ମତ୍ସ୍ୟ ଓ ପ୍ରାଣୀପାଳକ ଯୋଗଦେଇଥିଲେ। କଙ୍କଡ଼ାହାଡ଼ ବିଡିଓ ଯଶୋବନ୍ତ ଦେହୁରୀ ସଭାପତିତ୍ୱ କରିଥିବା ବେଳେ କଙ୍କଡ଼ାହାଡ଼ ପ୍ରାଣୀ ଚିକିତ୍ସା ଅଧିକାରୀ ମିନତୀ ବେହେରା ମଞ୍ଚ ପରିଚାଳନା କରିଥିଲେ। ଜିଲ୍ଲା ଅତିରିକ୍ତ ମତ୍ସ୍ୟ ଅଧିକାରୀ ଲିଲିମା ପ୍ରିୟଦର୍ଶିନୀ ବିଭିନ୍ନ ଯୋଜନା ସମ୍ବନ୍ଧରେ ଅବଗତ କରାଇଥିଲେ। ଏହି ଅବସରରେ ବ୍ଲକର ୭ ଜଣ ସଫଳ ଚାଷୀଙ୍କୁ ପୁରସ୍କୃତ କରାଯାଇଥିଲା। ତେବେ କଙ୍କଡାହାଡ଼ ବ୍ଲକରେ ଏହି ମେଳା ପ୍ରହସନ ପାଲଟିଥିବା ଅଭିଯୋଗ ହେଉଛି। ପ୍ରକୃତ ଚାଷୀଙ୍କୁ ଚିହ୍ନଟ କରି ସେମାନଙ୍କୁ ସହଯୋଗ ତଥା ସଚେତନ କରିବା ମେଳାର ଉଦ୍ଦେଶ୍ୟ ହୋଇଥିବା ବେଳେ ଏଠାରେ ଏହାର ବ୍ୟତିକ୍ରମ ଦେଖିବାକୁ ମିଳୁଛି। ପ୍ରକୃତ ଚାଷୀ ଏହାଦ୍ୱାରା ସାମାନ୍ୟତମ ଉପକୃତ ହେଉ ନ ଥିବା କୁହାଯାଉଛି। ଚାଷୀଙ୍କୁ ଅନ୍ଧାରରେ ରଖି ସମସ୍ତ ଆୟୋଜନ କରାଯାଇଥିବା ଅଭିଯୋଗ ହେଉଛି। ହିତାଧିକାରୀଙ୍କୁ ଉପଯୁକ୍ତ ସେବା ଯୋଗାଇ ଦେବା ବଦଳରେ ନିରୀହ ଆଦିବାସୀଙ୍କୁ ଭୁଆଁ ବୁଲାଇ ଦୁର୍ନୀତି କରୁଛନ୍ତି ଅଧିକାରୀ। ମେଳା ପାଇଁ ଆସିଥିବା ଟଙ୍କାକୁ ମନଇଚ୍ଛା ଖର୍ଚ୍ଚ କରି କେବଳ ବାହାବା ନେବାଛଡ଼ା ଆଉ କିଛି ଲାଭ ହେଉ ନ ଥିବା ଅଭିଯୋଗ ହେଉଛି।

## ସମାଜସେବୀଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ



ଗଁଦିଆ,୧୫ ।୧୧(ସମିସ): ଢେଙ୍କାନାଳ ଜିଲ୍ଲା ଭୂଷଳ ଗ୍ରାମରେ ସମାଜସେବୀ ସ୍ୱର୍ଗତ ଅନନ୍ତ ଶତପଥୀଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ପାଳନ କରାଯାଇଛି। ସ୍ୱର୍ଗତ ଶତପଥୀଙ୍କ ପୁଅ ଅକ୍ଷୟ କୁମାର, ଅଜୟ କୁମାର, ଅଭୟ କୁମାର, ପୁତୁରା ସାମ୍ବାଦିକ ଶିଶିର କୁମାରଙ୍କ ସହ ପରିବାର ଲୋକେ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ପରେ ଠାକୁର ଅନୁକୂଳଚନ୍ଦ୍ରଙ୍କ ସତ୍‌ସଙ୍ଗ ଅନୁଷ୍ଠିତ ହୋଇଥିଲା। ଋତ୍ୱିକ୍ ଶଙ୍କର୍ଷଣ ସାମଲ, ଦେବଦତ୍ତ ବରାଳ, ଅଭୟ ପଣ୍ଡା, ବିଦ୍ୟାଧର ସାହୁଙ୍କ ସହ ବହୁ ସତସଙ୍ଗୀ ଉପସ୍ଥିତ ଥିଲେ। ଗଁଦିଆ ସ୍ମୃତିସଂସଦ ସଭାପତି ପ୍ରକୃତିବନ୍ଧୁ ହରିହର ସାହୁ ସ୍ୱର୍ଗତ ଶତପଥୀଙ୍କୁ ଶ୍ରଦ୍ଧାସୁମନ ଅର୍ପଣ କରିବା ସହ ସ୍ମୃତିଚାରଣ କରିଥିଲେ। ନୂଆଗଡ଼ ଶ୍ରୀଜଗନ୍ନାଥ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ସତ୍ୟାନନ୍ଦ ପାଣିଙ୍କ ସହ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ।

ସକାଳ THE SAKALA



www.sakalaepaper.com

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୮.୭୬ ● ପାଉଣ୍ଡ ୧୧୭.୨୪
- ୟୁରୋ ୧୦୩.୧୭ ● ୟେନ୍ ୦.୫୭

### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)


- ସୁନା: ୧,୧୮,୪୦୦ (ନୂଆଦିଲ୍ଲୀ)
- ରୁପା : ୧,୮୦,୦୦୦ (କେଜି)



### ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)

- ସେନ୍‌ସେକ୍ସ ୮୪,୫୬୨.୦୦
- ନିଫ୍ଟି ୨୫,୯୦୦.୦୦



### ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ପରାଜୟ ପରେ ଭାଙ୍ଗୁଛି ଟ୍ରମ୍ପଙ୍କ ଦମ୍ଭ



## କଫି-ଫଳରୁ ହଟାଇଲେ ଶୁଳ୍କ

ୱାଶିଂଟନ, ୧୫ା୧୧ (ଏଜେନ୍ସି): ଭର୍ଜିନିଆ ଏବଂ ନ୍ୟୁଜର୍ସି ନିର୍ବାଚନରେ ହାରିବା ପରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଫୁଟାଣୀ ଭାଙ୍ଗି ଯାଇଛି। ପୁଣିଥରେ ଟ୍ରମ୍ପ ପଛଘୁଞ୍ଚା ଦେଇଛନ୍ତି। ସେ ଶୁକ୍ରବାର ଏକ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶରେ ସ୍ୱାକ୍ଷର କରି ଶୁଳ୍କ ହ୍ରାସ କରିଦେଇଛନ୍ତି। କଫି, ଫଳ, ବିଫ୍ ସହିତ ୧୨ରୁ ଅଧିକ କୃଷିଜାତ ପଦାର୍ଥରେ ଲଗାଯାଇଥିବା ଶୁଳ୍କକୁ ହଟାଇ ଦେଇଛନ୍ତି। ଏହା ପଛରେ ଦରଦାମ ବୃଦ୍ଧି ବଡ଼ କାରଣ ରହିଛି। ତେବେ ଟ୍ରମ୍ପ ପ୍ରଶାସନ ପକ୍ଷରୁ କୁହାଯାଇଛି ଯେ ଉତ୍ପାଦର ମୂଲ୍ୟକୁ ସ୍ଥିର ରଖିବା ପାଇଁ ଏହି ପଦକ୍ଷେପ ନିଆଯାଇଛି। ଏହା ଉପରେ ଲଗାଯାଇଥିବା ଶୁଳ୍କର ପ୍ରଭାବ ସିଧାସଳଖ ଗ୍ରାହକଙ୍କ ଉପରେ ପଡ଼ିଥିଲା। ଚା, ଫଳରସ, ମସାଲା, କୋକୋ, କଦଳୀ, କମଳା, ଟମାଟୋ ସମେତ ଆଉ କିଛି ଉତ୍ପାଦରୁ ଶୁଳ୍କ ଛାଡ଼ି କରିଦିଆଯାଇଛି। ସୂଚନା ଅନୁଯାୟୀ ଟ୍ରମ୍ପଙ୍କ ଶୁଳ୍କ ଯୋଗୁ ଆମେରିକୀୟଙ୍କ ଉପରେ ବୋଝ ବଢ଼ିଥିଲା। ପରିବାରର ବାର୍ଷିକ ହାରାହାରି ଆୟ ୨ ଲକ୍ଷରୁ ବଢ଼ି ୮ ଲକ୍ଷ ପର୍ଯ୍ୟନ୍ତ ପହଞ୍ଚି ଯାଇଥିଲା। ଏପ୍ରିଲରୁ ସେପ୍ଟେମ୍ବର ମଧ୍ୟରେ ଖାଦ୍ୟସାମଗ୍ରୀ ମୂଲ୍ୟ ୨.୭%, ବିଫ ୭%, କଦଳୀ ୭% ମହଙ୍ଗା ହୋଇଥିଲା। ଏଥିଯୋଗୁ ମାସିକ ବ୍ୟୟ ୯ ହଜାର ଟଙ୍କାରୁ ବଢ଼ି ୬୬ ହଜାର ଟଙ୍କା ପର୍ଯ୍ୟନ୍ତ ପହଞ୍ଚି ଯାଇଥିଲା।

ଟ୍ରମ୍ପଙ୍କ ଶୁଳ୍କ ଯୋଗୁଁ ଆମେରିକାକୁ ଭାରତ ପରି ଅନେକ ଦେଶର ଯୋଗାଣ ହ୍ରାସ ପାଇଛି। ଶୁଳ୍କ ଯୋଗୁଁ ଲୋକଙ୍କ ଉପରେ ପ୍ରଭାବ ପଡ଼ିବ ନାହିଁ ବୋଲି କୁହାଯାଇଥିଲା। କିନ୍ତୁ ଫଳ ବିପରୀତ ହୋଇଥିଲା। ଏବେ ପନିପରିବା ଏବଂ ଫଳ ଆମଦାନୀ ବଢ଼ାଇବାକୁ ଆମେରିକା ନିଷ୍ପତ୍ତି ନେଇଛି।

## ଦେବାଳିଆ ହେଲାଣି ୬୫୫ ବଡ଼ କମ୍ପାନୀ

ୱାଶିଂଟନ: ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମୁଣ୍ଡରେ ଚଡ଼କ ପଡ଼ିଛି। ଆମେରିକାରେ ନିବେଶ ପାଇଁ ସାରା ବିଶ୍ୱ ଉପରେ ଚାପ ପକାଉଥିବା ଟ୍ରମ୍ପ ଏବେ ନିଜ ଚାପରେ ଅଛନ୍ତି। କାରଣ ଆମେରିକା କମ୍ପାନୀଗୁଡ଼ିକର ସ୍ଥିତି ଦିନକୁ ଖରାପ ହେବାରେ ଲାଗିଛି। ଚଳିତ ବର୍ଷ ଏ ପର୍ଯ୍ୟନ୍ତ ଦେଶର ୬୫୫ଟି ବଡ଼ କମ୍ପାନୀ ଦେବାଳିଆ ହୋଇଗଲେଣି। ଏହା ଗତ ୧୫ ବର୍ଷରେ ସର୍ବାଧିକ। ଯଦି ଏହି ଧାରା ଜାରି ରହେ ତେବେ ବର୍ଷ ଶେଷ ସୁଦ୍ଧା ପ୍ରାୟ ୮୦୦ଟି କମ୍ପାନୀ ଦେବାଳିଆ ହୋଇଯିବେ। ଗତ ବର୍ଷକୁ ଛାଡ଼ିଦେଲେ ଏହା ୨୦୧୦ ପରେ ସବୁଠୁ ଅଧିକ। ୨୦୨୪ରେ ଆମେରିକାର ୬୮୭ଟି ବଡ଼ କମ୍ପାନୀ ଦେବାଳିଆ ହୋଇଥିଲେ। ଆମେରିକାରେ ଚଳିତ ବର୍ଷ ଅଗଷ୍ଟରେ ୭୬, ସେପ୍ଟେମ୍ବରରେ ୬୬, ଅକ୍ଟୋବରରେ ୬୮ କମ୍ପାନୀ ଦେବାଳିଆ ହୋଇଥିଲା। ଏଗୁଡ଼ିକ ମଧ୍ୟରୁ ୯୮ଟି କମ୍ପାନୀ ଶିଳ୍ପ କ୍ଷେତ୍ର ସହ ଜଡ଼ିତ। ଏହା ପରେ କଞ୍ଜୁମର ଡିସକ୍ରିସନାରୀ (୮୦) ଏବଂ ହେଲ୍‌ଥକେୟାର (୪୫) ରହିଛି। ବିଶ୍ୱର ସବୁଠୁ ବଡ଼ ଅର୍ଥନୀତି ଆମେରିକାରେ ସବୁ କିଛି ଠିକ୍ ନାହି ବୋଲି ଏଥିରୁ ଜଣାପଡୁଛି। ଏହା ପୂର୍ବରୁ ୨୦୧୦ରେ ୮୨୮, ୨୦୧୧ରେ ୬୩୪ଟି, ୨୦୧୬ରେ ୫୭୬, ୨୦୧୭ରେ ୫୨୦, ୨୦୧୮ରେ ୫୧୮, ୨୦୧୯ରେ ୫୮୯, ୨୦୨୧ରେ ୪୦୫ଟି ବଡ଼ କମ୍ପାନୀ ଦେବାଳିଆ ହୋଇଥିଲା।

## ଫ୍ଲିପକାର୍ଟ ପକ୍ଷରୁ ଜିରୋ କମିଶନ ମଡେଲର ଶୁଭାରମ୍ଭ

ଭୁବନେଶ୍ୱର, ୧୫ା୧୧ (ସମିସ): ଫ୍ଲିପକାର୍ଟ ପକ୍ଷରୁ ୧୦୦୦ ଟଙ୍କାରୁ କମ୍ ମୂଲ୍ୟର ସମସ୍ତ ଉତ୍ପାଦଗୁଡିକ ପାଇଁ ଜିରୋ କମିଶନ ମଡେଲର ଶୁଭାରମ୍ଭ କରି ସେଲର ରେଟ୍ କାର୍ଡ ପାଇଁ ନୂଆ ଘୋଷଣା ହୋଇଛି। ଏହି ନୂଆ ଢାଞ୍ଚା ଅଧିନରେ ୧୦୦୦ ଟଙ୍କାରୁ କମ୍ ମୂଲ୍ୟର ଉତ୍ପାଦଗୁଡିକୁ ତାଲିକାଭୁକ୍ତ କରୁଥିବା ସମସ୍ତ ଯୋଗ୍ୟ ସେଲରଙ୍କଠାରୁ କମିଶନ ଫି' ନିଆଯିବ ନାହିଁ। ସପ୍‌ସିରେ ସମସ୍ତ ଉତ୍ପାଦ ଉପରେ ମଧ ଏହି ଜିରୋ କମିଶନ ସୁବିଧା ଉପଲବ୍ଧ। ଫ୍ଲିପକାର୍ଟର ବରିଷ୍ଠ ଉପାଧ୍ୟକ୍ଷ ଓ ମାର୍କେଟପ୍ଲେସ ବିଭାଗ ମୁଖ୍ୟ ସାକେତ ଚୌଧୁରୀ କହିଛନ୍ତି ଯେ ଫ୍ଲିପକାର୍ଟରେ ଆମେ ଅନଲାଇନ ବିକ୍ରିକୁ ସରଳ ଓ ଶକ୍ତିଶାଳୀ କରୁଥିବା ପଦକ୍ଷେପଗୁଡିକ ମାଧ୍ୟମରେ ଭାରତର ଏମ୍‌ଏସଏମଇ ଓ ନୂତନ ଯୁଗର ଉଦ୍ୟୋଗୀମାନଙ୍କର ବିସ୍ତୃତ ନେଟୱର୍କକୁ ସଶକ୍ତ କରିବାକୁ ପ୍ରତିବଦ୍ଧ। ୧୦୦୦ ଟଙ୍କାରୁ କମ୍ ମୂଲ୍ୟର ଉତ୍ପାଦଗୁଡିକୁ ତାଲିକାଭୁକ୍ତ କରୁଥିବା ସେଲର ଓ ସପ୍‌ସିର ସମସ୍ତ ସେଲରଙ୍କ ସାମଗ୍ରିକ ଖର୍ଚ୍ଚରେ ୩୦% ପର୍ଯ୍ୟନ୍ତ ହ୍ରାସ ଘଟିବ।

## ଏଚ୍-୧ବି ଭିସା ପ୍ରତ୍ୟାହାର କରିବ ଆମେରିକା

ୱାଶିଂଟନ, ୧୫ ।୧୧ (ଏଜେନ୍ସି): ଆମେରିକାରେ ଭାରତୀୟଙ୍କ ପ୍ରବେଶ ନେଇ ଖୁବ୍‌ଶୀଘ୍ର ସମସ୍ୟା ସୃଷ୍ଟି ହେବାକୁ ଯାଉଛି। ଚାକିରି ପାଇଁ ଏଚ୍-୧ବି ଭିସା ସମ୍ପୂର୍ଣ୍ଣ ଭାବେ ଶେଷ ହେବା ନେଇ ପ୍ରସ୍ତୁତି ଆରମ୍ଭ ହୋଇଛି। ଏଥି ପାଇଁ ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟି ଖୁବ୍‌ଶୀଘ୍ର ବିଲ୍ ଆଣିବାକୁ ଯାଉଛି। ଯଦି ଏହା କାର୍ଯ୍ୟକାରୀ ହୁଏ ତେବେ ଆମେରିକାରେ ଭାରତୀୟଙ୍କ ଚାକିରି କରିବାର ରାସ୍ତା ବନ୍ଦ ହୋଇଯିବ। ଟ୍ରମ୍ପଙ୍କ ଘନିଷ୍ଠ ତଥା ଆମେରିକା ପ୍ରତିନିଧି ସଭାର ସଦସ୍ୟା ମାର୍ଜୋରୀ ଟେଲର ଗ୍ରୀନ୍ ଏହି ସୂଚନା ଦେଇଛନ୍ତି। ସେ କହିଛନ୍ତି ଯେ ଏ ନେଇ ଖୁବ୍‌ଶୀଘ୍ର ବିଲ୍ ଅଣାଯିବ। ଆମେରିକା ଫାର୍ଷ୍ଟ ଅର୍ଥାତ ଆମେରିକୀୟଙ୍କ ପ୍ରଧାନ୍ୟ ଦେବା ପାଇଁ ଏଚ-୧ବି ଭିସା ପ୍ରଦାନ ପ୍ରକ୍ରିୟାକୁ ଶେଷ କରିବାକୁ ହେବ ବୋଲି କୁହାଯାଇଛି। ଏହି ଭିସାର ଅପବ୍ୟବହାର ହେଉଛି ବୋଲି ସେ କହିଛନ୍ତି। ତେବେ ଆଗାମୀ ୧୦ ବର୍ଷ ପାଇଁ ପ୍ରତିବର୍ଷ ୧୦ ହଜାର ଡାକ୍ତରଙ୍କୁ ଏଚ୍-୧ବି ଭିସା ପ୍ରଦାନ ପ୍ରକ୍ରିୟା ଜାରି ରହିବ ବୋଲି ସେ କହିଛନ୍ତି। ଆମେରିକା ପ୍ରତିବର୍ଷ ଦେଉଥିବା ୮୫ ହଜାର ଏଚ୍-୧ବି ଭିସାରୁ ପାଖାପାଖି ୭୦ ପ୍ରତିଶତ ଭାରତୀୟଙ୍କୁ ହିଁ ପ୍ରଦାନ କରାଯାଇଥାଏ।

## ଶିଶୁ ଦିବସରେ ୯ ହଜାରରୁ ଅଧିକ ପିଲାଙ୍କ ପାଖରେ ପହଞ୍ଚିଲା ବେଦାନ୍ତ ଆଲୁମିନିୟମ

ଭୁବନେଶ୍ୱର, ୧୫ା୧୧ (ଏଜେନ୍ସି): ଭାରତର ସର୍ବବୃହତ ଆଲୁମିନିୟମ ଉତ୍ପାଦକ ବେଦାନ୍ତ ଆଲୁମିନିୟମ, ଓଡ଼ିଶା, ଛତିଶଗଡ଼ ଏବଂ ଆନ୍ଧ୍ର ପ୍ରଦେଶରେ ଶିଶୁ ଦିବସ ୨୦୨୫ ପାଳନ କରିଛି। ଶିକ୍ଷାଗତ ସହାୟତା, ସାଂସ୍କୃତିକ ସମ୍ପର୍କ, କ୍ରୀଡା ଏବଂ ଦକ୍ଷତା-ନିର୍ମାଣ ଉପରେ କେନ୍ଦ୍ରିତ ଏକ ସମୃଦ୍ଧ ମିଶ୍ରଣ ମାଧ୍ୟମରେ ଏହି ଉତ୍ସବ ୯, ୦୦୦ ରୁ ଅଧିକ ପିଲାଙ୍କ ନିକଟରେ ପହଞ୍ଚିଥିଲା। ଏହା ଯୁବ ମନକୁ ପୋଷଣ କରିବା ପାଇଁ ବେଦାନ୍ତର ପ୍ରତିବଦ୍ଧତାକୁ ଦର୍ଶାଉଛି। ଏହାର ବ୍ୟାପକ ସିଏସଆର ଦୃଷ୍ଟିକୋଣର ଅଂଶ ଭାବରେ ବେଦାନ୍ତ ଆଲୁମିନିୟମ ଶିକ୍ଷା, ସ୍ୱାସ୍ଥ୍ୟ, କ୍ରୀଡା ଏବଂ ଭବିଷ୍ୟତ ପାଇଁ ପ୍ରସ୍ତୁତ ଦକ୍ଷତାରେ ନିରନ୍ତର ହସ୍ତକ୍ଷେପ ମାଧ୍ୟମରେ ପିଲାମାନଙ୍କର ସାମଗ୍ରିକ ବିକାଶରେ ନିବେଶ ଜାରି ରଖିଛି। ଅତ୍ୟାଧୁନିକ ଡିଜିଟାଲ୍ ଶ୍ରେଣୀଗୃହ ଏବଂ ସୁସଜ୍ଜିତ ବିଜ୍ଞାନ ପ୍ରୟୋଗଶାଳାଠାରୁ ଆରମ୍ଭ କରି ଧନୁଯାତ୍ରା ଏକାଡେମୀ ଏବଂ ବ୍ୟାପକ ଦକ୍ଷତା ବିଦ୍ୟାଳୟ ପର୍ଯ୍ୟନ୍ତ,



କମ୍ପାନୀର ପଦକ୍ଷେପଗୁଡ଼ିକ ପିଲା ଏବଂ ଯୁବକମାନଙ୍କୁ ସେମାନଙ୍କର ଉନ୍ନତି ପାଇଁ ଆବଶ୍ୟକ ଉପକରଣ ସହିତ ସଶକ୍ତ କରିବା ପାଇଁ ଡିଜାଇନ୍ କରାଯାଇଛି। ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, ପିଲାମାନଙ୍କୁ ଜ୍ଞାନ, ସ୍ୱାସ୍ଥ୍ୟ ଏବଂ ଆତ୍ମବିଶ୍ୱାସ ସହିତ ସଶକ୍ତ କରିବା ହେଉଛି ଏକ ଶକ୍ତିଶାଳୀ ଏବଂ ଆତ୍ମନିର୍ଭରଶୀଳ ରାଷ୍ଟ୍ର ଗଠନର ମୂଳଦୁଆ। ଶିଶୁ ଦିବସ ପାଳନ ସେହି ସମାନ ଦର୍ଶନକୁ ପ୍ରତିଫଳିତ କରୁଛି।

## ଟିପିସିଓଡିଏଲର ଅତ୍ୟାଧୁନିକ 'କଷ୍ଟମର୍ କେୟାର୍ ସେଣ୍ଟର୍' ଉଦ୍‌ଘାଟିତ

ଭୁବନେଶ୍ୱର, ୧୫ା୧୧ (ସମିସ): ଟାଟା ପାୱାର ଏବଂ ଓଡ଼ିଶା ସରକାରଙ୍କ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ଭୁବନେଶ୍ୱରର ପାୱର ହାଉସ୍ କଲୋନୀ ନିକଟରେ ଏହାର ବିସିଡିଡି୧ ମଡେଲ୍ ଗ୍ରାହକ ସେବା କେନ୍ଦ୍ର ଉଦଘାଟନ କରିଛି। ଏହା ମାଧ୍ୟମରେ ଭୁବନେଶ୍ୱରର ଚାରି ଲକ୍ଷରୁ ଅଧିକ ଉପଭୋକ୍ତାଙ୍କୁ



ଗୋଟିଏ ସ୍ଥାନରେ ସବୁ ସମସ୍ୟାର ସମାଧାନ ପାଇପାରିବେ। ଏହି କେନ୍ଦ୍ରକୁ ଗ୍ରାହକ ସେବାର ଏକ ମଡେଲ୍ ଭାବରେ ପ୍ରତିଷ୍ଠା କରାଯାଇଛି। ଏଠାରେ ଆଧୁନିକ ସୁବିଧା ସହିତ ପ୍ରଯୁକ୍ତିବିଦ୍ୟା ଆଧାରିତ ସେବାଗୁଡିକ ଉପଲବ୍ଧ ରହିଛି। ଏଠାରେ ଡିଜିଟାଲ୍ କିଓସ୍କ, ସ୍ୱୟଂ-ସେବା ବିକଳ୍ପ, ଏକ ଉତ୍ସର୍ଗୀକୃତ ଧାଡ଼ି ପରିଚାଳନା ପ୍ରଣାଳୀ, ବାସ୍ତବ-ସମୟ ମତାମତ ବ୍ୟବସ୍ଥା, ସମ୍ମିଳନୀ କକ୍ଷ ଏବଂ ପର୍ଯ୍ୟାପ୍ତ ପାର୍କିଂ ସୁବିଧା ରହିଛି। ଏହି ସେଣ୍ଟର ଗ୍ରାହକ ସଂପର୍କ ଓ ସଚେତନତାର ଏକ ମୁଖ୍ୟ କେନ୍ଦ୍ର ଭାବେ କାମ କରିବ। ଉଦଘାଟନ ଉତ୍ସବରେ ଟାଟା ପାୱାରର ସିଏଚ୍‌ଆର୍‌ଓ ଏବଂ ସଷ୍ଟେନେବିଲିଟି ଓ ସିଏସ୍‌ଆର୍ ମୁଖ୍ୟ ହିମଲ ତିୱାରୀ, ଟିପିସିଓଡିଏଲ୍‌ର ସିଇଓ ଅରବିନ୍ଦ ସିଂହଙ୍କ ସମେତ ଅନ୍ୟାନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। ଏହି ଅବସରରେ ଶ୍ରୀ ହିମଲ ତିୱାରୀ କହିଥିଲେ ଯେ ଏହି କେନ୍ଦ୍ର ସରଳ, ସ୍ୱଚ୍ଛ ଏବଂ ପ୍ରଯୁକ୍ତିବିଦ୍ୟା-ଚାଳିତ ସେବା ଅଭିଜ୍ଞତା ପ୍ରଦାନ ପାଇଁ ଟିପିସିଓଡିଏଲ୍‌ର ପ୍ରତିବଦ୍ଧତାକୁ ପ୍ରତିଫଳିତ କରୁଛି।

### ଏମ୍‌ଜଙ୍କ୍‌ସନ୍‌ର ଇସ୍ପାତ ସମ୍ମିଳନୀ

## ଭାରତର ଇସ୍ପାତକୁ ଅଙ୍ଗାରକମୁକ୍ତ କରିବାର ଚାବି 'ସ୍କ୍ରାପ୍'

ମୁମ୍ବଇ, ୧୫ା୧୧ (ସମିସ): ସବୁଜ ଇସ୍ପାତ ନିମନ୍ତେ ସ୍କ୍ରାପ୍ ଏକ ମୁଖ୍ୟ ଉପାଦାନ ଭାବରେ ଉଭା ହେଉଛି ବୋଲି ଦ୍ୱାଦଶ ଇଣ୍ଡିଆନ ଷ୍ଟିଲ ମାର୍କେଟସ୍ କନ୍‌ଫରେନ୍ସରେ ବକ୍ତାମାନେ ଉଲ୍ଲେଖ କରିଛନ୍ତି। 'ଇସ୍ପାତ ଏଭଳି ଏକ ପଦାର୍ଥ ଯାହାକୁ ନିଜର ସାମର୍ଥ୍ୟ ଅଥବା ଗୁଣବତ୍ତା ନ ହରାଇ ଅପରିମିତ କାଳ ପର୍ଯ୍ୟନ୍ତ ପୁନଃଚକ୍ରଣ କରାଯାଇପାରିବ। ଏହା ଇସ୍ପାତକୁ ଶିଳ୍ପ ଅଭିବୃଦ୍ଧିର କେବଳ ମେରୁଦଣ୍ଡ କରି ଗଢିତୋଳୁନାହିଁ, ବରଂ ଦୀର୍ଘସ୍ଥାୟୀ କରିଛି। ଭାରତ ସମ୍ପ୍ରତି ବାର୍ଷିକ ୪୨ ନିୟୁତ ଟନ୍ ସ୍କ୍ରାପ୍ ବ୍ୟବହାର କରୁଛି। ଏହି ପରିମାଣ ବାର୍ଷିକ ୬% ହାରରେ ବୃଦ୍ଧିପାଉଛି। ଦେଶକୁ ପ୍ରତିବର୍ଷ ପ୍ରାୟ ୯ ନିୟୁତ ଟନ୍ ସ୍କ୍ରାପ୍ ଆମଦାନୀ କରାଯାଏ,' ବୋଲି ଏମ୍‌ଜଙ୍କସନ୍ ସର୍ଭିସେସ୍ ଲିମିଟେଡର ଏମ୍‌ଡି ବିନୟ ବର୍ମା କରିଛନ୍ତି। ଦୁଇଦିନିଆ ଦ୍ୱାଦଶ ଇଣ୍ଡିଆନ୍ ଷ୍ଟିଲ ମାର୍କେଟସ୍ କନ୍‌ଫରେନ୍ସର ଉଦ୍‌ଘାଟନୀ ଅଧିବେଶନରେ ସେ ଏହି ଟିପ୍ପଣୀ ଦେଇଛନ୍ତି।



ଇସ୍ପାତ କ୍ଷେତ୍ରକୁ ଅଙ୍ଗାରକମୁକ୍ତ କରିବା ନିମନ୍ତେ ବିଶ୍ୱସ୍ତରରେ ଚିନ୍ତା ପ୍ରକାଶ ପାଉଥିବାବେଳେ ଚଳିତ ବର୍ଷ ଏହି ସମ୍ମିଳନୀର ବିଷୟବସ୍ତୁ 'ଇଣ୍ଡିଆନ ଷ୍ଟିଲ ଭାଲ୍ୟୁ ଚେନ- ରିସାଇକଲ, ରିସେପ୍, ଇନୋଭେଟ, ସଷ୍ଟେନ' ରହିଛି। ସେଲ୍‌ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଜାଭେଦ ଅହମ୍ମଦ କହିଥିଲ ଯେ ଦୀର୍ଘ ସ୍ଥାୟୀତ୍ୱ ଆଉ ଏକ ଇଚ୍ଛାଧୀନ ବିଷୟ ହୋଇ ରହିନାହିଁ ବରଂ ତାହା ରଣକୌଶଳମୂଳକ ହୋଇସାରିଛି। ସେହିପରି ଏହି କାର୍ଯ୍ୟକ୍ରମରେ ଗିରିଶ କୁମାର କଦମ୍ (ସିନିୟର ଭାଇସ ପ୍ରେସିଡେଣ୍ଟ ଆଣ୍ଡ ଗ୍ରୁପ୍ ହେଡ୍, କର୍ପୋରେଟ ସେକ୍ଟର ରେଟିଂସ୍, ଆଇସିଆରଏ) ଏବଂ ସନ୍ଦୀପ କୁମାର ସାମିଲ (ଟାଟା ଷ୍ଟିଲ ର ମ୍ୟାଟେରିଆଲ୍ସର ଉପାଧ୍ୟକ୍ଷ) ହୋଇ ନିଜ ମତ ରଖିଥିଲେ। ଏମ୍‌ଜଙ୍କସନ ଗତ ତିନିବର୍ଷ ମଧ୍ୟରେ ୧୫ଟି ରାଜ୍ୟରେ ବୃହତ୍ ସମନ୍ୱିତ ଇସ୍ପାତ କାରଖାନା (ଆଇଏସ୍‌ପି) ଗୁଡିକୁ ୧.୨ ନିୟୁତ ଟନ୍ ସ୍କ୍ରାପ୍ ଯୋଗାଇ ଦେଇଛି ବୋଲି ଶ୍ରୀ ବର୍ମା ଉଲ୍ଲେଖ କରିଥିଲେ।

## ସେଣ୍ଟ୍ରାଲ ବ୍ୟାଙ୍କ ଅଫ୍ ଇଣ୍ଡିଆ ପକ୍ଷରୁ ମେଗା କୃଷି ଋଣ ସମ୍ପ୍ରସାରଣ କାର୍ଯ୍ୟକ୍ରମ



ସମ୍ବଲପୁର, ୧୫ା୧୨ (ସମିସ): ସେଣ୍ଟ୍ରାଲ୍ ବ୍ୟାଙ୍କ ଅଫ୍ ଇଣ୍ଡିଆର ଲାଠୋର ଶାଖା ପକ୍ଷରୁ କୃଷି ଋଣ ସୁବିଧା ସମ୍ବନ୍ଧରେ ସଚେତନତା ସୃଷ୍ଟି ଏବଂ କୃଷକ ସମାଜକୁ ଆର୍ଥିକ ସହାୟତା ପ୍ରଦାନ କରି ସଶକ୍ତ ଉଦ୍ଦେଶ୍ୟରେ ଏକ କୃଷି ଋଣ ସମ୍ପ୍ରସାରଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ କୃଷକ, ସ୍ୱୟଂ ସହାୟକ ଗୋଷ୍ଠୀ ଓ ଆଖପାଖ ଅଞ୍ଚଳର ଗ୍ରାମୀଣ ଉଦ୍ୟୋଗୀଙ୍କ ସମେତ ପ୍ରାୟ ୨୫୦ଜଣ ଋଣଗ୍ରହୀତା ସକ୍ରିୟ ଅଂଶଗ୍ରହଣ କରିଥିଲେ। ଏଥିରେ ବ୍ୟାଙ୍କର ସମ୍ବଲପୁର କ୍ଷେତ୍ରୀୟ ମୁଖ୍ୟ ଦିବ୍ୟେନ୍ଦୁ କୁମାର ମୁଖ୍ୟ ଅତିଥି ରୂପେ ଯୋଗ ଦେଇ ସମୟୋଚିତ କୃଷି ଋଣର ଗୁରୁତ୍ୱ ଏବଂ ବ୍ୟାଙ୍କର ବିଭିନ୍ନ କୃଷି ଉପଯୋଗୀ ପଦକ୍ଷେପ ଉପରେ ଆଲୋଚନା କରିଥିଲେ। କରୁଆଁଝରର ସରପଞ୍ଚ ଜପସ୍ୱୀନି ସାହୁ ଏଥିରେ ଯୋଗ ଦେଇ ଗ୍ରାମୀଣ ମହିଳାଙ୍କୁ ସଶକ୍ତ କରିବାରେ ସ୍ୱୟଂ ସହାୟକ ଗୋଷ୍ଠୀର ପ୍ରଭାବ ଉପରେ ଗୁରୁତ୍ୱାରୋପ କରିଥିଲେ। ଏହି ଅବସରରେ ଫସଲ ଋଣ, କୃଷି ମିଆଦୀ ଋଣ ଓ ବିଭିନ୍ନ ଆନୁଷଙ୍ଗିକ କାର୍ଯ୍ୟକଳାପ ପାଇଁ କୃଷି ଋଣଗ୍ରହୀତାଙ୍କୁ ପ୍ରାୟ ୧.୫ କୋଟି ଟଙ୍କର ଋଣ ମଞ୍ଜୁରକରାଯାଇଥିଲା। ଲାଠୋର ବ୍ୟାଙ୍କର ଶାଖା ପ୍ରବନ୍ଧକ ମାଧବ ବିଶି ବ୍ୟାଙ୍କର ବିଭିନ୍ନ କୃଷିଯୋଜନାଗୁଡିକ ବିଷୟରେ ସୂଚନା ଦେଇଥିଲେ।

## ଜୋନାଥନ ଗ୍ରାନଫଙ୍କୁ 'କିସ୍ ଜୀବନବ୍ୟାପୀ ସାଧନା ପୁରସ୍କାର'



ଭୁବନେଶ୍ୱର, ୧୫ା୧୧(ସମିସ): ବିଶ୍ୱଶାନ୍ତି, ପରମାଣୁ ନିରସ୍ତ୍ରୀକରଣ ଓ ଆଇନର ଶାସନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ନିମନ୍ତେ ଗ୍ଲୋବାଲ୍ ସିକ୍ୟୁରିଟି ଇନ୍‌ଷ୍ଟିଚ୍ୟୁଟ୍‌ର ସଭାପତି ଜୋନାଥନ୍ ଗ୍ରାନଫ୍‌ଙ୍କୁ ଶନିବାର 'କିସ୍ ଜୀବନବ୍ୟାପୀ ସାଧନା ପୁରସ୍କାର' ପ୍ରଦାନ କରାଯାଇଛି। କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ତାଙ୍କୁ ଏହି ସମ୍ମାନ ପ୍ରଦାନ କରିଛନ୍ତି। ଗ୍ରାନଫ୍‌ଙ୍କୁ ଏହି ସମ୍ମାନ ପ୍ରଦାନ କରି କିସ୍ ନିଜକୁ ଧନ୍ୟ ମନେ କରୁଛି ବୋଲି ଶ୍ରୀ ସାମନ୍ତ କହିଛନ୍ତି। ଏହି ସମ୍ମାନ ଗ୍ରହଣ କରି ଗ୍ରାନଫ୍ କିସ୍‌କୁ ଶିକ୍ଷା ଓ ଶୃଙ୍ଖଳା କ୍ଷେତ୍ରରେ ଏକ ଅସାଧାରଣ ଅନୁଷ୍ଠାନ ଭାବେ ଅଭିହିତ କରିଥିଲେ। ଗ୍ରାନଫ୍ ତାଙ୍କ ଭାଷଣରେ ଅଚ୍ୟୁତ ସାମନ୍ତଙ୍କ ପରିଚାଳିତ ଆର୍ଟ ଅଫ୍ ଗିଭିଂ ସମ୍ପର୍କରେ କହିଲେ, ଏହା ହେଉଛି ଦୟା ଓ ପ୍ରେମର ଏକ ଆନ୍ଦୋଳନ। ଆର୍ଟ ଅଫ୍ ଗିଭିଂ ଜୀବନ ସହିତ ଜ୍ଞାନର ବିକଶିତ କରିଥାଏ। ଗ୍ରାନଫ୍ ଜଣେ ଅନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଆଇନଜ୍ଞ ଏବଂ ସେ ଦୀର୍ଘ ଦଶନ୍ଧି ଧରି ପରମାଣୁ ନିରସ୍ତ୍ରୀକରଣ ସପକ୍ଷରେ ବିଶ୍ୱବ୍ୟାପୀ ଅଭିଯାନ ଚଳାଇ ଆସୁଛନ୍ତି। ଏନେଇ ସେ ଆମେରିକା ସଂସଦ, ବ୍ରିଟେନ୍ ସଂସଦ ଓ କାନାଡ଼ା ସଂସଦରେ ନିଜର ଯୁକ୍ତି ଉପସ୍ଥାପନ କରିଛନ୍ତି। ଗ୍ରାନଫ୍ ନୋବେଲ୍ ଶାନ୍ତି ପୁରସ୍କାର ବିଜେତାଙ୍କ ବିଶ୍ୱ ସମ୍ମିଳନୀର ବରିଷ୍ଠ ପରାମର୍ଶଦାତା ଭାବେ କାମ କରିବା ସହ ଅନେକ ଆନ୍ତର୍ଜାତିକ ବୋର୍ଡରେ ବିଭିନ୍ନ ପଦବୀରେ ରହିଛନ୍ତି। ଆଇନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ସକାଶେ ତାଙ୍କୁ ଆମେରିକା ବାର୍ ଆସୋସିଏସନ୍ ଜୀବନବ୍ୟାପୀ ସାଧନା ସମ୍ମାନରେ ସମ୍ମାନିତ କରିଥିଲା।

ପ୍ରାରମ୍ଭରେ କିଟ୍ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଶରଣଜିତ ସିଂହ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ କିସ୍ ବିଶ୍ୱବିଦ୍ୟାଳୟ କୁଳସଚିବ ଡ. ପ୍ରଶାନ୍ତ କୁମାର ରାଉତରାୟ ଧନ୍ୟବାଦ ଦେଇଥିଲେ।

## ହାତୀଛୁଆର ମୃତଦେହ ଠାବ

ବାରିପଦା, ୧୫ା୧୧ (ସମିସ): ବାରିପଦା ରେଞ୍ଜ ଅଧୀନ ହଳଦୀବଣି ଜଙ୍ଗଲରୁ ଏକ ନବଜାତ ହାତୀ ଶାବକର ମୃତଦେହ ଠାବ ହୋଇଛି। ଖବର ପାଇ ବନ ବିଭାଗ ଘଟଣାସ୍ଥଳରେ ପହଞ୍ଚି ଶାବକର ଶବ ବ୍ୟବଚ୍ଛେଦ କରାଇବା ସହ ନମୁନା ସଂଗ୍ରହ କରିଛି। ୧୫ ଦିନ ବ୍ୟବଧାନରେ ଦୁଇ ଦୁଇଟି ହାତୀ ଶାବକର ମୃତ୍ୟୁ ଘଟିଥିବାରୁ ଏହି ବୃହତ୍‌କାୟ ପ୍ରାଣୀଙ୍କ ସୁରକ୍ଷାକୁ ନେଇ ପରିବେଶବିତ୍‌ଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇଛି। ସୂଚନାଯୋଗ୍ୟ, ପାଚିଲା ଧାନ ଖାଇବାକୁ ଶିମିଳିପାଳ ଅଭୟାରଣ୍ୟରୁ ଆସିଥିବା ୧୩ ଟିକିଆ ଏକ ହାତୀପଲ ବିଭିନ୍ନ ସଂରକ୍ଷିତ ଜଙ୍ଗଲରେ ଚଳପ୍ରଚଳ କରୁଛନ୍ତି। ଏହି ପଲରେ ଥିବା ଏକ ନବଜାତ ହାତୀ ଶାବକର କୌଣସି କାରଣରୁ ମୃତ୍ୟୁ ଘଟିଛି। ହଳଦୀବଣି ଜଙ୍ଗଲରେ ମରିପଡ଼ିଥିବା ଖବର ପାଇ ବନ ବିଭାଗ ପକ୍ଷରୁ ତଦନ୍ତ ଆରମ୍ଭ ହୋଇଛି। ଗତ ଅକ୍ଟୋବର ୩୦ ତାରିଖରେ ବାଙ୍ଗିରିପୋଷି ଅଞ୍ଚଳରେ ସେହି ପଲରୁ ଏକ ହାତୀ ଶାବକର ମୃତ୍ୟୁ ଘଟିଥିଲା। ସେତେବେଳେ ପଲରେ ଥିବା ଅନ୍ୟ ଗର୍ଭବତୀ ହାତୀ ପରେ ଜନ୍ମ ଦେଇଥିବା କୁହାଯାଉଛି। ତେବେ ଘଞ୍ଚ ଜଙ୍ଗଲ ପରିବର୍ତ୍ତେ ଏହି ହାତୀପଲ ବିଭିନ୍ନ ଧାନକ୍ଷେତ ଓ ଗାଁଗଣ୍ଡା ବୁଲୁଥିବାରୁ ଗୋଟିଏ ପରେ ଗୋଟିଏ ଶାବକ ପ୍ରାଣ ହରାଉଛନ୍ତି। ହାତୀ ମୃତ୍ୟୁର କାରଣ ଓ ସୁରକ୍ଷା ଦିଗରେ ବନବିଭାଗ ପକ୍ଷରୁ ପ୍ରୟାସ ଜରୁରୀ ବୋଲି ପୂର୍ବତନ ଅବୈତନିକ ବନ୍ୟପ୍ରାଣୀ ତତ୍ତ୍ୱାବଧାରକ ତଥା ରାଜ୍ୟ ବନ ଉନ୍ନୟନ ନିର୍ଦ୍ଦେଶକ ଭାନୁମିତ୍ର ଆଚାର୍ଯ୍ୟ କହିଛନ୍ତି।



# ଶିମିଳିପାଳରେ ବାଘ ଗଣନା ଆରମ୍ଭ

- ୨୦୨୬ ମସିହା ମାର୍ଚ୍ଚରେ ଶେଷ ହେବ
- ୧୫ଶହ ଟ୍ରାପ୍ କ୍ୟାମେରା ଜରିଆରେ ଗଣନା



ବାରିପଦା, ୧୫ା୧୧ (ସମିସ): ଜାତୀୟ ଉଦ୍ୟାନ ଶିମିଳିପାଳର ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ଆଜିଠାରୁ ବାଘ ଗଣନା ଆରମ୍ଭ ହୋଇଛି। ଜାତୀୟ ବ୍ୟାଘ୍ର ସଂରକ୍ଷଣ ପ୍ରାଧିକରଣ (ଏନଟିସିଏ)ର ଗାଇଡଲାଇନ୍ ଅନୁଯାୟୀ ଶିମିଳିପାଳର ଦକ୍ଷିଣ ଓ ଉତ୍ତର ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ଦୁଇଟି ପର୍ଯ୍ୟାୟରେ ବାଘ ଗଣନା ହେବ। ପର୍ଯ୍ୟାୟ-୧ ଓ ୩ ଅନୁଯାୟୀ ବାଘ ଗଣନା କରାଯିବ ବୋଲି ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର କ୍ଷେତ୍ର ନିର୍ଦ୍ଦେଶକ ଡ. ପ୍ରକାଶ ଚାନ୍ଦ ଗୋଗିନେନୀ ଜଣାଇଛନ୍ତି।

ରୟାଲ ବେଙ୍ଗଲ ଟାଇଗର୍ ସମେତ କଳାବାଘକୁ ନେଇ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ବିଶ୍ୱରେ ପରିଚିତ। ପ୍ରତି ୪ବର୍ଷରେ ମହାବଳ ବାଘ ଗଣନା ହେଉଥିବାରୁ ବନବିଭାଗ ତଥା ପ୍ରକଳ୍ପର ଅଧିକାରୀମାନେ ଏନଟସିଏର ନିୟମ ଅନୁଯାୟୀ ଗଣନା ଆରମ୍ଭ କରିଛନ୍ତି। ପର୍ଯ୍ୟାୟ-୧ରେ ମାଂସାସୀ ଓ ଶାକହାରୀ ପ୍ରାଣୀମାନଙ୍କ ସାଇନ ସର୍ଭେ ୩ ଦିନ ଧରି ଅନୁଷ୍ଠିତ ହେବାକୁ ଥିବା ବେଳେ ୪ ଦିନ ଧରି ଲାଇନ ଟ୍ରାନେକ୍ସ (ନମୁନା ସଂଗ୍ରହ), ଗୋଟିଏ ଦିନ ଶାଗୁଣା ଓ ଅନ୍ୟାନ୍ୟ ପକ୍ଷୀ ପ୍ରଜାତିର ଗଣନା କରାଯିବ। ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର ଶିମିଳିପାଳ ଉତ୍ତର, ଦକ୍ଷିଣ, ବାରିପଦା, ରାଇରଙ୍ଗପୁର, କରଞ୍ଜିଆ, ଆନନ୍ଦପୁର ଓ କୁଲଡିହା ଆଦି ୭ଟି ବନଖଣ୍ଡର ୧୬ଟି ରେଞ୍ଜରେ ଥିବା ୧୦୩ଟି ବିଟ୍ ଅଞ୍ଚଳରେ ଏହି ଗଣନା କରାଯିବ। ଏଥିପାଇଁ ପ୍ରଶିକ୍ଷିତ ସର୍ଭେ ଦଳ ନିୟୋଜିତ ହୋଇଛନ୍ତି। ଏହି ପର୍ଯ୍ୟାୟ ନଭେମ୍ବର ୨୨ ପର୍ଯ୍ୟନ୍ତ ଚାଲିବ।

ପର୍ଯ୍ୟାୟ-୧ ଶେଷ ହେବା ପରେ ଡିସେମ୍ବରରୁ ପର୍ଯ୍ୟାୟ-୩ ଆରମ୍ଭ ହେବ। ଏଥିରେ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ପ୍ରତି ୨ବର୍ଗ କିମି ଗ୍ରିଡ୍‌ରେ ମୋଟ ୧୩୨୧ଟି ଗ୍ରୀଡ୍ ଟ୍ରାକିଂ କ୍ୟାମେରାର ଅଭ୍ୟାସ କରାଯିବା ସହ ପ୍ରତି ୨୫ ଦିନରେ ୨ଟି ଚକ୍ରରେ ୧୫ଶହ ଟ୍ରାପ କ୍ୟାମେରା ଜରିଆରେ ଗଣନା କରାଯିବ। ଏହି ଗଣନା ବାଘ ସଂରକ୍ଷଣ ପାଇଁ ଗୁରୁତ୍ୱପୂର୍ଣ୍ଣ ହୋଇଥିବା ବେଳେ ଶିମିଳିପାଳର ଜୈବ ବିବିଧତା ସମ୍ପର୍କରେ ନୂଆ ତଥ୍ୟ ପ୍ରଦାନ କରିବ ବୋଲି ଅଧିକାରୀମାନେ ଆଶା ପ୍ରକଟ କରିଛନ୍ତି।

ବାଘ ଗଣନାର ପ୍ରାରମ୍ଭିକ ପର୍ଯ୍ୟାୟ କାର୍ଯ୍ୟ ଆରମ୍ଭ ହୋଇ ୨୦୨୬ ମାର୍ଚ୍ଚରେ ଶେଷ ହେବ। ସମସ୍ତ ତଥ୍ୟ ଏନଟିସିଏକୁ ପଠାଇବା ପରେ ୨୦୨୭ରେ ବାଘ ଗଣନା ରିପୋର୍ଟ ପ୍ରକାଶ ପାଇବ। ପୂର୍ବ ଗଣନା ଅନୁଯାୟୀ, ଅଦ୍ୟାବଧି ଶିମିଳିପାଳରେ ୩୧ଟି ମହାବଳ ବାଘ ରହିଥିବା ବେଳେ ରିପୋର୍ଟ ପ୍ରକାଶ ପାଇବା ବେଳକୁ ଏହା ୬୦ ପାର୍ କରିବ ବୋଲି ବିଭାଗ ପକ୍ଷରୁ ଅନୁମାନ କରାଯାଇଛି। ଗତ ୨୦୨୨ର ସର୍ବଭାରତୀୟ (ପାନ-ଇଣ୍ଡିଆ) ବାଘ ଗଣନା ଅନୁଯାୟୀ, ମୟୂରଭଞ୍ଜ ଜିଲ୍ଲାର ଶିମିଳିପାଳ ଅଭୟାରଣ୍ୟରେ ୧୦ଟି କଳା ବାଘ ରହିଥିଲେ। ୨୦୦୭ ମସିହାରେ ଜଙ୍ଗଲ ମଧ୍ୟରେ ବିଭିନ୍ନ ସ୍ଥାନରେ ୨୫୦ରୁ ଟ୍ରାପ୍ କ୍ୟାମେରା ଲଗାଯାଇଥିଲା। ଉକ୍ତ କ୍ୟାମେରାରେ ଉକ୍ତ କଳା ମହାବଳ ବାଘର ଫଟୋ ସାମ୍ନାକୁ ଆସିଥିଲା। ତେବେ, ଅଲ୍ ଓଡ଼ିଶା ଟାଇଗର୍ ଏଷ୍ଟିମେଣ୍ଟ ଅନୁଯାୟୀ ରାଜ୍ୟରେ ମହାବଳ ବାଘ ସଂଖ୍ୟା ଶିମିଳିପାଳ ଅଭୟାରଣ୍ୟରେ ସର୍ବାଧିକ। ରାଜ୍ୟରେ ଥିବା ମହାବଳ ବାଘ ମଧ୍ୟରୁ ସର୍ବାଧିକ ୩୧ଟି ଶିମିଳିପାଳ ଅଭୟାରଣ୍ୟରେ ରହିଛନ୍ତି।



# ‘ଚକ୍ରାନ୍ତ’ର ପୋଷ୍ଟ ପ୍ରଡକ୍ସନ୍ କାମ ଶେଷ

ଲକ୍ଷେଶ୍ୱର ପ୍ରଡକ୍ସନ୍ ବ୍ୟାନରରେ ପ୍ରସ୍ତୁତ ତଥା ସୌରଭ ପାଢ଼ୀଙ୍କ ପ୍ରଯୋଜିତ ନୂଆ ଓଡ଼ିଆ ଚଳଚ୍ଚିତ୍ର ‘ଚକ୍ରାନ୍ତ’ର ପୋଷ୍ଟ ପ୍ରଡକ୍ସନ୍ ଶେଷ ହୋଇଛି। ଜାନୁଆରୀରେ ଶୁଭମୁକ୍ତି ପାଇଁ ପ୍ରସ୍ତୁତ ହୋଇସାରିଛି। ପ୍ରଥମଥର ପାଇଁ ଭୂମିକାଙ୍କ ସହିତ ନାୟକ ମଣ୍ଟୁ ନଜର ଆସୁଛନ୍ତି। ଏହି ସିନେମାର ଚିତ୍ରନାଟ୍ୟ ଓ ନିର୍ଦ୍ଦେଶନା ଭାର କାନ୍ଧେଇଛନ୍ତି ନିର୍ଦ୍ଦେଶକ ପିନୁ ନାୟକ। କାହାଣୀ ରଚନା କରିଛନ୍ତି ଦିଶା ପାଢ଼ୀ ଏବଂ ସଂଳାପ ରଚନା କରିଛନ୍ତି ଜିତେନ୍ଦ୍ର କୁମାର ବରାଳ। ଗୀତ ଡଃ ନିର୍ମଳ ନାୟକ ଏବଂ ଡଃ ରଘୁନାଥ ସାହୁ ରଚନା କରିଥିବା ବେଳେ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଅଭିଜିତ ମଜୁମଦାର। ଚିତ୍ରତ୍ତୋଳନ ଦାୟିତ୍ୱରେ ସୁଦର୍ଶନ ସେନାପତି ଅଛନ୍ତି। କବିର ପ୍ରସାଦ ନୃତ୍ୟ ନିର୍ଦ୍ଦେଶନା ଦାୟିତ୍ୱ ତୁଲାଇଛନ୍ତି। ନାୟକ ଶୁଭାଶିଷ ଶର୍ମା (ମଣ୍ଟୁ), ନାୟିକା ଭୂମିକା ଦାଶ, ହରିହର ମହାପାତ୍ର, ଚୌଧୁରୀ ଜୟପ୍ରକାଶ ଦାସ, ପ୍ରଦ୍ୟୁମ୍ନ ଲେଙ୍କା, ଧରିତ୍ରୀ ଖଣ୍ଡୁଆଳ, ସୁରଭି, ସୌମ୍ୟ ଶତପଥୀ, ଶୁଭମ ପାଢ଼ୀ, ସୁମନ ମହାନ୍ତି, କୁସୁମ ତ୍ରିପାଠୀ, ପ୍ରମୋଦ ରାଉତ, ତୁଷାର, ଉମାକାନ୍ତ, ନିରଞ୍ଜନ ନିରୁଆ, ପୁଣ୍ୟତୋୟା ମିଶ୍ର, କ୍ରିଷ୍ଣାରାଣୀ ଦାଶ ଏବଂ ଅତିଥି କଳାକାର ଭାବେ ଅଶ୍ରୁମୋଚନ ମହାନ୍ତି ପ୍ରମୁଖ କଳାକାର ଅଭିନୟ କରୁଛନ୍ତି। ରହସ୍ୟ ଓ ରୋମାନ୍ସରେ ଭରା ଏଇ ଫିଲ୍ମଟି ହେଉଛି ଗୋଟିଏ ସମ୍ପୂର୍ଣ୍ଣ ଏଣ୍ଟରଟେନମେଣ୍ଟ ପ୍ୟାକେଜ୍। ଏଥିରେ ଭରପୂର କମେଡି ମଧ୍ୟ ଅଛି। ଫ୍ୟାମିଲି ଡ୍ରାମା ସହ ଲଭ୍ ରୋମାନ୍ସ ଥିବା ବେଳେ, ଆମ ଓଡ଼ିଶାର ଦୋଳ ପର୍ବ ଅତି ଜାକଜମକରେ ଦେଖିବାକୁ ମିଳିବ।। ଏହି ଫିଲ୍ମ ରେ, ଗାଁ ପରିବେଶ ତଥା ଆମ ମାଟିର ବାସ୍ନା ଅନୁଭବ କରି ହେବ। ■

## ପ୍ରଶଂସା ସାଉଁଟୁଛି ଅଭିଜିଙ୍କ ‘ସଜନା’

# ଅଭିନେତ୍ରୀ ସୂର୍ଯ୍ୟମୟୀଙ୍କ ପ୍ରଥମ ହିନ୍ଦୀ ଗୀତ



ରିଲିଜ୍ ହୋଇଛି ଓଡ଼ିଆ ସଂଗୀତ ନିର୍ଦ୍ଦେଶକ ତଥା କଣ୍ଠଶିଳ୍ପୀ ଅଭିଜିତ ମିଶ୍ରଙ୍କ ଆଉ ଏକ ହିନ୍ଦୀ ମ୍ୟୁଜିକ୍ ଭିଡିଓ ‘ସଜନା’। ଯାହା ଦର୍ଶକଙ୍କ ହୃଦୟ ଜିଣୁଥିବା ବେଳେ ୟୁଟ୍ୟୁବରେ ଖୁବ୍ ପ୍ରଶଂସା ସାଉଁଟୁଛି। ‘ସଜନା’ ଏକ ହୃଦୟସ୍ପର୍ଶୀ ହିନ୍ଦୀ ପପ୍-କ୍ଲାସିକାଲ୍ ଫ୍ୟୁଜନ୍। ସଂଗୀତରେ ସବୁବେଳେ ପରୀକ୍ଷା ନିରୀକ୍ଷାରେ ବିଶ୍ୱାସ କରୁଥିବା ଅଭିଜିତଙ୍କୁ ଏକ ସ୍ୱତନ୍ତ୍ର ପରିଚୟ ଦେଇଛି। ‘ସଜନା’ ଚିରନ୍ତନ ପ୍ରେମର ଚିର ସବୁଜ ପ୍ରତୀକ। ଯେଉଁଠି ଗୋଟେ ପ୍ରେମିକା ନିଜ ପ୍ରେମିକ ପାଇଁ ଅନ୍ତରର ଅଭିମାନକୁ ଭାଙ୍ଗି ଅତୀତର ସ୍ମୃତିକୁ ମନେପକାଇ ଆପଣାର ମନର ମଣିଷକୁ ଆମନ୍ତ୍ରଣ କରୁଛି। ଗୀତଟି ବିଚ୍ଛେଦର କୋମଳ ଯନ୍ତ୍ରଣାକୁ ପ୍ରତିଫଳିତ କରୁଥିବା ବେଳେ ନାୟିକାଙ୍କ ଆତ୍ମସଂଗୀତକୁ ଗାଇ ଶୁଣେଇଛନ୍ତି କଣ୍ଠଶିଳ୍ପୀ ଅଭିଜିତ ମିଶ୍ର। ଏହି ମ୍ୟୁଜିକ୍ ଭିଡିଓରେ ଓଲିଉଡ୍ ନାୟିକା ସୂର୍ଯ୍ୟମୟୀ ମହାପାତ୍ର ଅତି ନିଖୁଣ ଭାବେ ଅଭିନୟ କରିଛନ୍ତି। ‘ସଜନା’ ସୂର୍ଯ୍ୟମୟୀଙ୍କ ପ୍ରଥମ ହିନ୍ଦୀ ଗୀତ ହୋଇଥିବା ବେଳେ ଏହି ମ୍ୟୁଜିକ ଭିଡିଓ କରି ସେ ବେଶ୍ ଖୁସି ଥିବାବେଳେ ନୂଆ ଧାରା ସୃଷ୍ଟି କରିଛନ୍ତି। ତେବେ ସଜନାରେ ଅଭିଜିତ ମିଶ୍ର ଉଭୟ କଣ୍ଠଦାନ ସହ ସଙ୍ଗୀତ ନିର୍ଦ୍ଦେଶନାର ଭାର ସମ୍ଭାଳି ଥିବା ବେଳେ ରାଜକୁମାର ମାହାତୋ ଗୀତ ରଚନା କରିଛନ୍ତି। ୩୦୦ରୁ ଅଧିକ ଗୀତରେ ନିଜ ନିଆରା ଅନ୍ଦାଜ ପାଇଁ ଦର୍ଶକଙ୍କ ପ୍ରିୟ ପାଲଟିଥିବା ଅଭିଜିତ ‘ସଜନା’କୁ ନେଇ ବେଶ୍ ଆଶାବାଦୀ ଅଛନ୍ତି। ■



## ଟେଲିଭିଜନ ପ୍ରିମିୟର

# ‘ଗଙ୍ଗା, ଯମୁନା, ସରସ୍ୱତୀ’

ଆଜି ସନ୍ଧ୍ୟା ୬ଟା ୩୦ରେ ତରଙ୍ଗ ଟିଭିରେ ଟେଲିଭିଜନ ପ୍ରିମିୟର୍ ହେବ ‘ଗଙ୍ଗା, ଯମୁନା, ସରସ୍ୱତୀ’। ସିନେମାର ମୁଖ୍ୟ ଚରିତ୍ରରେ ନଜର ଆସିବେ ଶ୍ରଦ୍ଧା। ଶ୍ରଦ୍ଧା ଏଥିରେ ଗଙ୍ଗା, ଯମୁନା ଏବଂ ସରସ୍ୱତୀ ତିନିଟି ଚରିତ୍ରରେ ଅଭିନୟ କରିଛନ୍ତି। ସିନେମାର ନିର୍ଦ୍ଦେଶନା, କାହାଣୀ ଓ ଚିତ୍ରନାଟ୍ୟରେ ଅଛନ୍ତି ସଞ୍ଜୟ ନାୟକ। ପ୍ରଯୋଜନାରେ ଅଛନ୍ତି କ୍ଷୀରୋଦ ପଟ୍ଟନାୟକ। ସଂଗୀତରେ ସନ୍ଦୀପ ପଣ୍ଡା ଥିବା ବେଳେ ଗୀତ ରଚନା କରିଛନ୍ତି ନିର୍ମଳ ନାୟକ ଓ ସନ୍ଦୀପ। ସେହିପରି ସିନେମାଟିର ବିଭିନ୍ନ ଗୀତରେ କଣ୍ଠଦାନ କରିଛନ୍ତି ଗୌରବ ଆନନ୍ଦ, ଏସ୍. ଜିତୁ, ପାୟଲ ମହାନ୍ତି। ଶ୍ରଦ୍ଧାଙ୍କ ବ୍ୟତୀତ ସିନେମାରେ ଅଙ୍କିତ କୁମାର, ବିକ୍ରମ କେଶରୀ ମହାନ୍ତି, ରଶ୍ମି, ଜ୍ୟୋତି ପ୍ରକାଶ ପଣ୍ଡା, ଅଭିନବ ସିଂହ ପ୍ରମୁଖ କଳାକାର ଅଭିନୟ କରିଛନ୍ତି। ତେବେ ସିନେମାଟିକୁ ଦର୍ଶକେ ପସନ୍ଦ କରିବେ ବୋଲି ଏହାର ଟିମ୍ ଆଶାବାଦୀ ଅଛି। ■





# ମାଣବସା ଗୁରୁବାରରେ ‘ଲକ୍ଷ୍ମୀପୁରାଣ’

ଲୋକପ୍ରିୟ ଚ୍ୟାନେଲ ଜୀ ସାର୍ଥକ ଚଳିତ ମାର୍ଗଶିର ମାସ ମାଣବସା ଗୁରୁବାରରେ ନେଇ ଆସିଛି ବଳରାମ ଦାସଙ୍କ ଅନନ୍ୟ କୃତି ‘ଲକ୍ଷ୍ମୀ ପୁରାଣ’। ପ୍ରତିବର୍ଷ ପରି ଏ ବର୍ଷ ମଧ୍ୟ ଦର୍ଶକ ଏଥିରେ ‘ଲକ୍ଷ୍ମୀ ପୁରାଣ’ ପ୍ରତି ଗୁରୁବାର ଭୋର ୫ଟା, ସକାଳ ୭ଟା ଓ ଅପରାହ୍ନ ୪ଟା ସମୟରେ ଦେଖିବାର ସୁଯୋଗ ପାଇଛନ୍ତି। ଏଥିରେ ମୁଖ୍ୟ ଚରିତ୍ର ସହ ଲକ୍ଷ୍ମୀ ପୁରାଣକୁ ଆବୃତ୍ତି କରିଛନ୍ତି ଓଡ଼ିଆ ଦର୍ଶକଙ୍କର ଅତିପ୍ରିୟ ସ୍ମୃତିରେଖା, ଅନନ୍ୟା ଓ ଅଙ୍କିତା। ଆବୃତ୍ତି ସହିତ ଲକ୍ଷ୍ମୀ ପୁରାଣକୁ ଚିତ୍ର ଓ ଅଭିନୟ ମାଧ୍ୟମରେ ମଧ୍ୟ ଉପସ୍ଥାପନ କରାଯାଇଛି। ଏହି ବିଶେଷ କାର୍ଯ୍ୟକ୍ରମକୁ ଦେଖି ଆମ ସଂସ୍କୃତି ଓ ପରମ୍ପରା ସହିତ ଦର୍ଶକେ ଯୋଡ଼ି ହେବା ଆଶା କରାଯାଉଛି। ■

## ପରଦା ପଛର କାହାଣୀ

# ରେକର୍ଡିଂ ପୂର୍ବରୁ ଗୀତର ସୁଟିଂ

ସାଧାରଣତଃ ଫିଲ୍ମ ଗୀତଗୁଡ଼ିକ ପ୍ରଥମେ ରେକର୍ଡିଂ କରାଯାଇଥାଏ। ତାପରେ ଗୀତ ଅନୁଯାୟୀ ଏହାର ଦୃଶ୍ୟ ସୁଟିଂ ହୋଇଥାଏ। କିନ୍ତୁ ଏଭଳି ଏକ ଗୀତ ରହିଛି, ଯାହାର ଗୀତ ରେକର୍ଡିଂ ପୂର୍ବରୁ ପ୍ରଥମେ ଦୃଶ୍ୟର ସୁଟିଂ ହୋଇଥିଲା। ଏହି ଗୀତଟି ଥିଲା ‘ପଟାଖା ଗୁଡ୍ଡି’। ୧୧ ବର୍ଷ ତଳେ ଆସିଥିବା ଏହି ଗୀତ ରାତାରାତି ସୁପରହିଟ୍ ହୋଇଥିଲା। ୨୦୧୪ ମସିହାରେ ମୁକ୍ତିଲାଭ କରିଥିବା ଫିଲ୍ମ ‘ହାଇୱେ’ର ଏହା ଏକ ଲୋକପ୍ରିୟ ଗୀତ। ଏହି ଗୀତକୁ ନୁରନ୍ ସିଷ୍ଟର୍ସ ଗାଇଥିଲେ। ଏହାର ମ୍ୟୁଜିକ୍ ଓ କମ୍ପୋଜିସନ୍ ଏଆର୍ ରେହମାନ୍ କରିଥିଲେ। ଗୀତକୁ ରଚନା କରିଥିଲେ ଇରଶାଦ୍ କାମିଲ। ଏହା ଫିଲ୍ମ ଇଣ୍ଡଷ୍ଟ୍ରୀର ପ୍ରଥମ ଗୀତ ଯାହା ରେକର୍ଡିଂ ପୂର୍ବରୁ ପ୍ରଥମେ ସୁଟିଂ ହୋଇଥିଲା। ଇମତିୟାଜ୍ ଅଲ୍ଲୀ ପ୍ରଥମେ ଏହି ଗୀତର ଭିଜୁଆଲ୍ ସୁଟ୍ କରିସାରିଥିଲେ। ସେ ଲୋକେସନ୍, ମୁଡ୍ ଓ ଚରିତ୍ର ଅନୁଯାୟୀ ସ୍ଥାନ ନିରୂପଣ କରିଥିଲେ। ପରେ ଏ.ଆର୍. ରେହମାନଙ୍କୁ ପ୍ରଶ୍ନ କରିଥିଲେ, ଗୀତ ପାଇଁ କେଉଁଭଳି ପରିବେଶ ଆବଶ୍ୟକ। ହିନ୍ଦୀ ସିନେମାରେ ଏପରି ଦୃଶ୍ୟ ଖୁବ୍ କମ୍ ଦେଖିବାକୁ ମିଳିଥାଏ। ଇମତିୟାଜ୍ ଅଲ୍ଲୀ ଗୀତରେ ବାସ୍ତବ ଯାତ୍ରା ଓ ନୂତନତ୍ୱର ଏକ ଝଲକ ଦେଖାଇବାକୁ ଚାହୁଁଥିଲେ। କେବଳ ସେତିକି ନୁହେଁ, ସୁଟିଂ ଯାଏଁ ଗୀତର ଧୁନ୍ ମଧ୍ୟ ଜଣା ନ ଥିଲା। କିନ୍ତୁ ସେ ଆଲିୟା ଓ ରଣଦୀପ ହୁଡ୍ଡାଙ୍କୁ ନେଇ ଏପରି ଦୃଶ୍ୟ ସୁଟ୍ କରିଥିଲେ, ଯେଉଁଥିରେ ସ୍ୱାଧୀନତା ଓ ବେଫିକର୍ ହୋଇ ବୁଲିବାର ଦିଶୁଥିଲେ। ପରବର୍ତ୍ତୀ ସମୟରେ ରେହମାନ୍ ଏହି ଦୃଶ୍ୟ ଦେଖିବା ପରେ ଫିଲ୍ମର ଗୀତ ରଚନା ଓ ସ୍ୱର ସଂଯୋଜନା କରିଥିଲେ। ଏଥିପାଇଁ ଏହି ଗୀତରେ ଏକ ବାସ୍ତବ, ଜୀବନ୍ତ ଦୃଶ୍ୟର ଅନୁଭୂତି ଦେଖିବାକୁ ମିଳିଥିଲା। ଏହାକୁ ପଞ୍ଜାବ ଓ ହରିୟାଣାର ସୁନ୍ଦର ରାସ୍ତାରେ ସୁଟିଂ କରାଯାଇଥିଲା। ଖୋଲାପ୍ରାନ୍ତର, ରାସ୍ତା ଓ ଟ୍ରକ୍‌ସବାରୀ ଗୀତରେ ଏକ ନିଆରା ଅନୁଭୂତି ଦେଇଥିଲା। ୨୫ କୋଟିରେ ନିର୍ମିତ ଏହି ଫିଲ୍ମ ବକ୍ସ ଅଫିସ୍‌ରେ ଦ୍ୱିଗୁଣା ଆୟ କରିଥିଲା। ■



## ସାକ୍ଷାତ

ବାପା ତାଙ୍କର କଳା ଜଗତ ସହିତ ଜଡ଼ିତ ଥିଲେ। ତାଙ୍କୁ ଦେଖି ସେ ବି ଜଣେ ଅଭିନେତ୍ରୀ ହେବାକୁ ଚାହିଁଥିଲେ। ସ୍କୁଲରୁ କଲେଜ ସବୁଠି ଏକକ ଅଭିନୟ କରି ସେ ଦର୍ଶକଙ୍କ ମନ କିଣି ପାରୁଥିଲେ। ଅଭିନେତ୍ରୀ ହେବାର ଜିଦ୍ ତାଙ୍କୁ ପରବର୍ତ୍ତୀ ସମୟରେ ଦେଇଥିଲା ସଫଳତା। ଏଭଳି ଜଣେ ବହୁମୁଖୀ ପ୍ରତିଭାର ଅଧିକାରିଣୀ ହେଉଛନ୍ତି କେଉଁଝର ଜିଲ୍ଲା ଆନନ୍ଦପୁରର ମାମାଲି ସାହୁ। କମେଡିରୁ କାମ ଆରମ୍ଭ କରି ‘ମୋ ଶାଶୂର ଶାଶୂମା’ରେ ଚମତ୍କାର ଅଭିନୟ କରିଛନ୍ତି। ସେ ଏକାଧିକ କ୍ଷୁଦ୍ର ଚଳଚ୍ଚିତ୍ରରେ କାମ କରିଛନ୍ତି। ନିକଟରେ ସେ ‘ଚାରିଧାମ’ ସିନେମାରେ ଅଭିନୟ କରି ଦର୍ଶକଙ୍କ ମନ କିଣିଛନ୍ତି। ଜଣେ ଅଭିନେତ୍ରୀ ହେବାକୁ ତାଙ୍କୁ କେତେ ସଂଘର୍ଷ କରିବାକୁ ପଡ଼ିଛି ଜାଣିବା ତାଙ୍କ ମୁହଁରୁ।

# “ଭିନ୍ନ ଭିନ୍ନ ଚରିତ୍ରରେ ଅଭିନୟ କରିବାକୁ ଭଲ ଲାଗେ”



**ମାମାଲି ସାହୁ, ଅଭିନେତ୍ରୀ**

**ଅଭିନେତ୍ରୀ ହେବାକୁ କାହିଁକି ମନ ବଳାଇଥିଲେ?**

● ପିଲାଟି ଦିନେ ଟିଭିରେ ଯାହା ଦେଖୁଥିଲି ତାକୁ ନକଲ କରୁଥିଲି। ‘ଛଅ ମାଣ ଆଠ ଗୁଣ୍ଠ’, ‘ବଡ଼ ଘର ବଡ଼ ଗୁମର କଥା’ ଆଦି ଧାରାବାହିକ ମୋର ପ୍ରିୟ ଥିଲା। ସେଥିରେ ଶ୍ୱେତା ଆଚାର୍ଯ୍ୟଙ୍କ ନେଗେଟିଭ୍ ଚରିତ୍ରକୁ ମୁଁ ଅନୁକରଣ କରୁଥିଲି। ତାଙ୍କର ମୁଁ ପ୍ରଶଂସକ ଥିଲି। ତାଙ୍କ ପରି ଅଭିନୟ କରିବାକୁ ସ୍ୱପ୍ନ ଦେଖିଥିଲି। ଯେହେତୁ ମୋ ପିତା କଳା ଲାଇନ୍‌ରେ ଥିଲେ ସେ ବି ଚାହୁଁଥିଲେ ଝିଅ ଅଭିନେତ୍ରୀ ହେଉ। ତେଣୁ ମୋର ଏହି ଯାତ୍ରା ସହଜ ହୋଇଯାଇଥିଲା। ପ୍ରଥମେ ପ୍ରଜ୍ଞା ଭାଇଙ୍କ ସହିତ କିଛି କମେଡି କରିଲି। ପରେ ଧାରାବାହିକ ‘ମୋ ଶାଶୂର ଶାଶୂମା’ରେ କମେଡି ଚରିତ୍ରରେ ନଜର ଆସିଥିଲି। ପରବର୍ତ୍ତୀ ସମୟରେ ‘ଆଭା’, ‘ଦୁର୍ଗା’ ସିନେମାରେ କାମ କରିବାକୁ ସୌଭାଗ୍ୟ ଲାଭ କରିଛି। ସେହିଭଳି ‘ବେଶୀ ଜମା ଭଲ ନୁହେଁ’ ଆଦି କ୍ଷୁଦ୍ର ଚଳଚ୍ଚିତ୍ରରେ ଅଭିନୟ କରିଛି। ଦର୍ଶକଙ୍କ ଭଲ ପାଇବା ପାଇଛି।

**କମେଡି ସିନ୍‌ରୁ ସିନେମାରେ ନେଗେଟିଭ୍ ଚରିତ୍ର କରିବା କେତେ ଚ୍ୟାଲେଞ୍ଜପୂର୍ଣ୍ଣ ଥିଲା?**

● କମେଡି ଆଉ ଅଭିନୟ ଏ ଦୁଇଟି ମୋତେ କରିବାର ଥିଲା। ଜଣେ ଅଭିନେତ୍ରୀ ସବୁ ଚରିତ୍ର କରିପାରିବ। ଏହି କଥାକୁ ମନେ ରଖି ସିନେମାରେ ଅଭିନୟ କରିଛି। ‘ଆଭା’ ସିନେମାରେ ମୁଁ ଜଣେ ଶିକ୍ଷୟିତ୍ରୀ ଭାବେ ଅଭିନୟ କରିଥିଲି। ‘ଦୁର୍ଗା’ ଚଳଚ୍ଚିତ୍ରରେ ମୁଁ ନେଗେଟିଭ୍ ଚରିତ୍ରରେ ଅଭିନୟ କରିଥିଲି। ‘ଚାରିଧାମ’ରେ ମୁଁ ବୋହୂ ଭୂମିକାରେ ନଜର ଆସିଥିଲି। ଯିଏକି ନିଜର ଶାଶୂ ଏବଂ ଶ୍ୱଶୁରଙ୍କୁ ବୃଦ୍ଧାଶ୍ରମକୁ ପଠାଇ ଦେଉଛି। ଯଦିଓ କମ୍ ସମୟ ପାଇଁ ଏହି ଚରିତ୍ର ଥିଲା। ହେଲେ ଦର୍ଶକ ମୋ ଚରିତ୍ରକୁ ବହୁତ ଭଲପାଇବା ଦେଇଛନ୍ତି। କେବଳ ‘ଚାରିଧାମ’ ନୁହେଁ ‘ଆଭା’ ସିନେମାଟି ମୋତେ ଲୋକପ୍ରିୟ କରାଇଛି।

**‘ଚାରିଧାମ’ରେ କାମ କରିବାକୁ କେମିତି ସୁଯୋଗ ମିଳିଲା?**

● ‘ଚାରିଧାମ’ ସିନେମାରେ ଅଭିନୟ କରିବା ପୂର୍ବରୁ ମୁଁ କିଛି ସିନେମାରେ କାମ କରିସାରିଥିଲି। ଏହାକୁ ଦେଖି ତାପସ ସରଘରିଆ ଭାଇ ‘ଚାରିଧାମ’ ପରି ସିନେମାରେ କାମ କରିବାକୁ ସୁଯୋଗ ଦେଇଥିଲେ। ଆଉ ଚରିତ୍ର ଭଲ କେମିତି କରିବି ସେ ନେଇ ସେ ଗାଇଡ୍ କରିଥିଲେ। ତେଣୁ ‘ଚାରିଧାମ’ ପରି ସିନେମା କରିବା ସୌଭାଗ୍ୟର ବିଷୟ। ବହୁତ ଖୁସି ଲାଗିଥିଲା ଏହି ସିନେମାକୁ ନେଇ।

**ଫିଟ୍ ରହିବାକୁ କଣ କରନ୍ତି?**

● ଆଗରୁ ଧାରାବାହିକରେ କାମ କରୁଥିଲି। ସେଥିପାଇଁ ରାତି ରାତି ଅନିଦ୍ରା ରହିବାକୁ ପଡୁଥିଲା। ଏହା ଦ୍ୱାରା ମୋର ସ୍ୱାସ୍ଥ୍ୟ ସମସ୍ୟା ଦେଖାଦେଇଥିଲା। ତେଣୁ ଧାରାବାହିକ କାମ ଛାଡ଼ି ନିଜକୁ ସମୟ ଦେଉଛି। ନିଜର ଖାଦ୍ୟପେୟକୁ ଗୁରୁତ୍ୱ ଦିଏ। ବ୍ୟାୟାମ ଓ ଯୋଗ କରେ।

**ଡ୍ରିମ ରୋଲ?**

● ନେଗେଟିଭ୍ ଏବଂ ଲାଜକୁଳା ଚରିତ୍ରରେ କାମ କରିବାକୁ ଇଚ୍ଛା ରଖିଛି। ମୌଳିକଧର୍ମୀ କାହାଣୀର ସିନେମାରେ କାମ କରିବାକୁ ଯୋଜନା ରଖିଛି। ଯାହା ବି ମୋତେ ଚରିତ୍ର ମିଳିବ ସେଥିରେ କିପରି ଭଲ କାମ କରିବି ତାହାକୁ ଗୁରୁତ୍ୱ ଦେଉଛି।

**ଭଲ ଅଭିନୟ କରିବାକୁ କେମିତି ନିଜକୁ ପ୍ରସ୍ତୁତ କରନ୍ତି?**

● ଚରିତ୍ରକୁ ନିଖୁଣ ଭାବେ ଫୁଟାଇବାକୁ ମୁଁ ଦର୍ପଣ ସାମ୍ନାରେ ଅଭ୍ୟାସ କରେ। ମୋ ମୁହଁର ଭାବ, ବେଶ ପରିପାଟୀ ଖାପ ଖାଉଛି କି ନାହିଁ, କେମିତି ମୋ ଅଙ୍ଗଭଙ୍ଗୀ ରହିବ ତାହାକୁ ସବୁ ଧ୍ୟାନ ଦିଏ। ଭିନ୍ନ ଭିନ୍ନ ଭାଷାଭାଷୀର ସିନେମା ଦେଖି ସମସ୍ତ ଚରିତ୍ରକୁ ଅନୁକରଣ କରେ।

**କଳା କ୍ଷେତ୍ରକୁ ନୂଆ କରି ଆସୁଥିବା ପିଲାଙ୍କୁ କ’ଣ କହିବେ?**

● ନୂଆ ପିଢ଼ିଙ୍କୁ ଏତିକି କହିବି ଏ ଲାଇନ୍‌କୁ ଆସୁଥିଲେ, ନିଜକୁ ଭଲ ଭାବେ ପ୍ରସ୍ତୁତ କରି ଆସନ୍ତୁ। ଧୀରେ ଧୀରେ କାମ ଆରମ୍ଭ କରନ୍ତୁ। କାରଣ ଛୋଟ ଛୋଟ କଥା ମଣିଷଙ୍କୁ ବଡ଼ ସଫଳତା ଦେଇଥାଏ। ଯାହା ବି ଚରିତ୍ର ମିଳୁଛି, ତାକୁ କେମିତି ସଠିକ୍ ଭାବେ ତୁଲାଇବେ ସେ କଥାକୁ ଧ୍ୟାନ ଦିଅନ୍ତୁ। ପ୍ରତ୍ୟେକ କ୍ଷେତ୍ରରେ ଶିଖିବାର ଆବଶ୍ୟକତା ରହିଛି। ଶିଖିଲେ ହିଁ ମଣିଷ ଆଗକୁ ବଢ଼ିବ। ■

## ଦ.ଆଫ୍ରିକା ଧରାଶାୟୀ; ଭାରତ ନିୟନ୍ତ୍ରଣରେ ମ୍ୟାଚ୍

# ଇଡେନ୍‌ରେ ବୋଲରଙ୍କ ରାଜୁତି ଜାରି

କୋଲକାତା, ୧୫ ।୧୧ (ଏଜେନ୍ସି): ଘରୋଇ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ସ୍ଥାନୀୟ ଇଡେନ ଗାର୍ଡେନ୍ସ ଷ୍ଟାଡିୟମରେ ଚାଲିଥିବା ପ୍ରଥମ ଟେଷ୍ଟରେ ବୋଲରଙ୍କ ରାଜୁତି ଜାରି ରହିଛି। ପ୍ରଥମ ଦିବସରେ ୧୧ ୱିକେଟ୍‌ର ପତନ ଘଟିଥିବାବେଳେ ଶନିବାର ଆଉ ୧୫ଟି ୱିକେଟ୍ ପଡ଼ିଛି। ଦୁଇଦିନରେ ମୋଟ୍ ୨୬ଟି ୱିକେଟର ପତନ ଘଟିସାରିଲାଣି।

୩୦ ରନ ପଛରେ ଥାଇ ଦ୍ୱିତୀୟ ଇନିଂସ ଆରମ୍ଭ କରିଥିବା ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ଭୟଙ୍କର ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ଶନିବାର ଦ୍ୱିତୀୟ ଦିବସ ଷ୍ଟମ୍ପ ସୁଦ୍ଧା ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୩୫ ଓଭରରେ ୭ ୱିକେଟ୍ ହରାଇ ୯୩ ରନ ସଂଗ୍ରହ କରିଛି। ଅଧିନାୟକ ତେମ୍ବା ବଭୁମା ୨୯ ଓ କୋର୍ବିନ ବୋଶ୍ ୧ ରନରେ ଅପରାଜିତ ରହିଛନ୍ତି। ମାର୍କୋ ଜାନସେନ ୧୩, ର୍ୟାନ ରିକ୍ଲେନଟନ ୧୧, ୱିଆନ ମଲ୍ଡର ୧୧, କାଏଲ ଭେରେନୀ ୯, ଆଇଡେନ ମାର୍କରମ ୪, ତ୍ରିଷ୍ଟାନ ଷ୍ଟବ୍ସ ୫, ଟୋନି ଡି ଜୋରଜି ୨ ରନରେ ଆଉଟ୍ ହୋଇଥିଲେ। ଘରୋଇ ଦଳ ପକ୍ଷରୁ ରବୀନ୍ଦ୍ର ଜାଡେଜା ୪ଟି ୱିକେଟ୍ ନେଇ ସବୁଠୁ ସଫଳ ବୋଲର ରହିଥିଲେ। କୁଲଦୀପ୍ ଯାଦବ ୨ ଓ ଅକ୍ଷର ପଟେଲ ଗୋଟିଏ ୱିକେଟ୍ ନେଇଛନ୍ତି। ଦ୍ୱିତୀୟ ଇନିଂସରେ ୩ ୱିକେଟ୍ ବଳକା ଥାଇ ଦକ୍ଷିଣ ଆଫ୍ରିକା ମୋଟ୍ ୬୩ ରନରେ ଅଗ୍ରଣୀ ରହିଛି। ମ୍ୟାଚ୍ ଆହୁରି ୩ ଦିନ ବାକି ରହିଥିବାରୁ ଭାରତ ଏବେ ଦୃଢ଼ସ୍ଥିତିରେ ରହିଛି।

### ଦ୍ୱିତୀୟ ଦିନରେ ୧୫ ୱିକେଟ୍‌ର ପତନ

### ରାହୁଲଙ୍କ ୪ ହଜାର ରନ ପୂରଣ

ପୂର୍ବରୁ ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସରେ ୧୫୯ ରନରେ ସୀମିତ ରହିବା ପରେ ଭାରତ ପ୍ରଥମ ଦିବସ ସୁଦ୍ଧା ଗୋଟିଏ ୱିକେଟ୍‌ରେ ୩୭ ରନ କରିଥିଲା। ଶନିବାର ଏହି ଅସମାପ୍ତ ସ୍କୋରରୁ ବ୍ୟାଟିଂ ଆରମ୍ଭ କରିଥିବା ଭାରତ ମଧ୍ୟ ନିୟମିତ ଅନ୍ତରରେ ୱିକେଟ୍ ହରାଇ ୬୨.୨ ଓଭରରେ ୧୮୯ ରନରେ ସୀମିତ ରହିଥିଲା। ଓପନର୍ ଲୋକେଶ ରାହୁଲ ସର୍ବାଧିକ ୩୯ ରନ କରିଥିଲେ। ଏହିକ୍ରମରେ ସେ ୧୮ତମ ଭାରତୀୟ ଭାବେ ଟେଷ୍ଟରେ ୪ ହଜାର ରନ ପୂରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ୱାଶିଂଟନ ସୁନ୍ଦର ୨୯, ଋଷଭ ପନ୍ତ ୨୭, ଜାଡେଜା ୨୭, ଅକ୍ଷର ୧୬, ଧ୍ରୁବ ଜୁରେଲ ୧୪, ଯଶସ୍ୱୀ ଜୟସ୍ୱାଲ ୧୨ ରନ କରିଥିଲେ। ଅଧିନାୟକ ଶୁବମନ ଗିଲ୍ ୪ ରନ କରିଥିବାବେଳେ ବେକରେ ଆଘାତ ପାଇ ରିଟାୟର୍ଡ ହର୍ଟ୍ ହୋଇଥିଲେ। ଭ୍ରମଣକାରୀ ଦଳ ପକ୍ଷରୁ ସାଇମନ ହାର୍ମର ୪ ଓ ମାର୍କୋ ଜାନସେନ ୩ଟି ୱିକେଟ ହାସଲ କରିଥିଲେ।



**ସଂକ୍ଷିପ୍ତ ସ୍କୋର**

**ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୧୫୯/୧୦**

**ଭାରତ ପ୍ରଥମ ଇନିଂସ: ୧୮୯/୯** (ଗିଲ୍- ରିଟାୟାର୍ଡ ହର୍ଟ୍- ୪, ରାହୁଲ- ୩୯, ୱାଶିଂଟନ- ୨୯, ଜାଡେଜା- ୨୭, ପନ୍ତ- ୨୭, ଜୁରେଲ- ୧୪, ଅକ୍ଷର- ୧୬, ହାର୍ମର- ୪/୩୦, ଜାନସେନ- ୩/୩୫)।

**ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସ: ୯୩/୭, ୩୫ ଓଭର** (ବଭୁମା- ୨୯, ଜନସେନ- ୧୩, ମଲ୍ଡର- ୧୧, ମାର୍କରମ- ୪, ଷ୍ଟବ୍ସ- ୫, ଜାଡେଜା- ୪/୨୯, କୁଲଦୀପ୍- ୨/୧୨)।

## ଆଇପିଏଲ୍-୧୯: ଖେଳାଳି ରିଟେନ୍‌ସନ୍ ତାଲିକା ଜାରି

# ଜାଡେଜାଙ୍କୁ ଛାଡ଼ି ସଞ୍ଜୁଙ୍କୁ ଆଣିଲା ସିଏସ୍‌କେ

ନୂଆଦିଲ୍ଲୀ, ୧୫ ।୧୧ (ଏଜେନ୍ସି): ଆଇପିଏଲ୍‌ର ଆଗାମୀ ୧୯ତମ ସିଜନ ଲାଗି ଶନିବାର ଥିବା ରିଟେନସନ୍ ତାଲିକାର ଜାରି କରିବାର ଶେଷଦିନ। ଏହି ଅବସରରେ ସମସ୍ତ ୧୦ଟି ଫ୍ରାଞ୍ଚାଇଜ କେଉଁ ଖେଳାଳିଙ୍କୁ ଦଳରେ ରଖିଲେ ଓ କାହାକୁ ଡିସେମ୍ବର ୧୬ ତାରିଖରେ ହେବାକୁ ଥିବା ମିନି ନିଲାମୀକୁ ଛାଡ଼ିଲେ ତାହାର ତାଲିକା ଜାରି କରିଛନ୍ତି। ସେହିଭଳି ଫ୍ରାଞ୍ଚାଇଜ-ଫ୍ରାଞ୍ଚାଇଜ ମଧ୍ୟରେ ଖେଳାଳି ଅଦଳବଦଳ ନେଇ ଟ୍ରେଡ୍ ଡିଲ୍ ମଧ ହୋଇଛି। ଏହିକ୍ରମରେ ସବୁଠୁ ବଡ଼ ଅଦଳବଦଳ ହୋଇଛି ଚେନ୍ନାଇ ସୁପର୍ କିଙ୍ଗ୍‌ସ (ସିଏସ୍‌କେ) ଓ ରାଜସ୍ଥାନ ରୟାଲ୍ସ ମଧ୍ୟରେ। ପାଞ୍ଚଥରର ଚାମ୍ପିଅନ ଚେନ୍ନାଇ ସୁପର୍ କିଙ୍ଗ୍‌ସ ଏହାର ଶ୍ରେଷ୍ଠ ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜାଙ୍କୁ ନେଇ ରାଜସ୍ଥାନ ସହ ଟ୍ରେଡ୍ ଡିଲ୍ କରିଛି। ଜାଡେଜା ରାଜସ୍ଥାନକୁ ଯାଉଥିବାବେଳେ ରାଜସ୍ଥାନର ନିର୍ଭରଯୋଗ୍ୟ ବ୍ୟାଟର୍ ସଞ୍ଜୁ ସାମସନ ଚେନ୍ନଇ ଦଳରେ ସାମିଲ ହୋଇଛନ୍ତି। ସିଏସ୍‌କେର ବାସନ୍ଦ ୨ ବର୍ଷ (୨୦୧୬ ଓ ୨୦୧୭) କୁ ଛାଡ଼ି ଜାଡେଜା ୨୦୧୨ରୁ ଏହି ଫ୍ରାଞ୍ଚାଇଜ ପାଇଁ ଖେଳୁଛନ୍ତି। ତାଙ୍କର ମୂଲ୍ୟ ୧୪ କୋଟି ଟଙ୍କା ରହିଥିଲା। ଏଥିପୂର୍ବରୁ ଜାଡେଜା ଆଇପିଏଲ୍ ଆରମ୍ଭ ସମୟରେ ରାଜସ୍ଥାନ ଦଳର ସଦସ୍ୟ ଥିଲେ। 'ଏବେ ଜାଡେଜାଙ୍କ ଘର ବାହୁଡ଼ା ହୋଇଛି' ବୋଲି ରାଜସ୍ଥାନର ମାଲିକ ମନୋଜ ବଦଲେ କହିଛନ୍ତି। ଅପରପକ୍ଷରେ ମହେନ୍ଦ୍ର ସିଂ ଧୋନିଙ୍କଠାରୁ ସବୁଜ ସଙ୍କେତ ପାଇବା ପରେ ସିଏସ୍‌କେ ଜାଡେଜାଙ୍କୁ ଛାଡ଼ିଥିବା କୁହାଯାଉଛି। ଅପରପକ୍ଷରେ ଅନ୍ୟ ବଡ଼ ଡିଲ୍ ମଧ୍ୟରେ ସନରାଇଜର୍ସ ହାଇଦରାବାଦ୍‌ର ମହମ୍ମଦ ସାମି ଟ୍ରେଡ୍ ଡିଲ୍‌ରେ ଲକ୍ଷ୍ନୌ ସୁପର୍ ଜାଏଣ୍ଟ୍‌ସକୁ ଯାଇଛନ୍ତି। ସେହିଭଳି ସାମ୍ କୁରନ ଚେନ୍ନାଇରୁ ରାଜସ୍ଥାନକୁ, ନୀତୀଶ ରାଣା ରାଜସ୍ଥାନରୁ ଦିଲ୍ଲୀ କ୍ୟାପିଟାଲ୍ସକୁ, ଅର୍ଜୁନ ତେନ୍ଦୁଲକର ମୁମ୍ବାଇ ଇଣ୍ଡିଆନ୍ସରୁ ଲକ୍ଷ୍ନୌକୁ, ଶାର୍ଦ୍ଦୁଳ ଠାକୁର ଲକ୍ଷ୍ନୌରୁ ମୁମ୍ବାଇକୁ ଟ୍ରେଡ୍ ଡିଲରେ ଯାଇଛନ୍ତି।

### ରିଲିଜ୍ ହେଲେ ମ୍ୟାକ୍ସୱେଲ ଓ ରସେଲ୍



ସେହିପରି ବିଭିନ୍ନ ଫ୍ରାଞ୍ଚାଇଜ ବଡ଼ ବଡ଼ ଖେଳାଳିଙ୍କୁ ଦଳରୁ ରିଲିଜ କରି ନିଲାମୀକୁ ଛାଡ଼ିଛନ୍ତି। ସେମାନଙ୍କ ମଧ୍ୟରେ ଦିଲ୍ଲୀ ଫାଫ୍ ଡୁ ପ୍ଲେସିସଙ୍କୁ, ବେଙ୍ଗାଲୁରୁ ମୟଙ୍କ ଅଗରୱାଲ, ଟିମ୍ ସେଇଫର୍ଟ, ଲିଆମ ଲିଭିଂଷ୍ଟୋନଙ୍କୁ, ପଞ୍ଜାବ ଗ୍ଲେନ ମ୍ୟାକ୍ସୱେଲ, ଜୋଶ୍ ଇଂଲିଶଙ୍କୁ, ଚେନ୍ନାଇ ରାଚିନ ରବୀନ୍ଦ୍ର, ଦୀପକ ହୁଡା, ବିଜୟ ଶଙ୍କର, ମହୀଷ ପଥିରାଣାଙ୍କୁ, ଗୁଜରାଟ ଦସୁନ ଶନକା, ଗେରାଲ୍ଡ କୋର୍ଜିଙ୍କୁ, କୋଲକାତା ଆନ୍ଦ୍ରେ ରସେଲ, ଭେଙ୍କଟେଶ ଆୟର, କ୍ୱିଣ୍ଟନ ଡି କକ୍, ମୋଇନ ଅଲିଙ୍କୁ, ଲକ୍ଷ୍ନୌ ଡେଭିଡ୍ ମିଲର, ଆକାଶ ଦୀପ୍, ରବି ବିଷ୍ଣୋଇଙ୍କୁ, ମୁମ୍ବାଇ ରିସି ଟୋପଲୀ, କର୍ନ ଶର୍ମା, ମୁଜିବ ଉର୍ ରେହମାନ, ରାଜସ୍ଥାନ ୱାନିନ୍ଦୁ ହାସରଙ୍ଗା, ମହୀଷ ଥିକସାନା ଏବଂ ହାଇଦରାବାଦ୍ ଆଦାମ ଜାମ୍ପା, ରାହୁଲ ଚହର, ୱିଆନ ମଲ୍ଡର ପ୍ରମୁଖଙ୍କୁ ଦଳରୁ ରିଲିଜ ଅର୍ଥାତ୍ ବାହାର କରିଛି।

# ଷ୍ଟେଟ୍-ଏ ଟ୍ରଫି: ଓଡ଼ିଶାର ୩ୟ ବିଜୟ

ଭୁବନେଶ୍ୱର, ୧୫ ।୧୧ (ସମିସ): ଭଦୋଦରାରେ ବିସିସିଆଇ ଆନୁକୂଲ୍ୟରେ ଚାଲିଥିବା ୨୩ ବର୍ଷରୁ କମ୍ ଷ୍ଟେଟ୍-ଏ ଟ୍ରଫି ଦିନିକିଆ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶା ୩ୟ ବିଜୟ ହାସଲ କରିଛି। ଶନିବାର ଖେଳାଯାଇଥିବା ମ୍ୟାଚରେ ଓଡ଼ିଶା ୩୭ ରନରେ ଗୁଜରାଟକୁ ପରାସ୍ତ କରିଛି। ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଓଡ଼ିଶା ଅଧିନାୟକ ଓମ୍ ଟି ମୁଣ୍ଡେ (୫୪) ଓ ଶ୍ରେୟାଂଶ ଭରଦ୍ୱାଜ (୫୩)ଙ୍କ ଅର୍ଦ୍ଧଶତକ ବଳରେ ୫୦ ଓଭରରେ ୯ ୱିକେଟ୍ ହରାଇ ୨୬୭ ରନ କରିଥିଲା। ଗୁଜରାଟର କୁଶନ ଶ୍ୟାମ ପଟେଲଙ୍କୁ ୩ଟି ୱିକେଟ୍ ମିଳିଥିଲା। ଜବାବରେ କୁଶନଙ୍କ ୬୦ ରନ ସତ୍ତ୍ୱେ ୪୭.୪ ଓଭରରେ ୨୩୦ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ବିଜୟୀ ଓଡ଼ିଶା ପକ୍ଷରୁ ଏମ୍‌ଡି ଡାନିସ ୩ ଓ ବିମଲ କୁମାର ୨ଟି ୱିକେଟ୍ ହାତେଇଥିଲେ। ଏଥିସହ ଓଡ଼ିଶା ୪ର୍ଥ ମ୍ୟାଚରୁ ୩ ବିଜୟ ସହ ୧୨ ପଏଣ୍ଟ ପାଇ ଏଲିଟ୍ ଗ୍ରୁପ୍-ବି'ରେ ମୁମ୍ବଇ (୧୬) ଓ ଆନ୍ଧ୍ର (୧୨) ପଛକୁ ରହିଛି।

## ଟେଷ୍ଟରେ ୪ ହଜାର ରନ ଓ ୩୦୦ ୱିକେଟ୍

# କପିଳଙ୍କ ପରେ ଜାଡେଜା ଦ୍ୱିତୀୟ ଭାରତୀୟ

କୋଲକାତା, ୧୫ ।୧୧ (ଏଜେନ୍ସି): ବିଶ୍ୱର ଏକ ନମ୍ବର ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜା ଚଳିତ କୋଲକାତା ଟେଷ୍ଟର ଦ୍ୱିତୀୟ ଦିବସରେ ଏକ ବିରଳ କ୍ଲବରେ ସାମିଲ ହୋଇଛନ୍ତି। ଟେଷ୍ଟ କ୍ରିକେଟ୍‌ରେ ୩୦୦ ୱିକେଟ୍ ଓ ୪ ହଜାର ରନ ସଂଗ୍ରହ ଭଳି ଏଲିଟ୍ କ୍ଲବରେ ଜାଡେଜା ସାମିଲ ହୋଇଛନ୍ତି। ପ୍ରଥମ ଇନିଂସରେ ୨୭ ରନର ଛୋଟିଆ ପାଳି ଖେଳିବା ସହ ଜାଡେଜା ଟେଷ୍ଟରେ ୪ ହଜାର ରନ ପୂରଣ କରିଛନ୍ତି। ଜାଡେଜା ବର୍ତ୍ତମାନ ସୁଦ୍ଧା ୮୮ଟି ଟେଷ୍ଟ ଖେଳି ୪୦୧୭ ରନ ସହ ୩୪୨ଟି ୱିକେଟ୍ ନିଜ ନାମରେ ଲିପିବଦ୍ଧ କରିଛନ୍ତି। ଏହି ସଫଳତା ପାଇବାରେ ସେ କପିଳ ଦେବଙ୍କ ପରେ ଦ୍ୱିତୀୟ ଭାରତୀୟ ଓ ଓଭରଅଲ୍ ବିଶ୍ୱର ୪ର୍ଥ କ୍ରିକେଟର୍।

**ଟେଷ୍ଟରେ ୪୦୦୦ ରନ ଓ ୩୦୦ ୱିକେଟ୍**

| ଖେଳାଳି | ମ୍ୟାଚ୍ | ରନ | ୱିକେଟ |
|---|---|---|---|
| କପିଳ ଦେବ | ୧୩୧ | ୫୨୪୮ | ୪୩୪ |
| ଇଆନ ବୋଥାମ | ୧୦୨ | ୫୨୦୦ | ୩୮୩ |
| ଡାନିଏଲ୍ ଭିଟ୍ଟୋରୀ | ୧୧୩ | ୪୫୩୧ | ୩୬୨ |
| ରବୀନ୍ଦ୍ର ଜାଡେଜା | ୮୮ | ୪୦୧୭ | ୩୪୨ |



## ଆଇକନିକ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍

# ୧୦ମ ରାଉଣ୍ଡ ଶେଷରେ ଶୀର୍ଷରେ ଗାର୍ଡିଆନ୍ସ

ଭୁବନେଶ୍ୱର, ୧୫ ।୧୧ (ସମିସ): ଏଠାରେ ଚାଲିଥିବା ଆଇକନିକ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍‌ରେ ଶନିବାର ଦ୍ୱିତୀୟ ଦିବସ ଶେଷ ସୁଦ୍ଧା ୧୦ ରାଉଣ୍ଡ ଖେଳ ଶେଷ ହୋଇଛି। ଏହି ସମୟରେ ଗୋଲକୁଣ୍ଡା ଗାର୍ଡିଆନ୍ସ ସର୍ବାଧିକ ୧୬ ପଏଣ୍ଟ ପାଇ ଟେବଲ୍ ଶୀର୍ଷରେ ରହିଛି। ସେହିଭଳି ବାରବାଟୀ ବ୍ୟାଟେଲର୍ସ ଓ ଭିକ୍ଟୋରିଆ ଭିକ୍ଟର୍ସ ୧୫ ପଏଣ୍ଟ ଲେଖାଏ ପାଇ ପରବର୍ତ୍ତୀ ଦୁଇଟି ସ୍ଥାନରେ ରହିଛନ୍ତି। ରାଜଧାନୀ ଚ୍ୟାଲେଞ୍ଜର୍ସ (୧୩) ଓ ଅମ୍ବର ଆଭେଞ୍ଜର୍ସ (୧୩) ଯଥାକ୍ରମେ ୪ର୍ଥ ଓ ୫ମ ସ୍ଥାନ ହାସଲ କରିଛନ୍ତି। ରବିବାର ଅନ୍ତିମ ତଥା ୧୧ତମ ରାଉଣ୍ଡ ଖେଳାଯିବ। ଏହାପରେ ନକ୍‌ଆଉଟ୍ ଅନୁଷ୍ଠିତ ହେବ ବୋଲି ଜଣାପଡ଼ିଛି। ଅଲ୍ ଓଡ଼ିଶା ଚେସ୍ ଆସୋସିଏସନ ଓ ଆଇକନିକ ସ୍ପୋର୍ଟ୍ସ ଫାଉଣ୍ଡେସନର ମିଳିତ ଆନୁକୂଲ୍ୟରେ ଚାଲିଥିବା ଏହି ଚେସ୍ ଲିଗ୍‌ରେ ୧୨ଟି ଫ୍ରାଞ୍ଚାଇଜ ଅଂଶଗ୍ରହଣ କରିଛନ୍ତି। ଟୁର୍ଣ୍ଣାମେଣ୍ଟରେ ମୋଟ୍ ୧୦ ଲକ୍ଷ ଟଙ୍କାର ପୁରସ୍କାର ରାଶି ରହିଛି।




## ରଣଜୀ ଟ୍ରଫି: ଆଜିଠୁ ନାଗାଲାଣ୍ଡ ବିପକ୍ଷ ଲଢ଼େଇ

# ୭ ବର୍ଷ ପରେ କିଟ୍‌ରେ ଖେଳିବ ଓଡ଼ିଶା

ଭୁବନେଶ୍ୱର, ୧୫ ।୧୧ (ସମିସ): ଚଳିତ ରଣଜୀ ଟ୍ରଫିର ୫ମ ରାଉଣ୍ଡ ମ୍ୟାଚ୍ ରବିବାରଠାରୁ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଆରମ୍ଭ ହେବାକୁ ଯାଉଛି। ଏହିକ୍ରମରେ ଏଲିଟ୍ ଗ୍ରୁପ୍-ଏ'ର ଏକ ମ୍ୟାଚରେ ଘରୋଇ ଓଡ଼ିଶା ଓ ନାଗାଲାଣ୍ଡ ସ୍ଥାନୀୟ କିଟ୍ କ୍ରିକେଟ୍ ଷ୍ଟାଡିୟମରେ ସାମ୍ନାସାମ୍ନି ହେବାକୁ ଯାଉଛନ୍ତି। ଚଳିତ ରଣଜୀ ସିଜନରେ ଏହି ଦୁଇ ଦଳ ଅତ୍ୟନ୍ତ ନୈରାଶ୍ୟଜନକ ପ୍ରଦର୍ଶନ କରିଛନ୍ତି। ବର୍ତ୍ତମାନ ସୁଦ୍ଧା ଉଭୟ ଦଳ ୪ଟି ଲେଖାଏ ମ୍ୟାଚ୍ ଖେଳି ସାରିଥିଲେ ମଧ୍ୟ ବିଜୟ ସ୍ୱାଦ ଚାଖିପାରି ନାହାନ୍ତି। ଓଡ଼ିଶା ଓ ନାଗାଲାଣ୍ଡ ୩ଟି ଲେଖାଏ ମ୍ୟାଚ୍ ହାରିଥିବାବେଳେ ଗୋଟିଏ ମୁକାବିଲା ଡ୍ର' ରଖି ୧ ପଏଣ୍ଟ ପାଇଛନ୍ତି। ତେଣୁ ଉଭୟ ଦଳ ନିକଟରେ ଏଠାରେ ବିଜୟ ଲାଗି ସୁବର୍ଣ୍ଣ ସୁଯୋଗ ରହିଛି। ସେହିଭଳି ଟେବଲ୍‌ର ସର୍ବନିମ୍ନ ସ୍ଥାନ ଲାଗି ଏଠାରେ ଓଡ଼ିଶା ଓ ନାଗାଲାଣ୍ଡ ମଧ୍ୟରେ ଲଢ଼େଇ ହେବ। ପରାଜିତ କିମ୍ବା ପ୍ରଥମ ପାଳିରେ ପଛୁଆ ରହିଥିବା ଦଳ ଗ୍ରୁପ୍-ଏ'ର ସର୍ବନିମ୍ନ ୮ମ ସ୍ଥାନରେ ରହିବ। ଓଡ଼ିଶା-ନାଗାଲାଣ୍ଡ ମ୍ୟାଚ୍ ସହ ଦୀର୍ଘ ୫ ବର୍ଷ ପରେ କିଟ୍‌କୁ ରଣଜୀ ଟ୍ରଫି ମ୍ୟାଚ୍ ଫେରିଛି। ଶେଷଥର ଲାଗି ୧୯ ଜାନୁଆରୀ ୨୦୨୦ରେ ମିଜୋରାମ ଓ ସିକ୍କିମ ମଧ୍ୟରେ ଏଠାରେ ଏକ ରଣଜୀ ମ୍ୟାଚ୍ ଖେଳାଯାଇଥିଲା। ତେବେ ଓଡ଼ିଶା ୭ ବର୍ଷର ବ୍ୟବଧାନ ପରେ ଏଠାରେ ଖେଳିବ। ଶେଷଥର ଲାଗି ୨୦୧୮-୧୯ ସିଜନ (୧୪ ଡିସେମ୍ବର ୨୦୧୮)ରେ ଓଡ଼ିଶା ଏହି ଗ୍ରାଉଣ୍ଡରେ ରାଜସ୍ଥାନ ବିପକ୍ଷରେ ରଣଜୀ ଟ୍ରଫି ମ୍ୟାଚ୍ ଖେଳିଥିଲା। କିଟ୍ ଗ୍ରାଉଣ୍ଡରେ ଏହା ୧୩ତମ ରଣଜୀ ଟ୍ରଫି ମ୍ୟାଚ୍ ହେବାକୁ ଯାଉଛି।



### ଚର୍ଚ୍ଚାରେ ଦେବାଶିଷ

ଏହି ମ୍ୟାଚରେ ସବୁଠୁ ଅଧିକ ରହିଛନ୍ତି ଚର୍ଚ୍ଚାରେ ଦେବାଶିଷ ମହାନ୍ତି। ଓଡ଼ିଶାର ପ୍ରଥମ ଅନ୍ତର୍ଜାତୀୟ କ୍ରିକେଟର୍ ଦେବାଶିଷ ଚଳିତ ରଣଜୀ ସିଜନରେ ନାଗାଲାଣ୍ଡ ଦଳର ମୁଖ୍ୟ ପ୍ରଶିକ୍ଷକ ଭୂମିକା ନିଭାଉଛନ୍ତି। ତାଙ୍କ ତତ୍ତ୍ୱାବଧାନରେ ନାଗାଲାଣ୍ଡ ଶକ୍ତିଶାଳୀ ତାମିଲନାଡୁକୁ କଡା ଟକ୍କର ଦେଇ ମ୍ୟାଚ୍ ଡ୍ର ରଖିଥିଲା। ପୂର୍ବରୁ ରାଜ୍ୟ ଦଳର ପ୍ରଶିକ୍ଷକ ଦାୟିତ୍ୱ ତୁଲାଇଥିବାରୁ ଦେବାଶିଷ ଓଡ଼ିଶାର ଖେଳାଳିଙ୍କ ଦୋଷ ଦୁର୍ବଳତା ବିଷୟରେ ବେଶ୍ ଭଲ ଭାବରେ ପରିଚିତ। ତେଣୁ ସେ କିଭଳି ରଣନୀତି ଆପଣାଉଛନ୍ତି ତାହା ଉପରେ ସମସ୍ତଙ୍କ ନଜର ରହିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS